# ସକାଳ
THE SAKALA

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-338 ◆BHUBANESWAR ◆FRIDAY ◆6 JUNE 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୨ ◆ସଂଖ୍ୟା-୩୩୮ ◆ଭୁବନେଶ୍ୱର ◆ଶୁକ୍ରବାର ◆୬ ଜୁନ୍ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




ଆଇପିଏଲରୁ କୋହଲିଙ୍କ ଆୟ ୨୭.୪୦ କୋଟି

▸ପୃଷ୍ଠା ୧୨ ଦେଖନ୍ତୁ...

# ପାକିସ୍ତାନର ଗୁଇନ୍ଦା ରାଣୀ ‘ମ୍ୟାଡାମ୍ ଏନ୍’

■ **ନୂଆଦିଲ୍ଲୀ/ଶ୍ରୀନଗର, ୫।୬ (ଏଜେନ୍ସି):** ଭାରତୀୟ ୟୁଟ୍ୟୁବରଙ୍କୁ ନିଜ ଜାଲରେ ଫସାଉଥିଲେ। ପାକିସ୍ତାନ ଗସ୍ତ ଲାଗି ସେମାନଙ୍କ ପାଇଁ ଭିସା ବ୍ୟବସ୍ଥା କରୁଥିଲେ। ଏହାପରେ ପାକିସ୍ତାନ ଲାଗି ଗୁଇନ୍ଦାଗିରି କରିବା ପାଇଁ ସେମାନଙ୍କୁ ନିୟୋଜିତ କରୁଥିଲେ। ଭାରତରେ ଏଭଳି ଜାଲ ବିଛାଇଥିଲେ ପାକିସ୍ତାନର ଜଣେ ମହିଳା ବ୍ୟବସାୟୀ। ସେ ହେଉଛନ୍ତି ନୋସାବା ସେହଜାଦ୍। ଲାହୋରେରେ ସେ ଏକ ଟ୍ରାଭେଲ ଏଜେନ୍ସି ଖୋଲି ତାଙ୍କର ନେଟୱର୍କ ଚଳାଇଛନ୍ତି। ତାଙ୍କୁ ଏହି କାମରେ ନିୟୋଜିତ କରିଛି ପାକିସ୍ତାନର ଗୁଇନ୍ଦା ସଂସ୍ଥା ଆଇଏସ୍ଆଇ। ତାଙ୍କର କୋଡ୍ ନାମ ହେଉଛି ‘ମ୍ୟାଡମ୍ ଏନ୍’। ତାଙ୍କ ଜାଲରେ ଫସିଛନ୍ତି ଜ୍ୟୋତି



ମଲହୋତ୍ରା ସମେତ ଭାରତର ଅନେକ ୟୁଟ୍ୟୁବର। ପାକିସ୍ତାନ ପାଇଁ ଗୁଇନ୍ଦାଗିରି କରୁଥିବା ଅଭିଯୋଗରେ ଗିରଫ ହୋଇଥିବା ଅନେକ ୟୁଟ୍ୟୁବର ପଚରାଉଚରା ବେଳେ ଏଭଳି ବିସ୍ଫୋରକ ତଥ୍ୟ ଉଗାରିଛନ୍ତି। ସାରା ଭାରତରେ ପ୍ରାୟ ୫୦୦ ଏଭଳି

## ନେଟ୍ୱର୍କରେ ୟୁଟ୍ୟୁବରଙ୍କ ସମେତ ୫୦୦ ଭାରତୀୟ

ଲୋକ ରହିଛନ୍ତି ଯେଉଁମାନେ କି ସେହଜାଦଙ୍କ କଥାରେ ପଡ଼ି ପାକିସ୍ତାନ ପାଇଁ ଗୁଇନ୍ଦାଗିରି କରୁଛନ୍ତି। ତାଙ୍କ ସ୍ୱାମୀ ପାକିସ୍ତାନ ସରକାରରେ ଅଧିକାରୀ ଭାବେ କାମ କରି ଅବସର ନେଇଛନ୍ତି। ପାକିସ୍ତାନୀ ସେନା ଏବଂ ଆଇଏସ୍ଆଇ ପକ୍ଷରୁ ଭାରତରେ କେମିତି ସ୍ଲିପର ସେଲ୍ (ଗୁଇନ୍ଦା) ନେଟ୍ୱର୍କ ଚଳାଇବାକୁ ହେବ, ତା’ର ରଣକୌଶଳ ତାଙ୍କୁ ପ୍ରଦାନ କରୁଥିଲେ।

ଭାରତରେ ପାକିସ୍ତାନ ହାଇକମିସନରେ ସେହଜାଦଙ୍କ ଢେର ପ୍ରଭାବ ରହିଛି। ପାକିସ୍ତାନ ଗସ୍ତ ଲାଗି ଆବଶ୍ୟକ ଭିସା ପାଇବା ବ୍ୟବସ୍ଥାକୁ ସେ ସହଜ କରୁଥିଲେ। ପାକିସ୍ତାନ ଗସ୍ତ ବେଳେ ଭାରତୀୟ ୟୁଟ୍ୟୁବର ଓ ସୋସିଆଲ ମିଡିଆ ଇନଫ୍ଲୁଏନ୍ସରଙ୍କୁ ସେ ନିଜ ଦେଶର ସେନା ଓ ଆଇଏସ୍ଆଇ ଅଧିକାରୀଙ୍କ ସହ ପରିଚିତ କରାଉଥିଲେ। ତାଙ୍କ ଟାର୍ଗେଟରେ ଥିଲେ ହିନ୍ଦୁ ଓ ଶିଖ ସଂପ୍ରଦାୟର ଭାରତୀୟ ନାଗରିକ। ଗତ ୬ ମାସ ମଧ୍ୟରେ ସେହଜାଦ ପ୍ରାୟ ୩ ହଜାର ଭାରତୀୟ ଓ ୧୫୦୦ ଏନ୍ଆରଆଇଙ୍କୁ ପାକିସ୍ତାନ ଗସ୍ତ ▸ପୃଷ୍ଠା-୭

# ବର୍ଷକରେ ବିକାଶ ଯୋଜନା ଦୂର

■ **ଭୁବନେଶ୍ୱର, ୫।୬ (ସମିସ):** ଆସନ୍ତା ସପ୍ତାହରେ ବିଜେପି ସରକାର ପାଳନ କରିବ କ୍ଷମତାର ବର୍ଷପୂର୍ତ୍ତି। ମାତ୍ର ଏହି ବର୍ଷକ ମଧ୍ୟରେ ଓଡ଼ିଶାର ବିକାଶ ଆଗକୁ ବଢ଼ିବା ପରିବର୍ତ୍ତେ କେଇ ଯୋଜନ ପଛକୁ ଚାଲି ଯାଇଛି। କ୍ଷମତାକୁ ଆସୁଆସୁ ବିଜେପି ସରକାର ଗ୍ରାମାଞ୍ଚଳର ବିକାଶ ପାଇଁ ପୂର୍ବରୁ ପ୍ରଚଳିତ ଲୋକପ୍ରିୟ କାର୍ଯ୍ୟକ୍ରମ ‘ଆମ ଓଡ଼ିଶା ନବୀନ ଓଡ଼ିଶା’କୁ ବନ୍ଦ କରିଦେଲେ। ଏହି ଯୋଜନାରେ ପ୍ରତି ପଞ୍ଚାୟତର ବିକାଶ ପାଇଁ ସରକାରଙ୍କ ପକ୍ଷରୁ ପ୍ରଦାନ କରାଯାଉଥିବା ବାର୍ଷିକ ୫୦ ଲକ୍ଷ ଟଙ୍କା ଅନୁଦାନକୁ ମଧ୍ୟ ବନ୍ଦ କରି ଦିଆଗଲା। ଏହା ପରିବର୍ତ୍ତେ ରାଜ୍ୟରେ ନୂଆ କରି ‘ବିକଶିତ ଗାଁ, ବିକଶିତ ଓଡ଼ିଶା’ ଯୋଜନା କରାଯିବ ବୋଲି ଘୋଷଣା ହେଲା ପଞ୍ଚାୟତିରାଜ ବିଭାଗ ପକ୍ଷରୁ ମଧ୍ୟ ଏହି ଯୋଜନାରେ ବ୍ୟାପକ ବିକାଶମୂଳକ କାମ କରାଯିବ ବୋଲି କୁହାଗଲା। ମାତ୍ର ବର୍ଷଟିଏ ବିତିଯିବା ସତ୍ତ୍ୱେ ବିକଶିତ ଗାଁ, ବିକଶିତ ଓଡ଼ିଶାର କାର୍ଯ୍ୟ ଯୋଜନା ବି ପ୍ରସ୍ତୁତ ହୋଇ ପାରିଲା ନାହିଁ। ଗାଁରେ ମାଟି ଗାଣ୍ଡୁଏ ବି ପଡ଼ି ପାରିଲା ନାହିଁ।

**ଆଣ୍ଠେଇଛି ‘ବିକଶିତ ଗାଁ ବିକଶିତ ଓଡ଼ିଶା’**

**୯ ମାସ ପରେ ବି ପ୍ରସ୍ତୁତ ହୋଇପାରିଲାନି କାର୍ଯ୍ୟ ଯୋଜନା**

**‘ଆମ ଓଡ଼ିଶା ନବୀନ ଓଡ଼ିଶା’ର ନାମ ପରିବର୍ତ୍ତନ କରିଥିଲେ**

୨୦୨୪ ଅଗଷ୍ଟ ୩ ତାରିଖରୁ ରାଜ୍ୟ ସରକାରଙ୍କ ପକ୍ଷରୁ ନିର୍ଦ୍ଦିଷ୍ଟ ଫର୍ମାଟରେ ସମସ୍ତ ଜିଲ୍ଲାପାଳ, ଜିଲ୍ଲା ପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀ ଓ ବିଡିଓଙ୍କଠାରୁ ସରକାର ବିକାଶମୂଳକ କାମର ତଥ୍ୟ ଲୋଡ଼ିଲେ, ଏହି ତଥ୍ୟକୁ ଆଧାର କରି ସରକାର କାମ କରିବାକୁ ଯୋଜନା କଲେ। ମାତ୍ର ନିର୍ଦ୍ଦେଶର ୯ ମାସ ପରେ ବି ଏହି ତଥ୍ୟ ସରକାରଙ୍କ ନିକଟରେ ପହଞ୍ଚି ନ ଥିବା ସୂଚନା ମିଳିଛି। ଯେଉଥିପାଇଁ ପୁଣି ପଞ୍ଚାୟତିରାଜ ବିଭାଗ ଏହି ତଥ୍ୟ ପାଇଁ ଜିଲ୍ଲାପାଳ ଓ ଜିଲ୍ଲା ପରିଷଦ ନିର୍ବାହୀ ଅଧିକାରୀଙ୍କୁ ଚିଠି ଲେଖା ଯାଇଛି।

‘ଆମ ଓଡ଼ିଶା, ନବୀନ ଓଡ଼ିଶା’ ବଦଳରେ ବିଜେପି ସରକାରଙ୍କ ପ୍ରଣୀତ ‘ବିକଶିତ ଗାଁ, ବିକଶିତ ଓଡ଼ିଶା’ରେ କେବଳ ଗାଁଗୁଡ଼ିକୁ ସବୁଦିନିଆ ରାସ୍ତା ନିର୍ମାଣ ପାଇଁ ଯୋଜନା କରାଯାଇଥିଲା। ପୂର୍ବ ସରକାର ରାଜ୍ୟର ୬୮୦୦ ପଞ୍ଚାୟତ ପାଇଁ ୫୦ ଲକ୍ଷ ଟଙ୍କା ହିସାବରେ ୩୪୦୦ କୋଟି ଟଙ୍କା ଅନୁଦାନ ଦେଇଥିବାବେଳେ ବିଜେପି ସରକାର ୨୦୨୫-୨୬ ବର୍ଷ ବଜେଟରେ ବରାଦ କରିଥିବା ଅର୍ଥରୁ ୧ ହଜାର କୋଟିରୁ ୩୦% ବି ଖର୍ଚ୍ଚ କରିପାରି ନାହାନ୍ତି। ସେହିପରି ଏହି ଯୋଜନାରେ ଗାଁରେ ସବୁଦିନିଆ ରାସ୍ତା ନିର୍ମାଣ ଓ ମରାମତି ବାବଦରେ ୩୫ ପ୍ରତିଶତ ଅର୍ଥ ଖର୍ଚ୍ଚ ହେବ ବୋଲି ନିଷ୍ପତ୍ତି ହେଲା। ମାତ୍ର ବର୍ଷଟିଏ ବିତିବା ପରେ ବି ଏଥିପାଇଁ ରାସ୍ତା ଚିହ୍ନଟ ହୋଇ ପାରିଲା ନାହିଁ। ଫଳରେ ଯୋଜନାର କାର୍ଯ୍ୟାନ୍ୱୟନକୁ ନେଇ କେବଳ ପ୍ରଶ୍ନ ଉଠିନାହିଁ, ସରକାରୀସ୍ତରରେ ବିକାଶମୂଳକ କାର୍ଯ୍ୟ ପାଇଁ ▸ପୃଷ୍ଠା-୭

# ଓଡ଼ିଶାରେ ‘ପିସି’ ସରକାର

## କଂଗ୍ରେସ ନିଆଁରେ ଘିଅ ଢାଳିଲେ ବିଜେପି ନେତା

■ **ଭୁବନେଶ୍ୱର, ୫।୬ (ସମିସ):** ରାଜ୍ୟରେ ‘ପିସି’ ସରକାର ଚାଲିଛି। ସବୁ କାମରେ ୩୦ ପ୍ରତିଶତ କମିଶନ (ପିସି) ନିଆଯାଉଛି। ବିନା ପିସିରେ କାମ ମିଳୁନାହିଁ, କାମ ସରିଲେ ବି ପିସି ନ ଦେଲେ ବିଲ୍ ହେଉ ନାହିଁ। କେଇଦିନ ତଳେ କଂଗ୍ରେସ ଏକ ସାମ୍ବାଦିକ ସମ୍ମିଳନୀରେ କରିଥିବା ଏହି ସାଂଘାତିକ ଅଭିଯୋଗରେ ମୋହର ମାରିଛନ୍ତି ଜଣେ ବିଜେପି ନେତା। ରାଜ୍ୟ ବିଜେପିର ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ଦାସ ଖୋଲାଖୋଲି ସରକାରଙ୍କ ‘ପିସି’ ତତ୍ତ୍ୱକୁ ସ୍ୱୀକାର କରିଛନ୍ତି। ସରକାରଙ୍କ ବିରୋଧରେ କଂଗ୍ରେସ ଯେଉଁ ପିସି ନିଆଁ ଜାଳିଥିଲା, ସେଥିରେ ବିଜେପି ନେତା ଘିଅ ଢାଳି ଏହି ଅଭିଯୋଗ ଅସତ୍ୟ ନୁହେଁ ବୋଲି ପରୋକ୍ଷରେ ପ୍ରମାଣିତ କରିଛନ୍ତି। ଖୋଦ୍ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ନିର୍ବାଚନମଣ୍ଡଳୀରେ ଯଦି ଏପରି ଘଟଣା ଘଟୁଛି, ତେବେ ଅନ୍ୟତ୍ର କ’ଣ ହେଉଥିବ ତାହା ସହଜରେ ଅନୁମେୟ ବୋଲି ରାଜନୈତିକ ସମୀକ୍ଷକମାନେ ମତ ପ୍ରକାଶ କରିଛନ୍ତି।

**ପୂର୍ବ ସରକାର ସମୟରେ କେହି ପିସି ନେଉ ନ ଥିଲେ**

**ବର୍ତ୍ତମାନ ବିନା ପିସିରେ କୌଣସି କାମ ହେଉ ନାହିଁ**

ରାଜ୍ୟରେ ବିକାଶମୂଳକ କାମ ଏବେ ଅଟକି ଯାଇଛି। କୌଣସି ସ୍ଥାନରେ କିଛି କାମ ହେଉ ନାହିଁ। ଏପରି ସମୟରେ ବିଜେପି ବିଧାୟକ ଜିତିଥିବା ନିର୍ବାଚନମଣ୍ଡଳୀକୁ ସରକାରଙ୍କ ପକ୍ଷରୁ ବିକାଶମୂଳକ କାମ ପାଇଁ ଦିଆଯାଇଥିବା ୨ କୋଟି ଲେଖାଏଁ ଟଙ୍କାକୁ ନେଇ ବିବାଦ ସୃଷ୍ଟି ହୋଇଛି। ବିଭିନ୍ନ ପଞ୍ଚାୟତକୁ ଅର୍ଥ ଆବଣ୍ଟନ ସମୟରେ ଯାବତୀୟ ବାଦବିବାଦ ସୃଷ୍ଟି ହେଉଛି ଓ ଅନୁଦାନ ବଣ୍ଟନରେ ପାତରଅନ୍ତର କରାଯାଇଥିବା ଅଭିଯୋଗ ହୋଇଛି। ▸ପୃଷ୍ଠା-୭

# ଆଜିଠୁ ବଢ଼ିବ ତାତି

■ **ଭୁବନେଶ୍ୱର, ୫।୬ (ସମିସ):** ରାଜ୍ୟରେ ଆଗକୁ ଆସୁଛି ଭୀଷଣ ତାତି। ବିଶେଷ କରି ୭ତାରିଖରୁ ୧୦ ତାରିଖ ମଧ୍ୟରେ ଭୀଷଣ ତାତି ଅନୁଭବ ହେବ। ଏହି ୩ ଦିନ ମଧ୍ୟରେ ପ୍ରାୟ ୫ ଡିଗ୍ରୀ ତାପମାତ୍ରା ବଢ଼ିବ। ଗୁରୁବାର ତାମିଲନାଡୁ ଓ ଆନ୍ଧ୍ର ପ୍ରଦେଶ ପଟେ ତାପମାତ୍ରା ବୃଦ୍ଧି ଆରମ୍ଭ ହୋଇଛି। ମଦୁରାଇରେ ଆଜି ତାପମାତ୍ରା ୪୦ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ବାକି ସ୍ଥାନଗୁଡ଼ିକରେ ତାପମାତ୍ରା ୪୦ ଡିଗ୍ରୀ ନିକଟତର ହୋଇଛି। ଆଇଏମ୍ଡି ପକ୍ଷରୁ ଜାରି ବିସ୍ତାରିତ ପରସର ଆକଳନ ରିପୋର୍ଟରେ ମଧ୍ୟ ଦେଶର ବିଭିନ୍ନ ରାଜ୍ୟରେ ତାପମାତ୍ରା ସ୍ୱାଭାବିକଠାରୁ ଅଧିକ ରହିବା ନେଇ ଆକଳନ କରାଯାଇଛି। ତେଣୁ ଆସନ୍ତା ୪ ଦିନ ଯାଏଁ ରାଜ୍ୟବାସୀ ଭୀଷଣ ତାତି ଓ ଗୁଳୁଗୁଳିରେ ଅସ୍ତବ୍ୟସ୍ତ ହେବେ ବୋଲି ଆକଳନ କରାଯାଇଛି। ଆସନ୍ତା ୧୨ ତାରିଖ ମଧ୍ୟରେ ମୌସୁମୀ ନିଷ୍କ୍ରିୟ ରହିବ ବୋଲି ଆଇଏମ୍ଡି ଆକଳନ କରିଛି। ତେଣୁ ୧୨ ତାରିଖ ମଧ୍ୟରେ ଦିନ ବେଳା ଭୀଷଣ ତାତି ▸ପୃଷ୍ଠା-୭



# ମୁଖ୍ୟମନ୍ତ୍ରୀଙ୍କ ଅଫିସ୍ ନାମରେ ବଟି ଆଦାୟ

■ **ଭୁବନେଶ୍ୱର, ୫।୬(ସମିସ):** ‘ମୁଁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ କହୁଥିଲି, ଦୁଇ ଲକ୍ଷ ଟଙ୍କା ନଦେଲେ ମାଲକାନଗିରି ପଠାଇଦେବି’। ଏଭଳି ଢଙ୍ଗରେ ଧମକ ଦେଇ ଜଣେ ସରକାରୀ ଅଧିକାରୀଙ୍କଠାରୁ ୨ ଲକ୍ଷ ଟଙ୍କା ଲୁଟି ନେଇଛି ଜଣେ ଧୂର୍ତ୍ତ। ଦୁଇ ଲକ୍ଷ ନେବାପରେ ମଧ୍ୟ ଡରାଇ ଧମକାଇ ଆହୁରି ୫ ଲକ୍ଷ ଟଙ୍କା ମାଗୁଛି ବୋଲି ରାଜଧାନୀର ଏୟାରଫିଲ୍ଡ ଥାନାରେ ଅଭିଯୋଗ କରିଛନ୍ତି ଜଣେ ଅଧୀକ୍ଷଣ ଯନ୍ତ୍ରୀ ପ୍ରତାପ କୁମାର ହରିପାଲ।

**ବଦଳି ଧମକ ଦେଇ ନେଇଗଲେଣି ୨ ଲକ୍ଷ**

**ଥାନାର ଦ୍ୱାରସ୍ଥ ହେଲେ ଅଧୀକ୍ଷଣ ଯନ୍ତ୍ରୀ**

ପ୍ରତାପ କୁମାର ହରିପାଲ ଅନୁଗୁଳ ରାସ୍ତା ଓ କୋଠାବାଡ଼ି ଡିଭିଜନର ଅଧୀକ୍ଷଣ ଯନ୍ତ୍ରୀ ଭାବେ କାର୍ଯ୍ୟ କରୁଛନ୍ତି। ପ୍ରାୟ ଏକମାସ ପୂର୍ବେ ଜାନକୀବଲ୍ଲଭ ମହାପାତ୍ର ନାମକ ଜଣେ ବ୍ୟକ୍ତି ତାଙ୍କୁ କଲ୍ କରିଥିଲେ ଓ ନିଜକୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟର କର୍ମଚାରୀ ବୋଲି ପରିଚୟ ଦେଇଥିଲେ। ତାଙ୍କୁ ମାଲକାନଗିରିକୁ ବଦଳି ହୋଇଛି ଓ ଏହାକୁ ▸ପୃଷ୍ଠା-୭












# ଏନ୍କାଉଣ୍ଟର୍ରେ କୁଖ୍ୟାତ ମାଓନେତା ସୁଧାକର ନିହତ




■ **ମାଲକାନଗିରି, ୬।୫(ସମିସ):** ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ବିଜାପୁର ଜିଲ୍ଲାରେ ପୁଲିସ୍ ଏନ୍କାଉଣ୍ଟର୍ରେ କୁଖ୍ୟାତ ମାଓନେତା ସୁଧାକର ଓରଫ୍ ବାଲକ୍ରିଷ୍ଣା ନିହତ ହୋଇଛି। ସେ ମାଓ ସଙ୍ଗଠନର କେନ୍ଦ୍ରୀୟ କମିଟି ସଦସ୍ୟ ଥିଲା। ଆନ୍ଧ୍ରପ୍ରଦେଶ, ତେଲେଙ୍ଗାନା, ଛତିଶଗଡ଼ ଏବଂ ମହାରାଷ୍ଟ୍ର ଆଦି ୪ ରାଜ୍ୟ ପାଇଁ ସେ ମୋଷ୍ଟୱାଣ୍ଟେଡ୍ ମାଓବାଦୀ ଥିଲା। ତା’ ମୁଣ୍ଡ ଉପରେ ବିଭିନ୍ନ ରାଜ୍ୟ ସରକାରଙ୍କ ପକ୍ଷରୁ ଲକ୍ଷାଧିକ ଟଙ୍କାର ପୁରସ୍କାର ରାଶି ରହିଥିବା ବେଳେ କେବଳ ଛତିଶଗଡ଼ ସରକାରଙ୍କ ପକ୍ଷରୁ ୪୦ଲକ୍ଷ ଟଙ୍କାର ପୁରସ୍କାର ରାଶି ଘୋଷଣା କରାଯାଇଥିଲା। ସୁଧାକର ବର୍ତ୍ତମାନ ଦଣ୍ଡକାରଣ୍ୟ ସ୍ୱତନ୍ତ୍ର ଜୋନାଲ କମିଟିର ମୁଖ୍ୟ ଥିଲା। ▸ପୃଷ୍ଠା-୭

# ଜମ୍ମୁ ଓ କଶ୍ମୀର
# ବିକାଶର ଶୁଭାରମ୍ଭ











## ₹୪୪,୦୦୦ କୋଟିର
## ରେଳ ପ୍ରକଳ୍ପ ଉପହାର

### ଉଦ୍‌ଘାଟନ

**ଚେନାବ୍ ସେତୁ**
**(ବିଶ୍ୱର ସର୍ବୋଚ୍ଚ ରେଳ ତୋରଣ ସେତୁ)**
- ୩୫୯ ମିଟର ଉଚ୍ଚତା, ୧୩୧୫ ମିଟର ଦୈର୍ଘ୍ୟ ଓ ୪୬୭ ମିଟର ତୋରଣ ସ୍ପାନ୍
- ଏହି ସେତୁ ଜମ୍ମୁ ଓ କଶ୍ମୀରର ରିଆସି ଜିଲ୍ଲାର କାଉରି ଓ ବକ୍କାଲ୍ ଅଞ୍ଚଳକୁ ସଂଯୋଗ କରିବ

**ଅଞ୍ଜି ସେତୁ**
**(ଭାରତ ପ୍ରଥମ କେବୁଲ୍ ଷ୍ଟେଡ୍ ରେଲ ସେତୁ)**
- ୭୨୫ ମିଟର ଦୈର୍ଘ୍ୟ, ୨୯୦ ମିଟର ମେନ୍ ସ୍ପାନ୍
- ଏହି ବ୍ରିଜ୍ ଜମ୍ମୁ ଓ କଶ୍ମୀରର କଟ୍ରା ଓ ରିଆସି ଜିଲ୍ଲାକୁ ସଂଯୋଗ କରିବ
- ଏକକ ବୃହତ୍ ପାଇଲନ୍ ସହିତ ୯୬ ଟି କେବୁଲ୍ ସଂଯୁକ୍ତ, ୧୯୩ ମିଟର ଉଚ୍ଚ

### ରାଷ୍ଟ୍ରକୁ ସମର୍ପଣ

**ଉଧମପୁର-ଶ୍ରୀନଗର-ବାରାମୁଲା**
**ରେଳ ଲିଙ୍କ ପ୍ରକଳ୍ପ (ୟୁଏସବିଆରଏଲ୍)**
- ବିକଶିତ ସମସ୍ତ ଜଳବାୟୁରେ ରେଳ ସଂଯୋଗ ଯାହା ଜମ୍ମୁ ଓ କଶ୍ମୀରକୁ ଭାରତର ଅବଶିଷ୍ଟ ଭାଗ ସହିତ ସଂଯୋଗ କରିବ
- ଏହାର ମୋଟ୍ ଦୈର୍ଘ୍ୟ ୨୭୨ କିମି ଓ ଟି-୫୦ (ଭାରତରେ ସବୁଠାରୁ ଦୀର୍ଘ କାର୍ଯ୍ୟକ୍ଷମ ଟନେଲ୍) କୁ ଅନ୍ତର୍ଭୁକ୍ତ କରି ୩୬ ଟି ଟନେଲ୍ ଓ ୯୪୩ ଟି ସେତୁ ରହିଛି।

### ପତାକା ଦେଖାଇ ଶୁଭାରମ୍ଭ

**୨ ବନ୍ଦେ ଭାରତ ଟ୍ରେନ୍**
**ଶ୍ରୀ ମାତା ବୈଷ୍ଣୋଦେବୀ କଟ୍ରା-ଶ୍ରୀନଗର ଓ ଶ୍ରୀନଗର-ଶ୍ରୀ ମାତା ବୈଷ୍ଣୋ ଦେବୀ କଟ୍ରା**
- ଶ୍ରୀନଗରକୁ ପ୍ରଥମ ସେମି ହାଇସ୍ପିଡ୍ ଟ୍ରେନ
- ପର୍ଯ୍ୟଟନ ଓ ଆଞ୍ଚଳିକ ଯୋଗାଯୋଗରେ ବିକାଶ
- ମାତ୍ର ୩ ଘଣ୍ଟା ମଧ୍ୟରେ କଟ୍ରାରୁ ଶ୍ରୀନଗରକୁ ଯାତ୍ରା ସମ୍ଭବ

କରିବେ

## ନରେନ୍ଦ୍ର ମୋଦୀ

ପ୍ରଧାନମନ୍ତ୍ରୀ

### ସଦୟ ଉପସ୍ଥିତି

**ନିତୀନ ଜୟରାମ ଗଡ଼କରି**
ସଡ଼କ ପରିବହନ ଓ ରାଜପଥ କେନ୍ଦ୍ର ମନ୍ତ୍ରୀ

**ଅଶ୍ୱିନୀ ବୈଷ୍ଣବ**
ରେଳ, ସୂଚନା ଓ ପ୍ରସାରଣ, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି କେନ୍ଦ୍ର ମନ୍ତ୍ରୀ

**ଡ.ଜିତେନ୍ଦ୍ର ସିଂ**
କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ (ଭାରପ୍ରାପ୍ତ) ବିଜ୍ଞାନ ଓ ପ୍ରଯୁକ୍ତି ଏବଂ ଭୂବିଜ୍ଞାନ ଓ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ, କାର୍ମିକ, ସାଧାରଣ ଅଭିଯୋଗ ଓ ପେନ୍ସନ, ଆଣବିକ ଶକ୍ତି ବିଭାଗ ଓ ମହାକାଶ ବିଭାଗ ରାଷ୍ଟ୍ରମନ୍ତ୍ରୀ

**ଭି ସୋମାନ୍ନା**
କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ, ରେଳ ଓ ଜଳଶକ୍ତି

**ରବନୀତ ସିଂ**
କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ, ରେଳ ଓ ଖାଦ୍ୟ ପ୍ରକ୍ରିୟାକରଣ ଉଦ୍ୟୋଗ

**ମନୋଜ୍ ସିହ୍ନା**
ଜମ୍ମୁ ଓ କଶ୍ମୀର କେନ୍ଦ୍ର ଶାସିତ ଅଞ୍ଚଳର ଲ୍ୟୁଟନାଣ୍ଟ ଗଭର୍ଣ୍ଣର ଅଧ୍ୟକ୍ଷ, ଶ୍ରୀ ମାତା ବୈଷ୍ଣୋଦେବୀ ଶ୍ରାଇନ୍ ବୋର୍ଡ

**ଓମାର ଅବଦୁଲ୍ଲା**
ମୁଖ୍ୟମନ୍ତ୍ରୀ, ଜମ୍ମୁ ଓ କଶ୍ମୀର କେନ୍ଦ୍ରଶାସିତ ଅଞ୍ଚଳ

**ସୁରିନ୍ଦର କୁମାର ଚୌଧୁରୀ**
ଉପମୁଖ୍ୟମନ୍ତ୍ରୀ ଜମ୍ମୁ ଓ କଶ୍ମୀର କେନ୍ଦ୍ର ଶାସିତ ଅଞ୍ଚଳ

**ଯୁଗଳ କିଶୋର**
ସାଂସଦ (ଲୋକସଭା), ଜମ୍ମୁ

**ଆଗା ସୟଦ୍ ରୁହୁଲ୍ଲା ମେହଦି**
ସାଂସଦ (ଲୋକସଭା) ଶ୍ରୀନଗର

**ଗୁଲାମ ଅଲ୍ଲୀ**
ସାଂସଦ, ରାଜ୍ୟସଭା

ଶୁକ୍ରବାର, ୦୬ ଜୁନ୍, ୨୦୨୫ | ପୂର୍ବାହ୍ନ ୧୧.୦୦ ଘ. | ଶ୍ରୀ ମାତା ବୈଷ୍ଣୋଦେବୀ ଶ୍ରାଇନ୍ ବୋର୍ଡ ସ୍ପୋର୍ଟସ କମ୍ପ୍ଲେକ୍ସ, କଟ୍ରା (ଷ୍ଟାଡିୟମ)

## ଭାରତୀୟ ରେଳପଥ

DD NEWS ଡିଡି ନ୍ୟୁଜରେ କାର୍ଯ୍ୟକ୍ରମର ସିଧା ପ୍ରସାରଣ ଦେଖନ୍ତୁ | www.indianrailways.gov.in | ଆମକୁ ଅନୁସରଣ କରନ୍ତୁ /RailMinIndia

# ନିମାପଡ଼ା ରାଜନୀତି
# ଭାଇନା-ଅପା ମୁହାଁମୁହିଁ



■ ଉଦ୍‌ଘାଟିତ ସବୁ କାମ ୨୦୨୨ ଓ ୨୩ ମସିହାରେ ମଞ୍ଜୁର: ସମୀର
■ ବର୍ଷକରେ କ'ଣ କାମ ହୋଇଛି ତାହା ଲୋକେ କହିବେ: ପ୍ରଭାତୀ

ପୁରୀ,୫।୬(ସମିସ): ପୂର୍ବତନ ମନ୍ତ୍ରୀ ସମୀର ରଞ୍ଜନ ଦାଶ ଦଳ ବଦଳ କରିବାର ଅଳ୍ପ କେଇମାସ ପରେ ନିମାପଡ଼ା ବିଜେପିରେ ମୁଣ୍ଡ ଟେକିଥିଲା ଦଳୀୟ କନ୍ଦଳ। ଅପା (ପ୍ରଭାତୀ ପରିଡ଼ା) ଏବଂ ଭାଇନା (ସମୀର ରଞ୍ଜନ ଦାଶ)ଙ୍କ ମଧ୍ୟରେ ବିବାଦ ସୂତ୍ରପାତ ହୋଇଥିଲା। ନିର୍ବାଚନ ସମୟରେ ପ୍ରଭାତୀ ସମୀରଙ୍କ ପ୍ରତି ଯେଉଁ ଆନୁଗତ୍ୟ ଦେଖାଉଥିଲେ ଉପମୁଖ୍ୟମନ୍ତ୍ରୀ ହେବା ପରେ କରଛଡ଼ା ଦେଲେ। ଧୀରେ ଧୀରେ ସେମାନଙ୍କ ଭିତରେ କନ୍ଦଳ ବଢ଼ିଥିଲା; କିନ୍ତୁ ଯଥାସମ୍ଭବ ଉଭୟେ ଏହାକୁ ପରଦା ଆଢୁଆଳରେ ରଖିବାକୁ ଚେଷ୍ଟା କରିଥିଲେ। ହେଲେ ବିଭିନ୍ନ କାର୍ଯ୍ୟକ୍ରମ ସେମାନଙ୍କ ବିବାଦକୁ ପଦାରେ ପକାଇ ଦେଇଥିଲା। ଯଦି କୌଣସି କାର୍ଯ୍ୟକ୍ରମରେ ଦୁଇଜଣ ଅତିଥି ହେଉଥିଲେ ସେଠାକୁ କେବଳ ଜଣେ ହିଁ ଯାଉଥିଲେ। ଏମିତି ବି ଆୟୋଜକଙ୍କୁ ସେ ଆସିଲେ ମୁଁ ଯିବି ନାହିଁ ବୋଲି କହୁଥିଲେ। ନିର୍ବାଚନମଣ୍ଡଳୀରେ କୌଣସି କାର୍ଯ୍ୟକ୍ରମ ହେଉ କିମ୍ବା ରାଲି ସମାନ୍ତରାଳ ଭାବେ ଆୟୋଜନ କରୁଥିଲେ। ହେଲେ ଏବେ ଅପା-ଭାଇନାଙ୍କ କନ୍ଦଳ ହାଟରେ ପଡ଼ି ଦାଣ୍ଡରେ ଗଡ଼ୁଛି। ଆଉ ଶୀତଳ ନୁହେଁ, ଏବେ ସମ୍ମୁଖ ଯୁଦ୍ଧରେ ଦୁହେଁ ଅବତୀର୍ଣ୍ଣ ହେଲେଣି। ବିଜେପିର ବର୍ଷ ପୂର୍ତ୍ତି ଅବସରରେ ପ୍ରଭାତୀଙ୍କ କାର୍ଯ୍ୟଦକ୍ଷତାକୁ ସମାଲୋଚନା କରିଥିଲେ ସମୀର। ଗୁରୁବାର ଏହାର ପାଲଟା ଜବାବ ରଖିଛନ୍ତି ପ୍ରଭାତୀ। ଶାଣିତ ଢଙ୍ଗରେ ସମୀରଙ୍କୁ 'ବଡ଼' କହି ସେ ଦେଇଥିବା ମନ୍ତବ୍ୟ ଭୁଲ୍ ବୋଲି ପ୍ରମାଣିତ କରିବାକୁ ଚେଷ୍ଟା କରିଛନ୍ତି।

ବିଜେପିର ବର୍ଷ ପୂର୍ତ୍ତି ଅବସରରେ ବୁଧବାର ନିମାପଡ଼ା ନୂତନ ବାରବାଟୀ ପଡ଼ିଆରେ ପ୍ରଭାତୀ 'ଉତ୍କର୍ଷ ନିମାପଡ଼ା' ପାଳନ କରିଥିବା ବେଳେ ସମୀର କଳାପାଞ୍ଚଣ ପଞ୍ଚାୟତରେ ଏକ ବନ୍ଧୁମିଳନ ଆୟୋଜନ କରିଥିଲେ। ଏହି ଅବସରରେ ସମୀର ନିମାପଡ଼ାର ବିକାଶ ନେଇ ପ୍ରଭାତୀଙ୍କ କାର୍ଯ୍ୟଦକ୍ଷତା ଉପରକୁ ଅଙ୍ଗୁଳି ଉଠାଇବା ସହ ଅସନ୍ତୋଷ ଝାଡ଼ିଥିଲେ। ବର୍ଷେ ପଳାଇଲା ହେଲେ ନିମାପଡ଼ାରେ ମାଟି ମୁଠାଏ ପଡ଼ିଲା ନାହିଁ, ଯାହା ବି ହୋଇଛି ତାହା ପୂର୍ବ ସରକାରଙ୍କ ଅର୍ଥରେ ହୋଇଛି। ଉପମୁଖ୍ୟମନ୍ତ୍ରୀ ଯେଉଁ କାମର ଶୁଭ ଦେଉଛନ୍ତି ସେ ଟଙ୍କା ୨୦୨୨-୨୩ ଓ ୨୦୨୩-୨୪ରେ ମଞ୍ଜୁର ହୋଇଥିଲା। ନୂଆ ଯୋଜନା କି କାମ କିଛି ବି ମଞ୍ଜୁର ହୋଇନି। ଏତଦ୍‌ବ୍ୟତୀତ ନିମାପଡ଼ା ଏବଂ ଗୋପରେ ପିସି କାରବାର ବଢ଼ିଯାଇଛି ବୋଲି ସଙ୍ଗିନ ଅଭିଯୋଗ ଆଣିଥିଲେ ସମୀର।

ଦଳର ବର୍ଷ ପୂର୍ତ୍ତି ଦିନ ସମୀରଙ୍କର ଏହି ବିସ୍ଫୋରକ ବୟାନ ପରେ ନିମାପଡ଼ା ବିଜେପିରେ କମ୍ପନ ସୃଷ୍ଟି ହୋଇଥିଲା। ଦୀର୍ଘଦିନ ଧରି ଅପା-ଭାଇନାଙ୍କ ମଧ୍ୟରେ ଯେଉଁ କନ୍ଦଳ ଚାଲିଥିଲା ତାହା ପଦାରେ ପଡ଼ିଥିଲା। ତେବେ ସମୀରଙ୍କ ପ୍ରଶ୍ନର ଉତ୍ତର ରଖିଛନ୍ତି ପ୍ରଭାତୀ। ଶାଣିତ ଢଙ୍ଗରେ ସମୀରଙ୍କୁ ଦେଇଛନ୍ତି ପାଲଟା ଜବାବ। ସେ କହିଛନ୍ତି, ପରିବାରରେ ଯେଉଁମାନେ ବଡ଼ ଲୋକ ଥାଆନ୍ତି ସେମାନେ ପିଲାମାନଙ୍କଠାରୁ ଅଧିକ ଆଶା ରଖିଥା'ନ୍ତି। ତେଣୁ ମୁଁ ଭାବୁଛି ଏହା ବିଜେପିକୁ ତୃଣମୂଳସ୍ତରରେ ଆହୁରି ସଶକ୍ତ ଭାବେ କାମ କରିବାକୁ ସୁଯୋଗ ଦେବ। ବର୍ଷକ ଭିତରେ କ'ଣ କାମ ହୋଇଛି ନା ନାହିଁ ସେଇଟା ଲୋକେ କହିବେ। ପିସି କାରବାର ସମ୍ପର୍କରେ ପ୍ରଭାତୀ କହିଥିଲେ, ଏମ୍‌ଏଲ୍‌ଏ ଲ୍ୟାଡ୍ ଏବଂ ଏମ୍‌ପି ଲ୍ୟାଡ୍ ଏଇ ଏପ୍ରିଲରେ ଦାଖଲ ହୋଇଥିବ। ମେ' ମାସରେ ବ୍ଲକ୍‌କୁ ଆସିଥିବ। ଜୁନ୍ ମାସ ତ ଆରମ୍ଭ ହେଉଛି। କାମ ତ ଆରମ୍ଭ ହୋଇନାହିଁ। ପିସି କଥା ଉଠୁଛି କୁଆଡୁ ବୋଲି କହି ସମୀରଙ୍କୁ ଭୁଲ୍ ବୋଲି ପରୋକ୍ଷରେ କହିବାକୁ ଚେଷ୍ଟା କରିଛନ୍ତି।

# ପାର୍ଲାମେଣ୍ଟରୁ ପ୍ରେମ; ଜର୍ମାନରେ ହାତଗଣ୍ଠି
# ପିନାକୀ-ମହୁଆ ଜୀବନସାଥୀ

ନୂଆଦିଲ୍ଲୀ,୫।୬(ସମିସ): ପଶ୍ଚିମବଙ୍ଗ କୃଷ୍ଣନଗର ସାଂସଦ ତଥା ତୃଣମୂଳ କଂଗ୍ରେସ ନେତ୍ରୀ ମହୁଆ ମଇତ୍ରୋଙ୍କ ହାତ ଧରିଛନ୍ତି ଚାରିଥର ଲୋକସଭା ସାଂସଦ ଓ ସୁପ୍ରିମକୋର୍ଟର ବରିଷ୍ଠ ଆଇନଜୀବୀ ପିନାକୀ ମିଶ୍ର । ଜର୍ମାନୀର ବର୍ଲିନ୍ ସହରରେ ଅଳ୍ପ କିଛି ନିକଟ ସମ୍ପର୍କୀୟଙ୍କ ଉପସ୍ଥିତିରେ ସେମାନେ ବିବାହ କରିଥିବା



ସୂଚନା ମିଳିଛି । ମହୁଆ ମଇତ୍ରୋଙ୍କ ଘନିଷ୍ଠ କୁହାଯାଉଥିବା ତୃଣମୂଳ ନେତ୍ରୀ ସାୟୋନୀ ଘୋଷ ନିଜ ସାମାଜିକ ଗଣମାଧ୍ୟମ ଆକାଉଣ୍ଟରେ ଏକ ଫଟୋ ପୋଷ୍ଟ କରି ଉଭୟଙ୍କୁ ଅଭିନନ୍ଦନ ଜଣାଇଛନ୍ତି। ସେହିପରି ମହୁଆ ମଧ୍ୟ ନିଜ ସାମାଜିକ ଗଣମାଧ୍ୟମ ଆକାଉଣ୍ଟରେ ଏକ ଫଟୋ ପୋଷ୍ଟ କରି ଏହି ଚର୍ଚ୍ଚା ସତ୍ୟ ବୋଲି ପ୍ରମାଣିତ କରିଛନ୍ତି ।

ଦୀର୍ଘବର୍ଷ ତଳେ କଂଗ୍ରେସରେ ଥିବାବେଳେ ସେମାନଙ୍କ ମଧ୍ୟରେ ପରିଚୟ ହୋଇଥିଲା ଓ ୨୦୧୯ରେ ମହୁଆ ସଂସଦକୁ ନିର୍ବାଚିତ ହେବା ପରେ ଏହି ପରିଚୟ ପ୍ରେମରେ ପରିଣତ ହୋଇଥିଲା। ଏପରିକି 'ଟଙ୍କା ପାଇଁ ପ୍ରଶ୍ନ' ବିବାଦରେ ଛନ୍ଦି ହୋଇଥିବା ମହୁଆ ଅସମୟରେ ପଡ଼ିଥିବାବେଳେ ପିନାକୀ ତାଙ୍କ ସହ ଠିଆ ହୋଇଥିଲେ। ସୂଚନା ଅନୁସାରେ ଉଭୟ ବିବାହ ନିମନ୍ତେ ବହୁଦିନ ପୂର୍ବରୁ ନିଷ୍ପତ୍ତି ନେଇଥିଲେ ମହୁଆଙ୍କ ବିରୋଧରେ ମାମଲା ପରେ ଏହା ସ୍ଥଗିତ ରହିଥିଲା। ଦୁବାଇର ବ୍ୟବସାୟୀ ଦର୍ଶନ ହିରାନନ୍ଦାନିଙ୍କୁ ଲୋକସଭା ସଦସ୍ୟଙ୍କ ୟୁଜରନେମ୍ ଏବଂ ପାସୱାର୍ଡ ଦେଇଥିବା ଅଭିଯୋଗରେ ମହୁଆ ଅଭିଯୁକ୍ତ ହୋଇଥିଲେ। ଏପରିକି ହିରାନନ୍ଦାନି ଏକ ସତ୍ୟପାଠରେ ଦାବି କରିଥିଲେ ଯେ ପିନାକୀ ଏବଂ ମହୁଆ ନିକଟତର ଥିଲେ ବୋଲି ଉଲ୍ଲେଖ କରିଥିଲେ। ସେହିପରି ଲୋକସଭାରୁ ବହିଷ୍କାର ହେବା ପରେ ଯେତେବେଳେ ମହୁଆଙ୍କୁ ବଙ୍ଗଳା ଖାଲି କରିବାକୁ କୁହାଯାଇଥିଲା, ପିନାକୀ ଏହା ବିରୋଧରେ ଅଦାଲତର ଦ୍ୱାରସ୍ଥ ହୋଇଥିଲେ।

୧୯୯୬ ମସିହାରେ କଂଗ୍ରେସ ଟିକେଟରେ ପ୍ରଥମ ଥର ପାଇଁ ସାଂସଦ ହୋଇଥିବା ପିନାକୀ ମିଶ୍ର ୨୦୦୯, ୨୦୧୪ ଓ ୨୦୧୯ରେ ବିଜେଡି ଟିକଟରେ ଲୋକସଭାକୁ ନିର୍ବାଚିତ ହୋଇଥିଲେ।

## ମାଳାବଦଳ ପରେ କାଟିଲେ କେକ୍

ପିନାକୀଙ୍କ ପ୍ରଥମ ବିବାହ ୧୯୮୪ ମସିହାରେ ସଙ୍ଗୀତା ମିଶ୍ରଙ୍କ ସହିତ ହୋଇଥିଲା। ମାତ୍ର ପରବର୍ତ୍ତୀ ସମୟରେ ଉଭୟ ଅଲଗା ରହୁଥିବା ସୂଚନା ମିଳିଥିଲା। ସେମାନଙ୍କ ମଧ୍ୟରେ କେବେ ଛାଡ଼ପତ୍ର ହେଲା ତାହା ଏଯାଏ ସ୍ପଷ୍ଟ ନୁହେଁ। ପିନାକୀଙ୍କ ଘନିଷ୍ଠତମ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ପିନାକୀ ଏବଂ ସଙ୍ଗୀତା ଏବେ ବି ତିନୋଟି କମ୍ପାନୀରେ ନିର୍ଦ୍ଦେଶକ ଅଛନ୍ତି। ଓସନ୍ ଗ୍ରାଣ୍ଡ ରିସର୍ଟସ୍ ଆଣ୍ଡ ହୋଟେଲ୍ ପ୍ରାଇଭେଟ୍ ଲିମିଟେଡ୍, ଜୁପିଟର୍ ଇଷ୍ଟେଟ୍ସ ପ୍ରାଇଭେଟ୍ ଲିମିଟେଡ୍ ଏବଂ ହ୍ୱାଇଟ୍ ଲିଲି ଇଷ୍ଟେଟ୍ସ ପ୍ରାଇଭେଟ୍ ଲିମିଟେଡ୍ ନାମକ କମ୍ପାନୀରେ ପିନାକୀ ଏବଂ ସଙ୍ଗୀତା ନିର୍ଦ୍ଦେଶକ ଅଛନ୍ତି।

ଅନ୍ୟପକ୍ଷରେ ମହୁଆ ମୋଇତ୍ରୋ ନ୍ୟୁୟର୍କ ଏବଂ ଲଣ୍ଡନରେ ଜେପି ମୋର୍ଗାନ୍ କମ୍ପାନୀରେ ଉଚ୍ଚ ପଦରେ କାର୍ଯ୍ୟ କରିଛନ୍ତି। ସେ ଡେନମାର୍କର ଜଣେ ଫାଇନାନ୍ସର ଲାର୍ସ ଭି ବୋରୋସନଙ୍କୁ ବିବାହ କରିଥିଲେ ଓ ପରେ ସେମାନଙ୍କର ବିବାହ ବିଚ୍ଛେଦ ହୋଇଛି। ୨୦୦୮ ମସିହାରେ ସେ ଚାକିରି ଛାଡି ଭାରତ ଫେରିଆସି ଯୁବ କଂଗ୍ରେସରେ ଯୋଗ ଦେଇଥିଲେ ଓ ଦୁଇ ବର୍ଷ ପରେ ଟିମ୍‌ସିରେ ସାମିଲ ହୋଇଥିଲେ। ୨୦୧୬ ରେ ପ୍ରଥମ ଥର ପାଇଁ କରିମ୍‌ନଗର ଆସନରୁ ବିଧାନସଭା ନିର୍ବାଚନ ଲଢ଼ିଥିଲେ ଏବଂ ୨୦୧୯ ଓ ୨୦୨୪ରେ କୃଷ୍ଣନଗର ଲୋକସଭା କ୍ଷେତ୍ରର ଟିଏମ୍‌ସି ପ୍ରାର୍ଥୀ ଭାବରେ ସଂସଦକୁ ନିର୍ବାଚିତ ହୋଇଛନ୍ତି ।

# ଆମ୍ବ ତୋଟାରେ ବଜ୍ରପାତ; ୨ ମୃତ

କଣିହାଁ, ୫।୬(ସମିସ): କଣିହାଁ ବ୍ଲକ୍ ବଜ୍ରକୋଟ ପଞ୍ଚାୟତ ଗୁଣ୍ଡୁରୀ ଗ୍ରାମରେ ଗୁରୁବାର ବଜ୍ରପାତରେ ଦୁଇଜଣଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ଗ୍ରାମର କାହ୍ନୁଚରଣ ମିଶ୍ର (୬୩) ଓ ଶିବ ନାଏକ (୧୫)। ସେହିପରି ଅନ୍ୟ ଜଣେ ନାବାଳକ ଶୁଭମ ମହାପାତ୍ର (୧୨) ଗୁରୁତର ହୋଇଛନ୍ତି। ତାଙ୍କୁ କଣିହାଁ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି।

ସୂଚନାନୁଯାୟୀ, ୩ଜଣ ଯାକ ଆଜି ଅପରାହ୍ଣରେ ତୋଟାକୁ ଆମ୍ବ ତୋଳିବାକୁ ଯାଇଥିଲେ। ଏହି ସମୟରେ ହଠାତ୍ ଘଡ଼ଘଡ଼ି ସହ ବର୍ଷା-ପବନ ହେବାରୁ ସେମାନେ ଏକ ଆମ୍ବ ଗଛମୂଳରେ ଆଶ୍ରୟ ନେଇଥିଲେ। ତେବେ ସେଠାରେ ଗୋଟିଏ ବଜ୍ରପାତ ହେବାରୁ ସମସ୍ତେ ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ଲୋକ ସେମାନଙ୍କୁ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ କଣିହାଁ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ପରୀକ୍ଷାନିରୀକ୍ଷା କରି କାହ୍ନୁଚରଣ ଓ ଶିବଙ୍କୁ ମୃତ ଘୋଷଣା କରିଥିଲେ। କଣିହାଁ ପୁଲିସ୍ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ୨ଟି ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

# ୬୫୦୦ କେଜି ବିସ୍ଫୋରକ ଜବତ

ଭବାନୀପାଟଣା/ଜୟପାଟଣା, ୫।୬(ସମିସ): ସଶସ୍ତ୍ର ମାଓବାଦୀମାନେ ସୁନ୍ଦରଗଡ଼ ଜିଲ୍ଲାରେ ୫ଟନ୍‌ରୁ ଊର୍ଦ୍ଧ୍ୱ ବିସ୍ଫୋରକ ଲୁଟିନେବା ଘଟଣାକୁ ଦିନ କେଇଟା ପୂରି ନଥିବା ବେଳେ କଳାହାଣ୍ଡି ଜିଲ୍ଲାରୁ ଆଜି ଏକାବେଳକେ ୬୫୦୦ କେଜି ବିସ୍ଫୋରକ ସହ ୧୧୫ଟି ଡିଟୋନେଟର୍ ଜବତ ହେବା ଘଟଣା ରାଜ୍ୟବ୍ୟାପୀ ଚାଞ୍ଚଲ୍ୟ ସୃଷ୍ଟି କରିଛି। ବେଆଇନ ଭାବେ ଦୁଇଟି ଗାଡ଼ିରେ ଚାଲାଣ ହେଉଥିବା ବେଳେ ଖଣି ବିଭାଗ ଓ ପୁଲିସ୍ ମିଳିତ ଚଢ଼ଉ କରି



ଜୟପାଟଣା ଥାନା ଅଧୀନ ଲାଖବହାଲି ଜଗନ୍ନାଥ କ୍ରସରରୁ ଏହି ବିସ୍ଫୋରକ ଜବତ କରିଛି। ଜବତ ବିସ୍ଫୋରକ ମଧ୍ୟରେ ୭୫୦ମିଟର ୧୧୫ଟି ଡିଟୋନେଟର୍ ସହ ୩୦୦ ଏମଏମ ଲମ୍ବ ଓ ୮୩ ଏମଏମ ମୋଟା ବିଶିଷ୍ଟ କାଟ୍ରିଜ୍ ରହିଛି। ଏହାର ଓଜନ ୬୫୦୦ କେଜି ବୋଲି ଜଣାପଡ଼ିଛି। ଏହି ଘଟଣାରେ ୪ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି। ସେମାନେ ହେଲେ, ଜଗନ୍ନାଥ କ୍ରସର୍‌ର ସୁପରଭାଇଜର୍ ଜଗନ୍ନାଥ ତିୱାରୀ, ଟ୍ରକ୍ ଚାଳକ ରଞ୍ଜନ କ୍ଷିତି, ପିକ୍-ଅପ୍ ଚାଳକ ଧର୍ମୁ ପୋଢ଼ ଓ ବ୍ଲାଷ୍ଟର୍ ଅରୁଣ କୁମାର। ସମସ୍ତଙ୍କୁ କୋର୍ଟଚାଲାଣ କରାଯାଇଛି। ଏନେଇ ଜୟପାଟଣା ଥାନାରେ ଏକ ମାମଲା ରୁଜୁ ହୋଇଛି।

ବିନା କୌଣସି ଅନୁମତି କିମ୍ବା ସଂରକ୍ଷଣ ପାଇଁ ବୈଧ ଲାଇସେନ୍ସ ନ ଥିବା ଉକ୍ତ ବିସ୍ଫୋରକ କଳିଙ୍ଗ ଆଣ୍ଡ କୋ ଆଲିସାନ ଲାଇଫ୍ ଷ୍ଟାଇଲ କମ୍ପାନୀର ମାଲିକ ଅନୁପ କୁମାର ଅଗ୍ରୱାଲ ଯୋଗାଣ କରିଥିଲେ ବୋଲି ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି। ଏହା ବିସ୍ଫୋରକ ସାମଗ୍ରୀର ସଂରକ୍ଷଣ ଓ ପରିବହନ ନିୟମକୁ ସମ୍ପୂର୍ଣ୍ଣ ଉଲ୍ଲଙ୍ଘନ ବୋଲି କୁହାଯାଉଛି। ଲାଖବାହାଲି ପଥର ଖଣି ମାଲିକ ଜନାର୍ଦ୍ଦନ ପଣ୍ଡାଙ୍କ ଖଣି ଅଞ୍ଚଳରେ ବିସ୍ଫୋରକ ସାମଗ୍ରୀ ବୋଝେଇ ୨ଟି ଗାଡ଼ି ଥିବା ବେଳେ ପଥର ଖଣି ସୁପଭାଇଜର ଜଗନ୍ନାଥ ତିୱାରି ଗାଡ଼ିକୁ ରଖିବାକୁ ଦେଇଥିଲେ ବୋଲି ପୁଲିସ୍ ଏକ ପ୍ରେସ୍‌ବାର୍ତ୍ତାରେ ସୂଚନା ଦେଇଛି। ତେବେ ସେ କିପରି ଏତେ ପରିମାଣରେ ବିସ୍ଫୋରକ ପରିବହନ କରୁଥିଲେ ଓ ଏହା କେଉଁଠିକୁ ଯାଉଥିଲା, ତାହା ପୁଲିସ ତଦନ୍ତ କରୁଛି। ସେହିପରି ବିସ୍ଫୋରକ ସାମଗ୍ରୀ ଦିନ ସମୟରେ ପରିବହନ ପାଇଁ ନିୟମ ଥିବା ବେଳେ ସନ୍ଧ୍ୟା ସମୟରେ କିପରି ଏହା ପରିବହନ ହେଉଥିଲା, ତାକୁ ନେଇ ପ୍ରଶ୍ନ ଉଠିଛି।

ଉଲ୍ଲେଖଯୋଗ୍ୟ, ଜୟପାଟଣାର ଯେଉଁ ଅଞ୍ଚଳରୁ ଏହା ଜବତ କରାଯାଇଛି, ତାହା ଜଙ୍ଗଲକୁ ଲାଗି ରହିଛି। ଏହା କଳାହାଣ୍ଡି ଓ ନବରଙ୍ଗପୁର ଜିଲ୍ଲାର ସୀମାନ୍ତ ଅଞ୍ଚଳ। ପାଖରେ ବହୁମୁଖୀ ଇନ୍ଦ୍ରାବତୀ ଡ୍ୟାମ, ଇନ୍ଦ୍ରାବତୀ ପ୍ରକଳ୍ପ, ମଙ୍ଗଳପୁର ବ୍ୟାରେଜ, ମେଗା ପାନୀୟ ଜଳ ପ୍ରକଳ୍ପ, ସ୍କୁଲ, କଲେଜ ଇତ୍ୟାଦି ରହିଛି। ଏହା ଅସାମାଜିକ ବ୍ୟକ୍ତିର ହାତରେ ପଡ଼ିଥିଲେ, କ'ଣ ହୋଇଥା'ନ୍ତା ବୋଲି ପ୍ରଶ୍ନ ଉଠିଛି। ଜିଲ୍ଲା ଖଣି ବିଭାଗ ଜୁନିୟର ଖଣି ଅଧିକାରୀ ପ୍ରଶାନ୍ତ କର ଓ ଜୟପାଟଣା ଥାନା ଅଧିକାରୀ ମମତା ହେମ୍ବ୍ରମ, ସବ୍-ଇନ୍ସପେକ୍ଟର ବିନୟ କୁମାର ବାରା ତଦନ୍ତ ଆରମ୍ଭ କରିଛନ୍ତି।

## ଏସ୍‌ଏଲ୍‌ଏନ୍ ମେଡିକାଲ କଲେଜରେ ରୋଗୀ ମୃତ୍ୟୁ ଘଟଣା
# ବିଧାୟକ-କଂଗ୍ରେସ କର୍ମୀ ଧସ୍ତାଧସ୍ତି

କୋରାପୁଟ, ୫।୬ (ସମିସ): କୋରାପୁଟ ସହିଦ ଲକ୍ଷ୍ମଣ ନାୟକ(ଏସ୍‌ଏଲ୍‌ଏନ୍) ମେଡିକାଲ କଲେଜ ଓ ହସ୍‌ପିଟାଲରେ ସ୍ୱଳ୍ପ ସମୟ ବ୍ୟବଧାନରେ ୬ ରୋଗୀଙ୍କ ମୃତ୍ୟୁ ଘଟଣାକୁ କେନ୍ଦ୍ର କରି ଆଜି ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଆଜି ଘଟଣାର ଅନୁଧ୍ୟାନ କରିବାକୁ ମେଡିକାଲ ଗସ୍ତରେ ଆସିଥିବା ବେଳେ କଂଗ୍ରେସ କର୍ମୀମାନେ ତାଙ୍କୁ ତୀବ୍ର ବିରୋଧ କରିଛନ୍ତି। ଏପରିକି, ସ୍ଥାନୀୟ ବିଧାୟକ ରଘୁରାମ ମାଛ ଓ କଂଗ୍ରେସ କର୍ମୀଙ୍କ ମଧ୍ୟରେ ଧସ୍ତାଧସ୍ତି ଭଳି ଅପ୍ରୀତିକର ପରିସ୍ଥିତି ଉପୁଜିଛି।

ଅପରପକ୍ଷେ, ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି ଯେ ଘଟଣାର ତଦନ୍ତ ଚାଲିଛି। ଭୁଲ୍ ଚିକିତ୍ସା ସ୍ପଷ୍ଟ ହେଲେ, ଦୋଷୀ ଅଧିକାରୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ମନ୍ତ୍ରୀ କହିଛନ୍ତି।

ସ୍ୱାସ୍ଥ୍ୟମନ୍ତ୍ରୀ ଶ୍ରୀ ମହାଲିଙ୍ଗ ଆଜି ଜିଲ୍ଲାପାଳ ଭି କୀର୍ତ୍ତି ଭାସନ୍, ଏସ୍‌ପି ରୋହିତ ବର୍ମାଙ୍କ ସହ ହସ୍ପିଟାଲ ପରିଦର୍ଶନ କରିଥିଲେ। ତେବେ ଏହାକୁ ନେଇ ସେଠାରେ ଉପସ୍ଥିତ କଂଗ୍ରେସ କର୍ମୀମାନେ ପ୍ରଶ୍ନ ଉଠାଇଥିଲେ। ସେମାନେ କହିଥିଲେ ଯେ ମନ୍ତ୍ରୀ ମାତ୍ର ୫ ମିନିଟ୍‌ରେ ଏମିତି କ'ଣ ଅନୁଧ୍ୟାନ କଲେ? ହସ୍ପିଟାଲ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କଲେ ନା ଖାଲି ବୁଲିବାକୁ ଆସିଥିଲେ ବୋଲି କଂଗ୍ରେସ ପ୍ରଶ୍ନ କରିଥିଲା।

କଂଗ୍ରେସ ବିଧାୟକ ଦଳ ନେତା ତଥା ପଟ୍ଟାଙ୍ଗି ବିଧାୟକ ରାମଚନ୍ଦ୍ର କାଡ଼ାମଙ୍କ ନେତୃତ୍ୱରେ ପୂର୍ବତନ ବିଧାୟକ ନିମାଇଁ ସରକାର, ପିସିସି ସମ୍ପାଦକ ରୂପକ ତୁରୁକ, ପୂର୍ବତନ ପୌରାଧ୍ୟକ୍ଷ ଭଗବାନ ବାହିନୀପତି, ସାଂସଦ ପ୍ରତିନିଧି ବାବୁଲା



ବେନିଆ, କଂଗ୍ରେସ ନେତା ରମେଶ ବାକ୍ଷିଆ, ଭବାନୀ ଶଙ୍କର ମିଶ୍ର ପ୍ରମୁଖ ଶତାଧିକ କର୍ମୀଙ୍କ ସହ ମନ୍ତ୍ରୀଙ୍କୁ ବିରୋଧ କରିଥିଲେ। ମନ୍ତ୍ରୀଙ୍କୁ ବିରୋଧ ସମୟରେ କୋରାପୁଟ ବିଧାୟକ ରଘୁରାମ ମାଛ ଏବଂ କଂଗ୍ରେସ କର୍ମୀଙ୍କ ମଧ୍ୟରେ ଧସ୍ତାଧସ୍ତି ହୋଇଥିଲା। ଏନେଇ ପୂର୍ବତନ ବିଧାୟକ ନିମାଇଁ ସରକାର ଅଭିଯୋଗ କରିଛନ୍ତି ଯେ କଂଗ୍ରେସ କର୍ମୀମାନଙ୍କୁ ବିଧାୟକ ଧକ୍କା ମାରିଛନ୍ତି। ସେମାନେ ମନ୍ତ୍ରୀଙ୍କୁ ଭେଟି କୋରାପୁଟ ମେଡ଼ିକାଲ କଲେଜର ବିଭିନ୍ନ ସମସ୍ୟା ଉପରେ ଆଲୋଚନା କରିବାକୁ ଚାହୁଥିଲେ। କିନ୍ତୁ ସ୍ଥାନୀୟ ବିଧାୟକ ଏହାକୁ ବିରୋଧ କରିଥିଲେ ବୋଲି କଂଗ୍ରେସ ବିଧାୟକ ଦଳନେତା ରାମଚନ୍ଦ୍ର କାଡାମ କହିଛନ୍ତି। ସେହିପରି ପ୍ରଦେଶ କଂଗ୍ରେସ କମିଟି ସମ୍ପାଦକ ରୂପକ ତୁରୁକ ପ୍ରଶ୍ନ କରିଛନ୍ତି ଯେ ମନ୍ତ୍ରୀ ଆଇସିୟୁ ବିଭାଗକୁ ଯାଇ କ'ଣ ସ୍ଥିତି ଅଛି ଦେଖିବା କଥା। କିନ୍ତୁ ମନ୍ତ୍ରୀ ସେଠାକୁ

■ ମନ୍ତ୍ରୀଙ୍କ ଗସ୍ତକୁ କଂଗ୍ରେସର ଜୋର୍‌ଦାର୍ ବିରୋଧ
■ ତଦନ୍ତ ରିପୋର୍ଟ ଆଧାରରେ କାର୍ଯ୍ୟାନୁଷ୍ଠାନ: ମନ୍ତ୍ରୀ
■ ଏନ୍‌ଏଚ୍‌ଆର୍‌ସିରେ ଅଭିଯୋଗ

ନଯାଇ କ'ଣ ଦେଖିବାକୁ ଆସିଥିଲେ ବୋଲି ସେ ପ୍ରଶ୍ନ କରିଛନ୍ତି। ଅପରପକ୍ଷେ, ଏହି ଘଟଣାକୁ ନେଇ ମାନବାଧିକାର କର୍ମୀ ଜୟନ୍ତ ଦାଶ ଜାତୀୟ ମାନାବାଧିକାର ଆୟୋଗ(ଏନ୍‌ଏଚ୍‌ଆରସିଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଏହି ଘଟଣାର ତଦନ୍ତ ପାଇଁ ଏକ ସ୍ୱତନ୍ତ୍ର ଟିମ୍‌କୁ ଦାୟିତ୍ୱ ଦିଆଯିବା ସହ ଏନ୍‌ଏଚ୍‌ଆରସି ଟିମ୍ ମେଡ଼ିକାଲ ପରିଦର୍ଶନ କରିବାକୁ ସେ ଦାବି କରିଛନ୍ତି। ଏହାସହ, ସମସ୍ତ ମେଡ଼ିକାଲ ଷ୍ଟାଫ୍‌ଙ୍କ ବିରୋଧରେ ଫୌଜଦାରୀ ମାମଲା ରୁଜୁ, ମୃତକଙ୍କ ପରିବାରକୁ ୩୦ଲକ୍ଷ କ୍ଷତିପୂରଣ ଦେବାକୁ ସରକାରଙ୍କ ନିର୍ଦ୍ଦେଶ ଦେବା ପାଇଁ ସେ ଅଭିଯୋଗରେ ଦର୍ଶାଇଛନ୍ତି।

## ୫ ଜଣିଆ କମିଟିର ତଦନ୍ତ ଆରମ୍ଭ

୬ ରୋଗୀ ମୃତ୍ୟୁ ଘଟଣାର ତଦନ୍ତ ପାଇଁ ଡିଏମଇଟିଙ୍କ ଦ୍ୱାରା ନିଯୁକ୍ତ ଟିମ୍ ବୁଧବାର ରାତିରେ କୋରାପୁଟ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ହସ୍‌ପିଟାଲ ଅଧୀକ୍ଷକ ପ୍ରଫେସର୍ ସୁଶାନ୍ତ କୁମାର ସାହୁଙ୍କଠାରୁ ମିଳିଥିବା ସୂଚନାନୁସାରେ, ବ୍ରହ୍ମପୁର ଭେଷଜ ମହାବିଦ୍ୟାଳୟର ଆନାସ୍ଥିସିଆ ବିଶେଷଜ୍ଞ ପ୍ରଫେସର୍ ଏଚ୍.କେ ଦଳେଇ, ସର୍ଜରୀ ବିଶେଷଜ୍ଞ ସହକାରୀ ପ୍ରଫେସର୍ ଡାକ୍ତର ଆଇ. ଗୋପାଳ, ମେଡିସିନ୍ ସ୍ପେସିଆଲିଷ୍ଟ ପ୍ରଫେସର୍ ଡାକ୍ତର ସଚ୍ଚିଦାନନ୍ଦ ନାୟକ, କଟକ ବଡ଼ ମେଡ଼ିକାଲର ସର୍ଜରୀ ବିଶେଷଜ୍ଞ ପ୍ରଫେସର ଏଚ୍.କେ. ମାଝୀ ଏବଂ ସହକାରୀ ପ୍ରଫେସର ଡାକ୍ତର ବି.ସ୍ୱାଗତ କୁମାର ସୁବୁଦ୍ଧି ବୁଧବାର ରାତିରେ ପହଞ୍ଚି ତଦନ୍ତ କରିଛନ୍ତି। ତଦନ୍ତକାରୀ ଡାକ୍ତର ଟିମ୍ ଆଇସିୟୁ ଏବଂ ସର୍ଜରୀ ୱାର୍ଡ ଯାଇ ମୃତ ରୋଗୀମାନଙ୍କୁ ଦିଆ ଯାଇଥିବା ଔଷଧ, ଇଞ୍ଜେକସନ ଯାଞ୍ଚ କରିବା ସହ ସେତେବେଳେ ଡ୍ୟୁଟିରେ ଥିବା ଡାକ୍ତର ଓ ଷ୍ଟାଫ୍‌ନର୍ସମାନଙ୍କୁ ପଚରା ଉଚରା କରିଛନ୍ତି।

## ହତ୍ୟାର ହଟ୍‌ସ୍ପଟ୍ ଗଞ୍ଜାମ
# ୨୪ ଘଣ୍ଟାରେ ଗଡ଼ିଲା ଆଉ ୨ ମୁଣ୍ଡ

କୋଦଳା/ଜଗନ୍ନାଥପ୍ରସାଦ, ୫।୬ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁବାର ଦିନିକିଆ ଗଞ୍ଜାମ ଗସ୍ତରେ ଆସିବା ପୂର୍ବରୁ ଜିଲ୍ଲାରେ ଦୁଇ ଦୁଇଟି ବୀଭତ୍ସ ହତ୍ୟାକାଣ୍ଡ ପୁଲିସ୍ ପାଇଁ ଅଡୁଆ ପରିସ୍ଥିତି ସୃଷ୍ଟି କରିଛି। କୋଦଳା ଥାନା ନାୟିକାଣୀପଲ୍ଲିରେ ନାତିର ଠେଙ୍ଗାମାଡ଼ରେ ଜେଜେମା'ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଗନ୍ନାଥପ୍ରସାଦ ଥାନା ଅଞ୍ଚଳରେ ଜମିବାଡ଼ି ବିବାଦରୁ ରାସ୍ତା ଉପରେ ଶାଳୀକୁ ହାଣି ହତ୍ୟା କରିଛି ଭିଣୋଇ।

ସୂଚନାନୁଯାୟୀ, ନାୟିକାଣୀପଲ୍ଲି ମାଗୁରା ସାହିରେ ଚିତ୍ରସେନ୍ ସ୍ୱାଇଁ, ସ୍ତ୍ରୀ ସୁମତି ଏବଂ ତାଙ୍କର ପୁଅ-ଝିଅ ରହନ୍ତି। ଚିତ୍ରସେନ୍ ପ୍ରାୟ ସମୟରେ ପାଗଳଙ୍କ ଭଳି ବ୍ୟବହାର କରି ବିଭିନ୍ନପ୍ରକାର ଅଘଟଣ ଘଟାଉଥିଲେ। ବାହାର ଲୋକଙ୍କୁ ମାରଧର କରିବା ସହ ଗାଡ଼ି, ସାଇକଲ ଆଦି ଭଙ୍ଗାରୁଜା କରିବା ନେଇ ବାରମ୍ବାର ଅଭିଯୋଗ ହେଉଥିଲା। କିଛି ଦିନ ତଳେ ପୁଲିସ ତାଙ୍କୁ ଅଟକ ମଧ୍ୟ ରଖିଥିଲା। ତେବେ ବୁଧବାର ରାତି ପ୍ରାୟ ୧୧ଟାରେ ସେ ହଠାତ୍ ସୁମତିଙ୍କୁ ଏକ କାଠଫାଳିଆରେ ଆକ୍ରମଣ କରିଥିଲେ। ସୁମତି କୌଶଳକ୍ରମେ ବାହାରକୁ ପଳାଇ ଆସିଥିଲେ ହେଁ ପୁଅ-ଝିଅ ଘର ଭିତରେ ରହିଯାଇଥିଲେ। ତେଣୁ ପିଲାଦ୍ୱୟଙ୍କୁ ଆଣିବା ପାଇଁ ଜେଜେମା' ଅନି ସ୍ୱାଇଁ (୮୫)ଙ୍କୁ ସୁମତି ଘର ଭିତରକୁ ପଠାଇଥିଲେ। ଏହି ସମୟରେ ରାଗରେ ଥିବା ପାଗଳପ୍ରାୟ ଚିତ୍ରସେନ ଜେଜେମା'ଙ୍କୁ ବି ଛାଡ଼ିନଥିଲା। କାଠଫାଳିଆରେ ପିଟିପିଟି ଆଣି ରାସ୍ତା ଉପରେ ପକାଇ ଦେଇଥିଲା। ପାଟି ଶୁଣି ତାଙ୍କ ବଡ଼ବାପା ଦିବାନ ସ୍ୱାଇଁ ଏବଂ ବଡ଼ମା' ସୁରି ସ୍ୱାଇଁ ପହଞ୍ଚି ମା'କୁ ବଞ୍ଚାଇବାକୁ ଚେଷ୍ଟା କରିବାରୁ ତାଙ୍କୁ ମଧ୍ୟ ଚିତ୍ରସେନ ଆକ୍ରମଣ କରିଥିଲା। ଗାଁ ଲୋକ ଏହା ଦେଖୁଥିଲେ ହେଁ ପାଖକୁ ଯିବାକ କେହି ସାହସ ଜୁଟାଇ ପାରିନଥିଲେ। ଚିତ୍ରସେନ୍ ଚାଲିଯିବା ପରେ ଏକ ଆମ୍ବୁଲାନ୍ସରେ ଅନି ଓ ଦିବାନଙ୍କୁ କୋଦଳା ମେଡିକାଲରେ

■ ନାତିର କାଠଫାଳିଆ ମାଡ଼ରେ ଜେଜେ ମା' ମୃତ
■ ରାସ୍ତାରେ ହାଣିଲା ଭିଣୋଇ, ଶାଳୀ ମୃତ
■ ମୁଖ୍ୟମନ୍ତ୍ରୀ ଆସିବା ପୂର୍ବରୁ ହତ୍ୟାକାଣ୍ଡ; ପୁଲିସ୍‌ର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ





ଭର୍ତ୍ତି କରାଯାଇଥିଲା। କିନ୍ତୁ ଡାକ୍ତର ସେଠାରେ ଅନିଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ଅଭିଯୋଗ ହେବା ପରେ ପୁଲିସ୍ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଭିଯୁକ୍ତ ଚିତ୍ରସେନକୁ ଅଟକ ରଖି ପଚରାଉଚରା କରୁଛି।

ସେହିଭଳି ଜଗନ୍ନାଥପ୍ରସାଦ ଥାନା ଅଞ୍ଚଳରେ ଜମିବାଡ଼ି ବିବାଦରୁ ଶାଳୀକୁ ଅତି ନୃଶଂସ ଭାବେ ହାଣି ହତ୍ୟା କରିଛି ଭିଣୋଇ। ମୃତକ ହେଲେ, ଜଗନ୍ନାଥପ୍ରସାଦ ଥାନା ଚଢ଼ିଆପଲ୍ଲୀ ଗ୍ରାମ ବଉଳସାହିର ଗଦାଧର ତ୍ରିପାଠୀଙ୍କ ଝିଅ ବିଜୟଲକ୍ଷ୍ମୀ ତ୍ରିପାଠୀ(୪୦)। ସେ ଜଣେ ଆଶାକର୍ମୀ। ଏକ ଧାରୁଆ ଅସ୍ତ୍ରରେ ଭିଣୋଇ ରାମଚନ୍ଦ୍ର ତ୍ରିପାଠୀ (୫୦) ତାଙ୍କୁ ଅତି ନିର୍ମମ ଭାବେ ହତ୍ୟା କରିବା ପରେ ଜଗନ୍ନାଥପ୍ରସାଦ ଥାନାରେ ଆତ୍ମସମର୍ପଣ କରିଛି। ପୁଲିଓ୍ ରାମଚନ୍ଦ୍ର ଏବଂ ତାଙ୍କ ପତ୍ନୀଙ୍କୁ ଅଟକ ରଖି ପଚାରାଉଚରା କରୁଛି।

ସୂଚନାନୁସାରେ, ଗଦାଧରଙ୍କ ଝିଅ ବିନୋଦିନୀଙ୍କୁ ବିବାହ କରିବା ପରେ ରାମଚନ୍ଦ୍ର ଘରଜ୍ୱାଇଁ ଭାବେ ରହୁଥିଲେ। ଗଦାଧରଙ୍କ ମୃତ୍ୟୁ ପରେ ସମ୍ପତ୍ତି ଭଗବଣ୍ଟାକୁ ନେଇ ରାମଚନ୍ଦ୍ର ଓ ଶାଳୀ ବିଜୟଲକ୍ଷ୍ମୀଙ୍କ ମଧ୍ୟରେ ବିବାଦ ଉପୁଜିଥିଲା। ଏହାକୁ ନେଇ ଦୀର୍ଘବର୍ଷ ହେବ କୋର୍ଟରେ ମକଦ୍ଦମା ଲାଗି ରହିଥିଲା। ତେବେ ବିବାଦୀୟ ଜାଗାରେ ଘର ତିଆରି ପାଇଁ ବୁଧବାର ଦିନ ରାମଚନ୍ଦ୍ର ପଥର ପକାଇବାରୁ ବିଜୟାଲକ୍ଷ୍ମୀଙ୍କ ସହ ବଚସା ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ରାମଚନ୍ଦ୍ର ଧରିଥିବା ଏକ ଧାରୁଆ ଅସ୍ତ୍ରରେ ବିଜୟଲକ୍ଷ୍ମୀଙ୍କୁ ଚୋଟ ପରେ ଚୋଟ ପକାଇଥିଲେ। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପୁଲିସ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇ ତଦନ୍ତ ଚଳାଇଥିବା ତଦନ୍ତକାରୀ ଅଧିକାରୀ ବଂଶୀଧର ମଲ୍ଲିକ ସୂଚନା ଦେଇଛନ୍ତି। ଅପରାହ୍ନରେ ଛତ୍ରପୁରରୁ ସାଇଣ୍ଟିଫିକ ଟିମ୍ ପହଞ୍ଚି ଘଟଣାର ଛାନଭିନ ଜାରି ରଖିଥିଲେ।

ଉଲ୍ଲେଖଯୋଗ୍ୟ, ମୁଖ୍ୟମନ୍ତ୍ରୀ ରମ୍ଭା, ଛତ୍ରପୁର ଓ ବ୍ରହ୍ମପୁରରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବା ପୂର୍ବରୁ ଜିଲ୍ଲାରେ ଏହି ଦୁଇ ଦୁଇଟି ହତ୍ୟାକାଣ୍ଡ ପୁଲିସ୍‌ର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଖାଲି ଏହି ୨ଟି ଘଟଣା ନୁହେଁ, ଜିଲ୍ଲାରେ ପ୍ରତି କିଛିଦିନ ଅନ୍ତରାଳରେ ହତ୍ୟାକାଣ୍ଡରେ କାହାର ନା କାହାର ମୁଣ୍ଡ ଗଡୁଛି। ୨ ଦିନ ତଳେ ଜଣେ ଜେଲ୍‌ଫେରନ୍ତା ଯୁବକଙ୍କୁ କିଛି ଦୁର୍ବୃତ୍ତ ଅତି ଅମାନବୀୟ ଭାବେ ଅପହରଣ କରି ହତ୍ୟା କରିଥିଲେ। କହିବାକୁ ଗଲେ, ବର୍ତ୍ତମାନ ଗଞ୍ଜାମ ପୂରା ରାଜ୍ୟରେ 'ହତ୍ୟାକାଣ୍ଡ'ର ହଟ୍‌ସ୍ପଟ୍ ପାଲଟିଛି।

# ଲାଞ୍ଚ ନେଇ ସେକ୍ସନ୍ ଅଫିସର୍ ଗିରଫ

ପୁରୀ, ୫।୬(ସମିସ): ପୁରୀ ଉପଖଣ୍ଡ ପ୍ରାଣୀ ଚିକିତ୍ସା କାର୍ଯ୍ୟାଳୟରେ କାର୍ଯ୍ୟରତ ସେକ୍ସନ ଅଫିସର୍ ମନୋଜ ମହାନ୍ତିଙ୍କୁ ଭିଜିଲାନ୍ସ ଗିରଫ କରିଛି। ୯ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ତାଙ୍କୁ ଧରିଛି। ନିମାପଡ଼ା ରେଞ୍ଜର ଅଭିଯୋଗକାରୀ ଏବଂ ଅନ୍ୟ ପାଞ୍ଚଜଣଙ୍କ ବିଦ୍ୟୁତ୍ ଚାଳିତ ଗାଡ଼ିର ସୁବିଧା କରାଇବା ପାଇଁ ସେକ୍ସନ ଅଫିସର୍ ବିଳମ୍ବ କରାଉଥିଲେ। ଏଥିଲାଗି ସେ ୯ହଜାର ଟଙ୍କା ଦାବି କରିଥିଲେ। ଏନେଇ ଅଭିଯୋଗକାରୀ ଭିଜିଲାନ୍ସ କର୍ତ୍ତୃପକ୍ଷଙ୍କୁ ଅବଗତ କରାଇଥିଲେ। ପୂର୍ବ ଯୋଜନା ଅନୁଯାୟୀ, ଗୁରୁବାର ଶ୍ରୀ ମହାନ୍ତି ଅଭିଯୋଗକାରୀଙ୍କଠାରୁ ଲାଞ୍ଚ ନେଉଥିବା ବେଳେ ତାଙ୍କୁ ଭିଜିଲାନ୍ସ କାବୁ କରିଥିଲା। ଶ୍ରୀ ମହାନ୍ତିଙ୍କଠାରୁ ୯ ହଜାର ଟଙ୍କା ଜବତ କରାଯାଇଛି। ଅନ୍ୟପଟେ ତାଙ୍କ ଆବାସିକ ଘର କଟକ ବୟାଳିଶମୌଜା, ମାହାଙ୍ଗାସ୍ଥିତ ପୈତୃକ ବାସଭବନ ଏବଂ ଅଫିସ୍‌ରେ ଏକକାଳୀନ ଚଢ଼ଉ କରାଯାଇଥିଲା। ଭିଜିଲାନ୍ସ ତାଙ୍କ ବିରୋଧରେ ଏକେ ମାମଲା ରୁଜୁ କରିଛି।

# କଟିବ ୨୦ଲକ୍ଷ ହିତାଧିକାରୀଙ୍କ ରାସନ କାର୍ଡ

ଭୁବନେଶ୍ୱର, ୫।୬(ସମିସ): ଦୀର୍ଘ ୮ ମାସ ଧରି ଚାଲୁଥିବା ଇ-କେୱାଇସି ଏହି ମାସରେ ଶେଷ ହେବ। ହେଲେ ଏବେ ବି ୨୦ଲକ୍ଷରୁ ଅଧିକ ହିତାଧିକାରୀ ଇ-କେୱାଇସି କରିନାହାନ୍ତି। ତେଣୁ ଏହି ମାସ ଶେଷ ସୁଦ୍ଧା ଯେଉଁ ହିତାଧିକାରୀ ନିଜର ଇ-କେୱାଇସି ଶେଷ କରିବେନି, ସେମାନଙ୍କର ରାସନ କାର୍ଡ କଟିବ ବୋଲି ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଆଜି ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ତେଣୁ ଚଳିତ ମାସ ଶେଷ ସୁଦ୍ଧା ଯେଉଁ ହିତାଧିକାରୀ ଇ-କେୱାଇସି ପ୍ରକ୍ରିୟା ଶେଷ କରିବେ ନାହିଁ, ସେମାନଙ୍କ ରାସନ କାର୍ଡ ବାତିଲ ହେବ। ପ୍ରାୟ ୨୦ ଲକ୍ଷ ହିତାଧିକାରୀ ଏଥିରୁ ବାଦ ପଡ଼ିବାର ସମ୍ଭାବନା ରହିଛି। ଗତ ୧୩ ବର୍ଷ ଧରି ନୂଆ ରାସନ କାର୍ଡ ଜାରି ହୋଇନାହିଁ। ନୂଆ ସରକାର ଗଠନ ପରେ ୧୭ ଲକ୍ଷ ନୂଆ ଆବେଦନ ଆସିଛି ବୋଲି ମନ୍ତ୍ରୀ ଶ୍ରୀ ପାତ୍ର ସୂଚନା ଦେଇଛନ୍ତି।

ସକାଳ THE SAKALA



# ସ୍ୱାସ୍ଥ୍ୟ ମନ୍ତ୍ରୀଙ୍କ ଜୟପୁର ଜିଲ୍ଲା ଚିକିତ୍ସାଳୟକୁ ଅଚାନକ ଗସ୍ତ



ଜୟପୁର,୫ ।୬(ସମିସ):କୋରାପୁଟ ଜିଲ୍ଲାକୁ ଦିନିକିଆ ଗସ୍ତରେ ଆଜି ରାଜ୍ୟ ସ୍ୱାସ୍ଥ୍ୟମନ୍ତ୍ରୀ ବିମାନ ଯୋଗେ ଜୟପୁର ବିମାନବନ୍ଦରରେ ଅବତରଣ କରିଥିଲେ। ସେ କୋରାପୁଟସ୍ଥିତ ସହିଦ ଲକ୍ଷ୍ମଣ ନାୟକ ମେଡାକଲ କଲେଜକୁ ଗସ୍ତ କରିବାର ଥିଲା। କିନ୍ତୁ ବିମାନ ବନ୍ଦ ରାସ୍ତା ପାଶ୍ୱର୍ରେ ରହିଥିବା ଜିଲ୍ଲା ଚିକିତ୍ସାଳୟକୁ ସେ ହଠାତ୍ ପହଞ୍ଚିଥିଲେ। ସେଠାରେ ବିଭିନ୍ନ ବିଭାଗ ବୁଲି ପରିଚାଳନା କାର୍ଯ୍ୟ ଦେଖିଥିଲେ। ସେହିପରି କାଜୁଆଲଟି ସେଣ୍ଟର, ରୋଗୀ ରହିଥିବା ୱାର୍ଡ, ଆଇସିୟୁ ସେଣ୍ଟର ଏବଂ ଶେଷରେ ରୋଗୀଙ୍କୁ ପ୍ରଦାନ କରାଯାଉଥିବା ଔଷଧ ବିତରଣ କେନ୍ଦ୍ରରେ ପହଞ୍ଚି ଔଷଧ ଠିକ୍ ଚିଠା ଅନୁଯାୟୀ ପ୍ରଦାନ କରାଯାଉଛି କି ନାହିଁ ଏବଂ ସଠିକ ପରିମାଣରେ ମହଜୁଦ ରହିଛି କି ନାହିଁ, ସେ ନେଇ ରୋଗୀ ଓ ସେମାନଙ୍କ ପରିବାର ଲୋକଙ୍କୁ ପଚାରି ବୁଝିଥିଲେ। ଡାକ୍ତର ମାନଙ୍କ ଉପସ୍ଥାନ ଓ ସ୍ଥିତି ଉପରେ ଅନୁଧ୍ୟାନ କରିଥିଲେ। ମନ୍ତ୍ରୀ ଡା. ମହାଲିଙ୍ଗଙ୍କ ସହ ଜିଲ୍ଲା ଚିକିତ୍ସାଳୟ ଅଧିକ୍ଷକ ଡା.ରବିନ୍ଦ୍ର ନାଥ ମିଶ୍ର, ଡିଏମଓ ଦାୟିତ୍ୱରେ ଥିବା ଡା. ଗଙ୍ଗାଧର ବେହେରାଙ୍କ ଆଲୋଚନା କରିଥିଲେ। ଏହି ଅବସରରେ କୋଟପାଡ ବିଧାୟକ ରୂପୁ ଭତ୍ରା, କୋରାପୁଟ ବିଧାୟକ ରଘୁରାମ ମାଛ, ଜିଲ୍ଲାପାଳ ଭି କର୍ତ୍ତିଭାସନଙ୍କ ସମେତ ଅନ୍ୟାନ୍ୟ ବିଭାଗୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

■ ଓଡ଼ିଶା କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ

## ଅର୍ଥ ଅଧିକାରୀ ଭାବେ ଦୁର୍ଯୋଧନ ସେଠୀ ନିଯୁକ୍ତ

କୋରାପୁଟ,୫।୬(ସମିସ):



ଦୁଇ ବର୍ଷ ଧରି ଖାଲି ପଡ଼ିବା ପରେ ଓଡ଼ିଶା କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ କୋରାପୁଟରେ ଅର୍ଥ ଅଧିକାରୀ ପଦବୀ ପୂରଣ ହୋଇଛି। ଦୁର୍ଯୋଧନ ସେଠୀ ଭାରପ୍ରାପ୍ତ କୁଳସଚିବ ଡକ୍ଟର ରାକେଶ କୁମାର ଲେଙ୍କାଙ୍କ ଉପସ୍ଥିତିରେ ଭାରପ୍ରାପ୍ତ ଅର୍ଥ ଅଧିକାରୀ ଡକ୍ଟର ଅଶୋକ କୁମାର ସାହୁଙ୍କଠାରୁ ଦାୟିତ୍ୱ ଗ୍ରହଣ କରିଛନ୍ତି। ବିଶ୍ୱବିଦ୍ୟାଳୟର ଭାରପ୍ରାପ୍ତ କୁଳପତି ପ୍ରଫେସର ଏନ.ସି. ପଣ୍ଡା ନବ ନିଯୁକ୍ତ ଅର୍ଥ ଅଧିକାରୀ ଶ୍ରୀ ସେଠୀଙ୍କୁ ଅଭିନନ୍ଦନ ଏବଂ ଶୁଭେଚ୍ଛା ଜଣାଇଥିଲେ। ଜଣେ ପୂର୍ଣ୍ଣକାଳୀନ ଅର୍ଥ ଅଧିକାରୀ ନିଯୁକ୍ତି ପାଇବାରୁ ବିଶ୍ୱବିଦ୍ୟାଳୟ ଏହାର ପ୍ରଶାସନିକ କାର୍ଯ୍ୟକୁ ସୁଦୃଢ଼ କରିବ ଏବଂ ସ୍ଥିର ଭାବରେ ଅଗ୍ରଗତି କରିବ ବୋଲି ସେ ଆଶାବ୍ୟକ୍ତ କରିଥିଲେ। ବିଶ୍ୱବିଦ୍ୟାଳୟରେ ଯୋଗଦେବା ପୂର୍ବରୁ ଶ୍ରୀ ସେଠୀ କୋଲକାତାର ସେଣ୍ଟ୍ରାଲ ଗ୍ଲାସ ଆଣ୍ଡ ସେରାମିକ୍ ରିସର୍ଚ୍ଚ ଇନଷ୍ଟିଚ୍ୟୁଟ୍‌ରେ ଅର୍ଥ ଏବଂ ଆକାଉଣ୍ଟସ୍ ନିୟନ୍ତ୍ରକ ଭାବରେ କାର୍ଯ୍ୟ କରିଥିଲେ। ତାଙ୍କର ମୁଖ୍ୟତଃ ବିଜ୍ଞାନ ଏବଂ ପ୍ରଯୁକ୍ତିବିଦ୍ୟା ମନ୍ତ୍ରଣାଳୟ ଅଧୀନରେ ଏକ ସ୍ୱାୟତ୍ତ ସଂସ୍ଥା ବୈଜ୍ଞାନିକ ଏବଂ ଶିଳ୍ପ ଗବେଷଣା ପରିଷଦ ମଧ୍ୟରେ ଆର୍ଥିକ ପରିଚାଳନାରେ ୩୦ ବର୍ଷରୁ ଅଧିକ ଅଭିଜ୍ଞତା ରହିଛି। ଏହି ଅବସରରେ ପ୍ରଫେସର ପଣ୍ଡାଙ୍କ ସହିତ, ଡକ୍ଟର ରାକେଶ କୁମାର ଲେଙ୍କା, ଜନସମ୍ପର୍କ ଅଧିକାରୀ ଡକ୍ଟର ଫଗୁନାଥ ଭୋଇଏବଂ ସହକାରୀ ରେଜିଷ୍ଟ୍ରାର ମାନସ କୁମାର ଦାସଙ୍କ ସମେତ ଅନେକ ବରିଷ୍ଠ ଅଧିକାରୀ ଏବଂ ଅଧ୍ୟାପକ ମଧ୍ୟ ଶ୍ରୀ ସେଠୀଙ୍କୁ ସ୍ୱାଗତ ଅଭିନନ୍ଦନ ଜଣାଇଥିଲେ।

## ଏମ୍‌ଆରଆଇ ମେସିନ ଏବଂ ହୃଦରୋଗ ବିଶେଷଜ୍ଞ ନିଯୁକ୍ତି ପାଇଁ ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ଦାବିପତ୍ର



ପ୍ରଦାନକୋରାପୁଟ,୫।୬(ସମିସ): ସ୍ୱାସ୍ଥ୍ୟ ମନ୍ତ୍ରୀ ମୁକେଶ ମହାଲିଙ୍ଗ ଗୁରୁବାର କୋରାପୁଟ ଗସ୍ତରେ ଆସିଥିବାବେଳେ ସ୍ୱତନ୍ତ୍ର ସର୍କିଟ ହାଉସ ଠାରେ କୋରାପୁଟ ପୌର ପରିଷଦ ଅଧ୍ୟକ୍ଷ ଲଲାଟ ରଞ୍ଜନ ସେଠୀ, କାଉନସିଲର କାଦମ୍ବିନୀ ସେଠୀ ଏବଂ ବିଜେଡି କାଉନସିଲରମାନେ ଭେଟି ବିଭିନ୍ନ ସମସ୍ୟା ନେଇ ଦାବିପତ୍ର ପ୍ରଦାନ କରିଛନ୍ତି। କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଓ ହସ୍‌ପିଟାଲ ଉପରେ ଅବିଭକ୍ତ କୋରାପୁଟ ଜିଲ୍ଲାର ବାସିନ୍ଦା ନିର୍ଭର କରନ୍ତି। କୋରାପୁଟ ହସପିଟାଲରେ ହୃଦରୋଗ ବିଶେଷଜ୍ଞ ଡାକ୍ତର ଅଭାବ ରହିଥିବା ହେତୁ ହସ୍‌ପିଟାଲ କର୍ତ୍ତୃପକ୍ଷ ବ୍ରହ୍ମପୁର ଓ କଟକ ମେଡିକାଲକୁ ସ୍ଥାନାନ୍ତର କରିବାକୁ ବାଧ୍ୟ ହେଉଛନ୍ତି। କୋରାପୁଟରୁ କଟକ ମେଡିକାଲ ଯିବା ରୋଗୀଙ୍କ ପକ୍ଷେ ସମ୍ଭବପର ହେଉ ନ ଥିବା ବେଳେ ନିକଟ ବିଶାଖାପାଟଣା ହସ୍‌ପିଟାଲ ଯାଇ ରୋଗୀ ଅଧିକା ଖର୍ଚ୍ଚାନ୍ତ ହେବାକୁ ପଡୁଛି ବୋଲି ଦାବିପତ୍ରରେ ଉଲ୍ଲେଖ କରାଯାଇଛି। ତେଣୁ ଅବିଭକ୍ତ କୋରାପୁଟ ଜିଲ୍ଲାର ବାସୀଙ୍କ ସ୍ୱାର୍ଥ ଦୃଷ୍ଟିରୁ କୋରାପୁଟ ବଡ଼ ହସ୍‌ପିଟାଲରେ ହୃଦରୋଗ ବିଶେଷଜ୍ଞ ଡାକ୍ତର ନିଯୁକ୍ତି ସହ ଏକ ଏମ୍‌ଆରଆଇ ମେସିନ ସ୍ଥାପନ କରିବାକୁ ଦାବି କରାଯାଇଛି। ଦାବିପତ୍ର ପ୍ରଦାନ ବେଳେ କୋରାପୁଟ ବିଧାୟକ ରଘୁରାମ ମାଛ ଉପସ୍ଥିତ ଥିଲେ।

**ଯାଞ୍ଚ ବେଳେ ଧରାପଡ଼ିଲା**

# ବୈଧତା ନଥିବା ଟ୍ରକରେ ହାଲ୍ ଇଞ୍ଜିନ ପରିବହନ

ସୁନାବେଡ଼ା,୫।୬ (ସମିସ):

ସୁନାବେଡ଼ା ହାଲ୍ ହେଉଛି ଭାରତୀୟ ସୁରକ୍ଷା ବିଭାଗ ଅଧୀନ ଏକ ଗୁରୁତ୍ୱପୂର୍ଣ୍ଣ କାରଖାନା। ଏଠାରେ ମିଗ୍ ଓ ସୁଖୋଇ ଇଞ୍ଜିନ୍ ନିର୍ମାଣ ହେଉଥିବା ବେଳେ ସେଗୁଡ଼ିକୁ ଟ୍ରାନ୍ସପୋର୍ଟ ସଂସ୍ଥା ମାଧ୍ୟମରେ ବିଭିନ୍ନ ସ୍ଥାନକୁ ପଠାଯାଇଥାଏ। ହେଲେ ଯେଉଁ ଟ୍ରାନ୍ସପୋର୍ଟ ମାଧ୍ୟମରେ ଏହା ପଠାଯାଇଥାଏ ସେହି ଟ୍ରାନ୍ସପୋର୍ଟର ବୈଧତା ନଥିବା ବାହାର ରାଜ୍ୟର ଗାଡ଼ିଗୁଡ଼ିକୁ ବ୍ୟବହାର କରାଯାଉଥିବା, ଏଠାକାର ଟ୍ରକ୍ ଓ ଟିପ୍ପର ଆସୋସିଏସ ଜିଲ୍ଲାପାଳଙ୍କ ସହ ପ୍ରଶାସନିକ ଅଧିକାରୀ ତଥା ପରିବହନ ବିଭାଗରେ ଅଭିଯୋଗ କରିଛନ୍ତି। କୋରାପୁଟ ପରିବହନ ଅଧିକାରୀ ଏଭଳି ଏକ ଟ୍ରକ୍ ଉପରେ ୪୪ ହଜାର ୮୬୬ ଟଙ୍କା ଜରିମାନା କରିଛନ୍ତି। ଫିଟନେସ୍ ନଥିବା ଟ୍ରକ୍ ନଂ ଜିଜେ ୧୭



ଏକ୍ସ ଏକ୍ ୪୫୬୭ କୁ ଥାନାରେ ଜିମା ଦିଆଯାଇଛି। ଗାଡ଼ିର ଏଚ୍‌ଏସଆରପି ନଂ ପ୍ଲେଟ ନ ଥିବା, ବେଆଇନ ଭାବେ ବଡିକୁ ତିଆରି କରିବା, ଆରସି ଭାଓଲେସନ ଆଦି ଏକାଧିକ ବାବଦକୁ ଫାଇନ୍ ଆଦାୟ କରାଯାଇଥିବା ଏଆରଟିଓ ତପନ କୁମାର ବେଟି ସୂଚନା ଦେଇଛନ୍ତି। ଏଠାରେ ପ୍ରଶ୍ନ ଉଠେ ଏକ ଗୁରୁତ୍ୱପୂର୍ଣ୍ଣ ବିଭାଗର ଯନ୍ତ୍ରପାତିକୁ କିପରି ବୈଧତା ନଥିବା ଗାଡ଼ିରେ ବାହାରକୁ ପଠାଯାଉଥିଲା ତାହା ତଦନ୍ତ ସାପେକ୍ଷ। ଏ ସମ୍ପର୍କରେ ସୁନାବେଡ଼ା ଟ୍ରକ୍ ଓ ଟିପ୍ପର ସଂଘ ସଭାପତି ସୁନୀଲ ଅଗ୍ରୱାଲ, ସାଧାରଣ ସମ୍ପାଦକ ସଂଗ୍ରାମ ସାହୁ ପ୍ରମୁଖ ଜିଲ୍ଲାପାଳ, ଏସ୍‌ପି ଏବଂ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ଅଭିଯୋଗ କରିଛନ୍ତି। ସୂଚନା ଯୋଗ୍ୟ କିଛି ବର୍ଷ ପୂର୍ବରୁ ଇଞ୍ଜିନ ପଠାଯାଉଥିବା ଗାଡ଼ିରେ ଚୋରା ଗଞ୍ଜେଇ ଚାଲାଣ ହେଉଥିବା ବେଳେ ଧରାପଡ଼ିଥିଲା।

## ଦେଶିଆ କଳାକାର ଗୁରୁଙ୍କ ବୈଠକ

କୋଷାଗୁମୁଡ଼ା,୫।୬(ସମିସ): ନବରଙ୍ଗପୁର ଜିଲ୍ଲାର ଚଟାହାଣ୍ଡି ଗ୍ରାମପଞ୍ଚାୟତ ଅଫିସ୍‌ରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ନବରଙ୍ଗପୁର ଜିଲ୍ଲା ଅନ୍ତର୍ଗତ ୧୦ଟି ବ୍ଲକର ଦେଶିଆ କଳାକାର ଗୁରୁ ମାନେ ଏଥିରେ ଉପସ୍ଥିତ ଥିଲେ। ନବରଙ୍ଗପୁର ଜିଲ୍ଲାରେ କୋରାପୁଟ ଜିଲ୍ଲାର ନାଟଗୁରୁ ମାନେ ବିଭିନ୍ନ ସାମାଜିକ ନାଟକ ଶିଖାଇବା ସହ ତାଙ୍କର ନାଟକ ପରିବେଷଣ ବିଭିନ୍ନ ଅସାମାଜିକ ବାତାବରଣ, ଅଶ୍ଳୀଳତା ଭରା ନୃତ୍ୟକୁ ବିରୋଧ କରାଯାଇଥିଲା। ଏ ନେଇ ଜିଲ୍ଲାପାଳ ଏବଂ ଏସପିଙ୍କୁ ଲିଖିତ ଆକାରରେ ସଂଘ ତରଫରୁ ଏକ ଦାବିପତ୍ର ପ୍ରଦାନ କରିବା ପାଇଁ ନିଷ୍ପତ୍ତି ନିଆ ଯାଇଛି। ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ କାର୍ତ୍ତିକ ଭତରା , ଜିଲ୍ଲା ସଂଘ ସଭାପତି ପବିତ୍ର ନାୟକ, କୋଷାଧ୍ୟକ୍ଷ ସହଦେବ ବାଘ, ସମ୍ପାଦକ ଜିତେନ୍ଦ୍ର କୁମାର ବାଘ , ଡମ୍ବୁରୁ ଗୁରୁ , ମହନ ଗୁରୁ, କୈଳାଶ ଗୁରୁ, କିରଣ ଗୁରୁ, ବୁଦୁ ଗୁରୁ , ଦେବରାଜ ଗୁରୁ, ଉଦୟ ଗୁରୁ, ୧୦ଟି ବ୍ଲକ ର ଅଭିରାମ ଗୁରୁ, ଭୀମସେନ ଗୁରୁ ଓ ପ୍ରଦୀପ ଗୁରୁ ପୁଲସିଂ ଗୁରୁ।

## ବ୍ଲକ୍ ପ୍ରାଥମିକ ଶିକ୍ଷକ ଏକ୍ସ କ୍ୟାଡର ସଂଘର ଶୋକସଭା

ତେନ୍ତୁଳୀଖୁଣ୍ଟି, ୫।୬ (ସମିସ): ନବରଙ୍ଗପୁର ଜିଲ୍ଲା ତେନ୍ତୁଳିଖୁଣ୍ଟି ସଦର ମହକୁମା ଆଦର୍ଶ ଶିକ୍ଷକ ସ୍ୱର୍ଗତ କୃଷ୍ଣ ଚନ୍ଦ୍ର ରଥଙ୍କ ଆତ୍ମାର ସଦ୍‌ଗତି ନିମନ୍ତେ ଏକ ଶୋକସଭାର ଆୟୋଜନ କରାଯାଇଥିଲା। ରାଜ୍ୟ ମହାସଂଘର ସାଧାରଣ ସମ୍ପାଦକ ହାନେସ ପାତ୍ର ବାଘ ସଭାପତିତ୍ୱରେ ଅନୁଷ୍ଠିତ ଶୋକସଭାରେ ଅନ୍ୟମାନଙ୍କ ମଧ୍ୟରେ ଏନପିଏସ ସଂଘର ଦୁଷ୍ମନ୍ତ କୁମାର ନାୟକ, ସଞ୍ଜୟ ସୁନା, ଏକ୍ସ କେଡର ସଂଘର ଅଶୋକ ପାତ୍ର, ଜି.ତ୍ରିପତି ରାଓ, ମହେନ୍ଦ୍ର କୁମାର ସାମନ୍ତରାୟ, ରତିଓ ହରିଜନ, ନୃସିଂହ ଚରଣ ମହାନ୍ତି, ବାସ ନାୟକ, ଖଗପ ତି ନାୟକ, କମ୍ବୁପାଣି ପଣ୍ଡା ,ସୁନୀଲ କୋର୍କୋରା ,ରାଜେନ୍ଦ୍ର ସୁନା,ମନୋଜ ବାଘ ,କ୍ଷୀରୋଦ ବିଶୋଇ, ପବିତ୍ର ପାଣିଗ୍ରାହୀ, ବୁଲୁ ଶତପଥୀ, ଲୁକା ଜାନୀ, ଦିବାକର ନାୟକ, ସମାଜିନି ଖୋସ୍ଲା, ମୀନତି ପଟ୍ଟନାୟକ , ଚକ୍ର ଗଉଡ ଯୁଧିଷ୍ଠି ଗଉଡ , ଜଗନ୍ନାଥ ନାୟକ , ସଭା ସୁନ୍ଦର ବନ୍ୟା ଦୀନବନ୍ଧୁ, ବରିଷ୍ଠ ସାମ୍ବାଦିକ ବାରିକ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ।

## ବିଭିନ୍ନ ସ୍ଥାନରେ ବିଶ୍ୱ ପରିବେଶ ଦିବସ ପାଳିତ

କୋରାପୁଟ,୫।୬ (ସମିସ):



କୋରାପୁଟ ବାନାଞ୍ଚଳ ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଛି। ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଆୟୋଜିତ ସମାରୋହରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମୁକେଶ ମହାଲିଙ୍ଗ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପରିବେଶ ସୁରକ୍ଷା ଉପରେ ବକ୍ତବ୍ୟ ରଖିଥିଲେ। କୋରାପୁଟ ବନଖଣ୍ଡ ଅଧିକାରୀ ପି ଭାସ୍କର ରାଓଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ ବିଧାୟକ ରୂପ ଭତ୍ରା, ଜିଲ୍ଲାପାଳ ଭି କୀର୍ତ୍ତି ୱାସନ୍, ଏସପି ରୋହିତ ବର୍ମା ପ୍ରମୁଖ ସମ୍ମାନିତ ଅତିଥି ରୂପେ ଯୋଗ ଦେଇଥିଲେ। ଏହି ଅବସରରେ ଅତିଥି ମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାର ଚାରା ରୋପଣ କରା ଯାଇଥିଲା। ବରିଷ୍ଠ ଶିକ୍ଷକ ତଥା ବୃକ୍ଷ ପ୍ରେମୀ ସୁରେନ୍ଦ୍ର କୁମାର ତନ୍ତିଙ୍କ ସମେତ ଅନ୍ୟ ମାନଙ୍କୁ ପ୍ରକୃତି ମିତ୍ର ସମ୍ମାନରେ ସମ୍ମାନିତ କରାଯାଇଥିଲା। ଶ୍ରୀ ତନ୍ତିଙ୍କୁ ନଗଦ ୧୦ ହଜାର ଟଙ୍କା, ମାନପତ୍ର ଓ ଉପଢ଼ୌକନ ପ୍ରଦାନ କରାଯାଇଥିଲା। ଅପରାହ୍ନରେ ଆୟୋଜିତ ଅନ୍ୟ ଏକ ସମାରୋହରେ ସାମ୍ବାଦିକ ସି ଏଚ୍ ସାନ୍ତାକାର ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଥିବାବେଳେ ଆୟୁର୍ବେଦ ବିଶେଷଜ୍ଞ ହରି ପାଙ୍ଗି, ଶିକ୍ଷାବିତ୍ ଡ, ପି ସି ମହାପାତ୍ର, ରାମ ପ୍ରସାଦ ସାହୁ, ଡ, କାର୍ତ୍ତିକ ଚନ୍ଦ୍ର ଜେନା, ତପନ ଖୋସଲା ଅନ୍ୟତମ ଅତିଥି ଭାବେ ଯୋଗ ଦେଇଥିଲେ। କୋରାପୁଟ ବନ୍ୟାଞ୍ଚଳ ଅଧିକାରୀ ଏସ କେ ପାହାଡ଼ ସିଂ ସମସ୍ତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବିଭିନ୍ନ ଅନୁଷ୍ଠାନରେ ବିଶ୍ୱ ପରିବେଶ ଦିବସ

ଜୟପୁର,୫ ।୬ (ସମିସ): ଜୟପୁର ପିଏମଶ୍ରୀ ସରକାରୀ ଉଚ୍ଚ ବିଦ୍ୟାଳୟ ଠାରେ ବିଶ୍ୱ ପରିବେଶ ଦିବସ ଗୁରବାର ପାଳନ କରାଯାଇଥିଲା। ପ୍ରଧାନଶିକ୍ଷକ ପ୍ରକାଶ ଚନ୍ଦ୍ର ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଡିଏଫଓ ପ୍ରତାପ କୁମାର ବେହେରା, ବନାଞ୍ଚଳ ଅଧିକାରୀ ସଚ୍ଚିଦାନନ୍ଦ ପରିଡା ଏବଂ ବନବିଭାଗ କର୍ମଚାରୀଙ୍କ ଉପସ୍ଥିତିରେ ବିଦ୍ୟାଳୟ ପରିସରରେ ବିଭିନ୍ନ ଔଷଧିୟ ଏବଂ ଉପକାରୀ ବୃକ୍ଷରୋପଣ କରାଯାଇଥିଲା। ଏଥିରେ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ବିଶ୍ୱରଞ୍ଜନ ଗୌଡ଼, ପ୍ରଭାକର ମହାରଣା, ଶିକ୍ଷୟିତ୍ରୀ ଅରୁନ୍ଧତି ତ୍ରିପାଠୀ, ରଶ୍ମିତା ନାହାକ, ସନ୍ତୋଷିନୀ ପଣ୍ଡା, ରଜନୀକାନ୍ତ ଘଡେଇ ସମେତ ଅନ୍ୟାନ୍ୟ ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।



ବିଶ୍ୱ ପରିବେଶ ଦିବସ ଅବସରରେ ଟାଟା ପାୱାର ଦକ୍ଷିଣାଞ୍ଚଳ ଓଡ଼ିଶା ବିତରୋଣ ଲିମିଟେଡ ଆନୁକୂଲ୍ୟରେ ବୃକ୍ଷ ରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ଟି.ପି.ଏସ. ଡି.ଏଲ ଡି.ଜି.ଏମ୍. ମନ୍ମଥନାଥ ମିଶ୍ର ପରିବେଶରେ ବୃକ୍ଷର ଗୁରୁତ୍ୱ ଉପରେ ଆଲୋକପାତ କରିଥିବା ବେଳେ ପୋଲିଥିନ୍ ବ୍ୟବହାର ଉପରେ ଦୂରେଇ ରହିବାକୁ ପରାମର୍ଶ ଦେଇଛିଲେ। ଜି.ଆର.ଏଫର ସଭାପତି ଟି.ତପନ ରଶ୍ମି ସୁବୁଦ୍ଧି ଓ ନିର୍ବାହୀ ଯନ୍ତ୍ରୀ ବରୁଣ ଚୌଧୁରୀ ପ୍ରଥମେ ବୃକ୍ଷରୋପଣ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ସୁରକ୍ଷା ବିଭାଗର ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମକୁ ପରିଚାଳନାରେ ସୌମ୍ୟ ରଞ୍ଜନ ଲେଙ୍କା ଓ ଜ୍ଞାନ ରଞ୍ଜନ ରାଉତ ସହଯୋଗ କରିଥିଲେ। ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ପ୍ରମୁଖ ଉଚ୍ଚ ଅଧିକାରୀମାନଙ୍କ ମଧ୍ୟରେ ଦୀପକ କୁମାର ସିଂ, ପ୍ରମୋଦ କୁମାର ବେହେରା, ବିଶ୍ୱଜିତ ମେଣ୍ଡୁଲି, ଅମିତ କୁମାର ଚୌଧୁରୀ, ସନ୍ଦିପ୍ ପଟ୍ଟନାୟକ, ପରିମଲ ପାଲ, ଚନ୍ଦ୍ର ଭାନୁ ସିଂ, ରଞ୍ଜନ ମଲ୍ଲିକ, ଜୀବନ ଜ୍ୟୋତି ମିଶ୍ର, ହିମାଂଶୁ ନାୟକ,ରାକେଶ ତ୍ରିପାଠୀ, ରଣଧିର ସିଂ, ଅବିନାଶ ଶତପଥୀ, ଅନିଲ କୁମାର ବିଶୋୟୀ,ସଚିଦାନନ୍ଦ ନାୟକ ଏବଂ କର୍ମଚାରୀ ମାନେ ଉପସ୍ଥିତ ରହି ପ୍ରାୟ ୫୦ ଗୋଟି ବୃକ୍ଷଚାରା ରୋପଣ କରିଥିଲେ। ସ୍ଥାନୀୟ ଏମ.ଏସ. ସ୍ୱାମୀନାଥନ ଗବେଷଣା ପ୍ରତିଷ୍ଠାନ ଠାରେ କୋରାପୁଟ ଏବଂ ଜୟପୁରସ୍ଥିତ ଓଡ଼ିଶା ଜୈବ ବିବିଧତା ପରିଷଦ, ଜଙ୍ଗଲ ପରିବେଶ,ଜଳବାୟୁ ପରିବର୍ତ୍ତନ ବିଭାଗ ମିଳିତ ଉଦ୍ୟମରେ ୨ଟି ପୃଥକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଜୟପୁରରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ କୋରାପୁଟ ଜିଲ୍ଲାର ବିଭିନ୍ନ ଗ୍ରାମରୁ ପ୍ରାୟ ୫୦ ଜଣ ଚାଷୀ ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ଏହି ଅବସରରେ ଅତିଥି ଏବଂ ଉପସ୍ଥିତ ଚାଷୀ ମାନଙ୍କ ଦ୍ୱାରା ସ୍ଥାନୀୟ ଫୁଲବାଡ ସ୍ଥିତ ପ୍ରତିଷ୍ଠାନର ପରିସରରେ ବିଭିନ୍ନ ବୃକ୍ଷରୋପଣ ରୋପଣ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଜିଲା ଦୌରା ଜଜ୍ ପ୍ରଦୀପ କୁମାର ମହନ୍ତ, ଡିଏଫଓ ପ୍ରତାପ ବେହେରା, ସିଜେଏମ ଏସ. ଶୁଭଲକ୍ଷ୍ମୀ, ସିଭିଲ ଜଜ୍ ଅଲକାନନ୍ଦ ମହାନ୍ତି, ପ୍ରଥମଶ୍ରେଣୀ ମାଜିଷ୍ଟ୍ରେଟ ହରମୋହନ ଦାଶ, ପ୍ରଥମଶଅରେଣୀ ବିଚାର ବିଭାଗିୟ ମାଜିଷ୍ଟ୍ରେଟ ପ୍ରଜ୍ଞାନ ସୁମନ ମହାପାତ୍ର, ସ୍ୱତନ୍ତ୍ର ସରକାରୀ ଆଇନଜୀବି ଡଃ. ଗାୟତ୍ରୀ ଦେବୀ, ଡଃ ପ୍ରଶାନ୍ତ କୁମାର ପରିଡା। ଏହି ଅବସରରେ ବୃକ୍ଷରୋପଣ ଏବଂ ପ୍ଲାଷ୍ଟିକ, ପୋଲିଥିନ୍ ବ୍ୟବହାର ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା। ଅନ୍ୟମାନଙ୍କ ପ୍ରତିଷ୍ଠାନର ଡଃ. କାର୍ତ୍ତିକ ଚରଣ ଲେଙ୍କା ଧନ୍ୟବାଦ ଅର୍ପଣ କରିଥିଲେ।

## ରାୟଗଡ଼ା ଷ୍ଟେସନ୍‌ରେ ପରିବେଶବିତ୍ ମେଧା ପାଟେକର ଅଟକ



ରାୟଗଡ଼ା, ୫।୬(ସମିସ): ବିଶ୍ୱ ପରିବେଶ ଦିବସ ଅବସରରେ ରାୟଗଡ଼ା ଜିଲ୍ଲା କାଶୀପୁରରେ ଅନୁଷ୍ଠିତ ଏକ ସଭାରେ ଯୋଗଦେବା ପାଇଁ ଆସିଥିବା ଜଣାଶୁଣା ବିଶିଷ୍ଟ ପରିବେଶବିତ୍‌ଙ୍କୁ ରେଳଷ୍ଟେସନ୍‌ରେ ପୁଲିସ୍ ଅଟକାଇବା, ସଭାସ୍ଥଳକୁ ନ ଛାଡ଼ିବା ଓ ପରେ ତାଙ୍କୁ ନେଇ ବ୍ରହ୍ମପୁରରେ ଛାଡ଼ିବା ଘଟଣାରେ ଏଠାରେ ଚର୍ଚ୍ଚାର ବିଷୟ ହୋଇଛି। କର୍ପୋରେଟ୍ ସ୍ୱାର୍ଥରେ ପ୍ରଶାସନ ଏପରି କରିଛି ବୋଲି ଅଭିଯୋଗ ହୋଇଛି। ସୂଚନାନୁଯାୟୀ, "ମା ମାଟି ମାଳି ସୁରକ୍ଷା ମଞ୍ଚ" ନେତୃତ୍ୱରେ କାଶୀପୁର ବ୍ଲକ୍ ସୁଙ୍ଗେର ହାଟପଦାରେ ଖଣି ଖନନକୁ ବିରୋଧ କରି ଆଜି ଏକ ସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ଯୋଗଦେବା ପାଇଁ ପରିବେଶବିତ୍ ମେଧା ପାଟେକର ରାୟଗଡ଼ା ଆସିଥିଲେ। ତାଙ୍କ ସହ ପଶ୍ଚିମ ଓଡ଼ିଶା କୃଷକ ସଂଗଠନ ସମନ୍ୱୟ ସମିତିର ନେତା ଲିଙ୍ଗରାଜ, ମିଥ୍ୟା ମକଦ୍ଦମା ବିରୋଧୀ ଅଭିଯାନର ଆବାହକ ନରେନ୍ଦ୍ର ମହାନ୍ତି ଓ ଜୟ କିଷାନ୍ ଆନ୍ଦୋଳନର ହର ବଣିଆ ପ୍ରମୁଖ ଥିଲେ। ତେବେ ସେମାନେ ରାୟଗଡ଼ା ରେଳ ଷ୍ଟେସନ୍‌ଠାରେ ଓହ୍ଲାଇବା ପରେ ପୁଲିସ ତାଙ୍କୁ ଅଟକ ରଖିଥିଲା। ଆଗକୁ ଯିବାକୁ ଦେଇନଥିଲା। ପରେ ପୁଲିସ୍ ତାଙ୍କୁ ଏକ ଗାଡ଼ିରେ ବ୍ରହ୍ମପୁର ନେଇ ଯାଇଥିଲା ବୋଲି ନରେନ୍ଦ୍ର ମହାନ୍ତି କହିଛନ୍ତି। ଏହି ଘଟଣାରେ ପ୍ରତିକ୍ରିୟା ରଖି ମେଧା କହିଛନ୍ତି ଯେ ସେ ଆତଙ୍କବାଦୀ ନୁହଁନ୍ତି। ଶାନ୍ତି ଓ ଅହିଂସାପୂର୍ବକ ଆନ୍ଦୋଳନରେ ବିଶ୍ୱାସ କରନ୍ତି। ପ୍ରକୃତି ଓ ପରିବେଶ ସନ୍ତୁଳିତ ହେବା ସହ ମଣିଷଙ୍କ ହିତକୁ ଦୃଷ୍ଟିରେ ରଖି ବିକାଶ ହେବା ଆବଶ୍ୟକ ବୋଲି ସେ କହିଛନ୍ତି। ଆଗାମୀ ପିଢ଼ି ପାଇଁ ପ୍ରକୃତିର ଅବଦାନକୁ କିଛି ଛାଡ଼ିବା ଆବଶ୍ୟକ ବୋଲି ଗଣମାଧ୍ୟମକୁ ସେ କହିଛନ୍ତି।

## ବିବାହର ପ୍ରଲୋଭନ ଦେଖାଇ ନାବାଳିକାକୁ ଦୁଷ୍କର୍ମ ଅଭିଯୋଗ

ଡାବୁଗାଁ, ୫।୬ (ସମିସ): ନବରଙ୍ଗପୁର ଜିଲ୍ଲା ଡାବୁଗାଁ ଥାନା ଅଞ୍ଚଳରେ ବିବାହର ପ୍ରଲୋଭନ ଜଣେ ନାବାଳିକାକୁ ଦୁଷ୍କର୍ମ କରାଯାଇଥିବା ଅଭିଯୋଗ ହୋଇଛି। ସୂଚନା ଅନୁଯାୟୀ, ଡାବୁଗାଁ ଥାନା ଅଞ୍ଚଳରେ ଜଣେ ୧୫ ବର୍ଷୀୟ ଜଣେ ନାବାଳିକାଙ୍କର ଏକ ବର୍ଷ ତଳେ ତାଙ୍କ ଗ୍ରାମର ଭାଗୀରଥୀ ଗାୟନ (୨୨) ସହ ପ୍ରେମ ସମ୍ପର୍କ ଗଢିଉଠିଥିଲା। ଯୁବକ ଜଣଙ୍କ ବିବାହର ପ୍ରଲୋଭନ ଦେଖାଇ ତାଙ୍କୁ ଦୁଷ୍କର୍ମ କରିଥିଲା। ପରେ ନାବାଳିକା ଜଣଙ୍କ ଯୁବକଙ୍କୁ ବିବାହ କରିବା ପାଇଁ ଜିଦ୍ ଧରିଥିଲେ। ଭାଗୀରଥୀ ନାବାଳିକାକୁ ବିବାହ କରିବାକୁ ମନା କରିଥିଲେ। ଏହାପରେ ନାବାଳିକା ଘଟଣା ବିଷୟରେ ପରିବାର ଲୋକଙ୍କୁ କହିଥିଲା। ପରେ ଗ୍ରାମରେ ବୈଠକ କରାଯାଇ ଘଟଣାର ସମାଧାନ ପାଇଁ ଚେଷ୍ଟା କରାଯାଇଥିଲା । କିନ୍ତୁ କୌଣସି ସମାଧାନ ହୋଇନଥିଲା । ଶେଷରେ ପୀଡିତା ନାବାଳିକା ଗୁରୁବାର ଡାବୁଗାଁ ଥାନାରେ ଏତଲା ଦେଇଥିଲେ । ଉକ୍ତ ଏତଲାକୁ ଭିତ୍ତି କରି ଏକ ମାମଲା ରୁଜୁ କରାଯାଇଛି। ପରେ ନାବାଳିକାର ଡାକ୍ତରୀ ମାଇନା କରାଯାଇ ସ୍ୱଧାର ଗୃହରେ ରଖାଯାଇଛି। ଥାନା ସବ୍ ଇନ୍‌ସପେକ୍ଟର ବିକ୍ରମ କିଶୋର ସାହୁ ମାମଲାର ତଦନ୍ତ କରୁଛନ୍ତି।

## ଗଛକୁ ପିଟି ହେଲା ବାଇକ୍, ୨ ମୃତ

ବୈପାରିଗୁଡ଼ା, ୫।୬ (ସମିସ): ବୈପାରୀଗୁଡ଼ା ଥାନା ଅନ୍ତର୍ଗତ କାଦଆମ୍ବ ଛକ ସଡ଼କ ଦୁର୍ଘଟଣାରେ ୨ ଟି ଜୀବନ ଯାଇଥିବା ବେଳେ ଜଣେ ଗୁରୁତର ଅବସ୍ଥାରେ କୋରାପୁଟ ମେଡିକାଲ କଲେଜରେ ଭର୍ତ୍ତି ହୋଇଛନ୍ତି । ମୃତକ କାଦଆମ୍ବ ଗ୍ରାମର ଜିତୁ ଖିଲ (୧୯) ଏବଂ ଅମିନ ସାନ୍ତା (୨୧)ବୋଲି ବୋଲି ଜଣା ପଡିଛି। ସୂଚନା ଅନୁଯାୟୀ, ବୈପାରିଗୁଡା ବ୍ଲକ ଅନ୍ତର୍ଗତ ରାମଗିରି ପଞ୍ଚାୟତର କାଦଆମ୍ବ ଗ୍ରାମଠାରେ ନାମକରଣ ଉତ୍ସବରେ ଭୋଜିଭାତର ଆୟୋଜନ ଚାଲିଥିଲା । ଏହି ଉତ୍ସବରେ ଯୋଗ ଦେବା ପାଇଁ ଜିତୁ ଓ ତାଙ୍କ ୨ ସମ୍ପର୍କୀୟ ଗୋଟିଏ ବାଇକ୍‌ରେ ରାମଗିର କାଦଆମ୍ବ ଅଭିମୁଖେ ଯାଉଥିବା ବେଳେ କାଦଆମ୍ବ ଛକର ବୁଲାଣି ରାସ୍ତା କଡ଼ରେ ଥିବା ଗଛକୁ ପିଟି ହେଲା ବାଇକ୍। ଫଳରେ ଏ ଦୁର୍ଘଟଣା ଘଟିଛି। ଘଟଣା ସ୍ଥଳରେ ଜିତୁଙ୍କ ମୃତ୍ୟୁ ଘଟିଥିବା ବେଳେ କୋରାପୁଟ ମେଡିକାଲ କଲେଜରେ ଚିକିତ୍ସାଧିନ ଅବସ୍ଥାରେ ଅମିନ ସାନ୍ତାଙ୍କ ମୃତ୍ୟୁ ଘଟିଛି। ଅନ୍ୟ ଜଣେ ମଙ୍ଗୁଲୁ ଗଲାରୀ କୋରାପୁଟ ମେଡିକାକୁ ସ୍ଥାନାନ୍ତରିତ କରାଯାଇଛି। ପୁଲିସ ଖବର ପାଇ ଦୁର୍ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

**କୋରାପୁଟ ମେଡିକାଲରେ ୬ଜଣଙ୍କ ମୃତ୍ୟୁ ଘଟଣା**

# ମୃତକଙ୍କୁ ୨୫ଲକ୍ଷ କ୍ଷତିପୂରଣ ଦାବି କଲା କଂଗ୍ରେସ

କୋରାପୁଟ,୫।୬ (ସମିସ) ଗୋଟିଏ ଦିନରେ ଏକ ନିର୍ଦ୍ଦିଷ୍ଟ ସମୟ ବ୍ୟବଧାନରେ କୋରାପୁଟ ସହୀଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଓ ହସ୍ପିଟାଲରେ ୬ ଜଣ ମୃତ୍ୟୁ ଘଟଣାକୁ ନେଇ ରାଜ୍ୟ ସରକାରଙ୍କୁ ତୀବ୍ର ବିରୋଧ କରିଛି କଂଗ୍ରେସ। ସ୍ଥାନୀୟ ପ୍ରେସକ୍ଲବ ଠାରେ ସାମ୍ବାଦିକ ସମ୍ମିଳନୀ କରି ସରକାରଙ୍କ ଉପରେ ବର୍ଷିଛନ୍ତି କଂଗ୍ରେସ ବିଧାୟକ ଦଳର ନେତା ତଥା ପଟ୍ଟାଙ୍ଗୀ ବିଧାୟକ ରାମଚନ୍ଦ୍ର କାଡାମ। ମେଡ଼ିକାଲରେ ଯେଉଁ ମୃତ୍ୟୁର ତାଣ୍ଡବ ଘଟିଲା, ସେହି ଅଭାବନୀୟ ଘଟଣାକୁ ନେଇ ଜିଲ୍ଲାରେ ଭୟର ବାତାବରଣ ସୃଷ୍ଟି ହୋଇଛି। ମେଡିକାଲରେ ଡାକ୍ତର ନାହାନ୍ତି।ଔଷଧ ମିଳୁ ନାହିଁ।




ପ୍ରଫେସର ଡାକ୍ତର ମାନେ ମେଡିକାଲରେ ଠିକ୍ ଭାବେ କାମ କରୁ ନାହାନ୍ତି ବୋଲି ସାମ୍ବାଦିକ ସମ୍ମିଳନୀରେ ଶ୍ରୀ କାଡାମ କହିଛନ୍ତି। କୌଣସି ବି ଦୋଷ ତ୍ରୁଟି ଯୋଗୁଁ ନିରୀହ ଏକକାଳୀନ ୬ଜଣଙ୍କର ଜୀବନ ଚାଲିଗଲା। ଠିକ୍ ତଦନ୍ତ କରି ଦୋଷୀ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସେ ଦାବି କରିଛନ୍ତି। ମୃତକଙ୍କ ପରିବାରକୁ ୨୫ ଲକ୍ଷ ଲେଖାଏଁ କ୍ଷତିପୂରଣ ଦେବା ପାଇଁ ସେ ଦାବି କରିଛନ୍ତି। ସ୍ୱାସ୍ଥ୍ୟ ମନ୍ତ୍ରୀ କୋରାପୁଟ ଆସିଲେ ବୁଲି ଦେଇ ବାହାରି ଗଲେ। ମୃତକଙ୍କ ଘରକୁ ଗଲେ ନାହିଁ। ସମୀକ୍ଷା କଲେ ନାହିଁ। ହସ୍ପିଟାଲର ରୋଗୀଙ୍କ ସହ କଥା ହେଲେ ନାହିଁ। ଭଲ ଭାବରେ ତଦନ୍ତ କଲେନାହିଁ। କାହିଁକି ମରିଗଲେ। କିପରି ମରିଗଲେ।ଏଥିପାଇ କିଏ ଦାୟୀ ଏସବୁର କିଛି ସମୀକ୍ଷା କଲେ ନାହିଁ। ଦୋଷୀଙ୍କୁ ଘଣ୍ଟ ଘୋଡାଇବାକୁ ମନ୍ତ୍ରୀ ଗସ୍ତ କରିଥିଲେ କି ବୋଲି କଂଗ୍ରେସ ପ୍ରଶ୍ନ କରିଛି। ମନ୍ତ୍ରୀଙ୍କୁ କିଛି କହିବାକୁ ଯାଉଥିବା ବେଳେ ସ୍ଥାନୀୟ ବିଧାୟକ ପୂର୍ବତନ ବିଧାୟକଙ୍କୁ ଧକ୍କା ମାରିବା ଅତ୍ୟନ୍ତ ନିନ୍ଦନୀୟ ବୋଲି କଂଗ୍ରେସ ପକ୍ଷରୁ କୁହାଯାଇଛି। ସ୍ୱାସ୍ଥ୍ୟମନ୍ତ୍ରୀ ବୃକ୍ଷରୋପଣ କରିବାକୁ କୋରାପୁଟ ଗସ୍ତ କରିଥିଲେ ବୋଲି ପୂର୍ବତନ ମହିଳା କଂଗ୍ରେସ ସଭାନେତ୍ରୀ ମିନାକ୍ଷୀ ବାହିନୀପତି କଟାକ୍ଷ କରିଛନ୍ତି। ଅବିଭକ୍ତ କୋରାପୁଟ ଜିଲ୍ଲାରେ ସ୍ୱାସ୍ଥ୍ୟ ବ୍ୟବସ୍ଥା ସଂପୂର୍ଣ୍ଣ ଭୁସୁଡି ପଡିଛି। ଏକକାଳୀନ ୬ଜଣଙ୍କର ମୃତ୍ୟୁ ପାଇଁ ସରକାର ଦାୟୀ ତେଣୁ ଏ ସରକାର ଗାଦୀ ଛାଡନ୍ତୁ ବୋଲି ସେ କହିଛନ୍ତି। ମେଡିକାଲ କଲେଜରେ ଡାକ୍ତର ନିଯୁକ୍ତି ଓ ଉନ୍ନତମାନର ସେବା ପ୍ରଦାନ ପାଇଁ କଂଗ୍ରେସର ସମ୍ପାଦକ ରୂପକ ତୁରୁକ ଓ ପୂର୍ବତନ ବିଧାୟକ ନିମାଁଇ ସରକାର ଦାବି କରିଛନ୍ତି। ସାମ୍ବାଦିକ ସମ୍ମିଳନୀରେ ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ,କୋରାପୁଟ ବ୍ଲକ ଅଧ୍ୟକ୍ଷା ନମିତା ମାଝୀ,ବିଧାୟକ ପ୍ରାର୍ଥୀ କୃଷ୍ଣ କୁଳଦୀପଙ୍କ ସମେତ ଅନେକ କଂଗ୍ରେସ ନେତା ଓ କର୍ମୀ ଉପସ୍ଥିତ ଥିଲେ।

## ରା. ଭାଲୁଗୁଡ଼ା ବିଦ୍ୟାଳୟକୁ ମିଳିଲା ପ୍ରକୃତି ମିତ୍ର ପୁରସ୍କାର




ବୈପାରୀଗୁଡ଼ା, ୫।୬(ସମିସ): ବୈପାରିଗୁଡା ବ୍ଲକ ଅନ୍ତର୍ଗତ ରା. ଭାଲୁଗୁଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଚଳିତ ବର୍ଷ ପ୍ରକୃତି ମିତ୍ର ପୁରସ୍କାର ପାଇଛି। ବିଶ୍ୱ ପରିବେଶ ଦିବସ ଅବସରରେ ଭୁବନେଶ୍ୱର ସ୍ଥିତ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ (ଓୟୁଏଟି) ପରିସରରେ ଥିବା କୃଷି ଶିକ୍ଷା ସଦନ ଠାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବରେ ଜଙ୍ଗଲ ବିଭଗ ମନ୍ତ୍ରୀ ଗଣେଶ ରାମ ସିଂଖୁଣ୍ଟିଆ ଉପସ୍ଥିତ ଥିଲେ। ସମସ୍ତଙ୍କ ଉପସ୍ଥିତିରେ ରା.ଭାଲୁଗୁଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ କାହ୍ନୁ ଚରଣ ବେହେରା ଏହି ପ୍ରକୃତି ମିତ୍ର ପୁରସ୍କାର ଗ୍ରହଣ କରିଛନ୍ତି । ଏହି ସଫଳତା ପାଇବା ହେତୁ ଗୋଷ୍ଠୀ ଶିକ୍ଷା ଅଧିକାରୀ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ଏବଂ ଅଭିଭାବକ ମାନଙ୍କୁ କୃତଜ୍ଞତା ଜଣାଇବା ସହିତ ବିଦ୍ୟାଳୟ ପ୍ରତି କାହ୍ନୁ ସାରଙ୍କ ଅବଦାନକୁ ପ୍ରଶଂସା କରିଛନ୍ତି।

ଜଳଛାୟା ପ୍ରକଳ୍ପର ୨୩ ଲକ୍ଷ ଟଙ୍କା ହଡ଼ପ

# ମୁଖ୍ୟ ଅଭିଯୁକ୍ତ ଶ୍ରୀଧର ବେହେରା ଗିରଫ



ଉମରକୋଟ,୫।୬ (ସମିସ) ନବରଙ୍ଗପୁର ଜିଲ୍ଲା ଉମରକୋଟ ସହର ଠାରେ ଥିବା ୟୁନିୟନ ବ୍ୟାଙ୍କ ଶାଖାରେ ଜଳଛାୟା ପ୍ରକଳ୍ପର ପ୍ରାୟ ୨୩ ଲକ୍ଷ ଟଙ୍କା ହଡ଼ପ କରିଥିବା ଶ୍ରୀଧର ବେହେରାଙ୍କୁ ଗିରଫ କରି ପୁଲିସ କୋର୍ଟ ଚାଲାଣ କରିଛି। ସୂଚନା ଅନୁସାରେ ଶ୍ରୀଧର ବେହେରା ପୂର୍ବେ କଳାହାଣ୍ଡି ଜିଲାରେ ଜଳଛାୟା ପ୍ରକଳ୍ପ ବିଭାଗରେ କାମ କରୁଥିଲେ ଜଳଛାୟା ବିଭାଗର ଯେଉଁ ଯୋଜନାର ଟଙ୍କା ବ୍ୟାଙ୍କରେ ଥିଲା। ବହୁତ ବର୍ଷ ହେଲା ସେଗୁଡିକ ଅଚଳ ହୋଇ ପଡ଼ିଥିଲା। ଉକ୍ତ ଯୋଜନାର ଅର୍ଥ ଜଳଛାୟା ଗ୍ରୁପର ସଭାପତି ଓ ସଂପାଦକଙ୍କ ନାଁରେ ମିଳିତ ଆକାଉଣ୍ଟରେ ଅର୍ଥ ଜମା ହୋଇ ରହୁଥିଲା। ଗୋଟାଏ ଗ୍ରୁପ ଚାହିଁଲେ ଗୋଟାଏ ରେଜ୍ୟୁଲେସନ କରି ସଭାପତି ଓ ସଂପାଦକ ଦସ୍ତଖତ କରି ବିଭାଗର ଅଧିକାରୀ ଦସ୍ତଖତ କରି ଦେଉଥିଲେ ଏବଂ ବ୍ୟାଙ୍କ ଟଙ୍କା ଦେଇ ଦେଉଥିଲା। ଚତୁରତାର ସହ ଶ୍ରୀଧର ବେହେରା ସଭାପତି ଓ ସଂପାଦକଙ୍କୁ ଧରି ବ୍ୟାଙ୍କ୍‌କୁ ଆସି ନିଜକୁ ବିଭାଗର ଜେଇ ବୋଲି ପରିଚୟ ଦେଇ ଟଙ୍କା ଉଠେଇ କି ନେଇ ଯାଇଥିଲେ। ତେବେ ଏଠାରେ ଝରିଗାଁ ଜଳଛାୟା ପ୍ରକଳ୍ପର ଅଧିକାରୀ ମାନଙ୍କ କାର୍ଯ୍ୟଧାରା ଉପରେ ମଧ୍ୟ ସନ୍ଦେହ ସୃଷ୍ଟି କରୁଛି। କାରଣ ଦୀର୍ଘ ଦିନ ହେଲା ଶ୍ରୀଧର ବେହେରା ଏହି ଆକାଉଣ୍ଟର ଜମାରୁ ଟଙ୍କା ଉଠେଇବା ପାଇଁ ଚେଷ୍ଟା କରୁଥିଲେ। ଏହି ଘଟଣା ସମଗ୍ର ଜିଲ୍ଲାରେ ଜଳଛାୟା ବିଭାଗର ଅଧିକାରୀ ମାନେ ଅବଗତ ଥିଲେ। କାହିଁକି ଝରିଗାଁ ବିଭାଗୀୟ ଅଧିକାରୀ ମାନେ ଉମରକୋଟ ୟୁନିୟନ୍ ବ୍ୟାଙ୍କକୁ ପୂର୍ବରୁ ଅବଗତ କଲେ ନାହିଁ ବୋଲି ପ୍ରଶ୍ନ ବାଚୀ ସୃଷ୍ଟି ହୋଇଛି। ଅପରପକ୍ଷରେ ଜଣେ ସାଧାରଣ ବ୍ୟକ୍ତି ଟଙ୍କା ଉଠେଇବା ପାଇଁ ବ୍ୟାଙ୍କକୁ ଗଲେ ବ୍ୟାଙ୍କ୍ କର୍ତ୍ତୃପକ୍ଷ ବହୁତ ନିୟମ କହିଥାଆନ୍ତି। ଏହି ପରିପ୍ରେକ୍ଷୀରେ ବ୍ୟାଙ୍କ୍ କିପରି ଜଣେ ନକଲି ଅଧିକାରୀ ସାଜିଥିବା ବ୍ୟକ୍ତିକୁ ୨୩ ଲକ୍ଷ ଟଙ୍କା ଦେଇ ଦେଲେ ତାକୁ ନେଇ ମଧ୍ୟ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଟଙ୍କା ଦେବା ପୂର୍ବରୁ କାହିଁକି ଠିକ୍ ଭାବରେ ତଦନ୍ତ କଲେ ନାହିଁ। ଅପରପକ୍ଷରେ ବୁଧବାର ଉମରକୋଟ ପୁଲିସ ବ୍ୟାଙ୍କ ଅଧିକାରୀ ଓ ଝରିଗାଁ ଜଳଛାୟା ପ୍ରକଳ୍ପ ଅଧିକାରୀଙ୍କୁ ଥାନାକୁ ଡକାଇ ଅନୁସନ୍ଧାନ କରିଥିଲା। ଉମରକୋଟ ଥାନା ଅଧିକାରୀ ରମାକାନ୍ତ ସାଏ ଘଟଣାକୁ ଗମ୍ଭୀରତାର ସହ ଗ୍ରହଣ କରିବା ସହ ବିଭିନ୍ନ ଦିଗକୁ ନେଇ ତଦନ୍ତ କରୁଥିବା ପ୍ରକାଶ କରିଛନ୍ତି। ଏଥିରେ ଅନ୍ୟ କାହାର ସମ୍ପୃକ୍ତି ରହିଛି କି ନାହିଁ ସେ ଦିଗରେ ମଧ୍ୟ ତଦନ୍ତ ଚାଲିଥିବା କହିଛନ୍ତି।

■ ଆଜି ପୁଣି ୧୨ଜଣ କଳାହାଣ୍ଡି ମିଲର୍ସ ଚୁକ୍ତିକଲେ

# ରବିଧାନ ଫସଲ କଷ୍ଟମ୍ ମିଲିଂ ପାଇଁ ୨୭ ମିଲର୍ସ ପ୍ରସ୍ତୁତ

ଜୟପୁର,୫।୬ (ସମିସ): କୋରାପୁଟ ଜିଲ୍ଲାରେ ଚଳିତବର୍ଷ ଚାଷୀଙ୍କ ଅମଳ ରବିଧାନ କ୍ରୟ ହେବା ପରେ ଏହାକୁ କଳାହାଣ୍ଡି ଜିଲ୍ଲାର ଚୁକ୍ତିନାମା କରିଥିବା ୨୭ ଜଣ ମିଲର୍ସ କଷ୍ଟମ ମିଲିଂ ପାଇଁ ଗ୍ରହଣ କରିବା ନେଇ ଚୁକ୍ତିନାମା କରିଛନ୍ତି। ଗତକାଲି ସୁଦ୍ଧା ୧୫ ଜଣ ମିଲର୍ସ ଚୁକ୍ତିନାମା କରିଥିବା ବେଳେ ଆଜି ପୁଣି ୧୨ ଜଣ ମିଲର୍ସ ଚୁକ୍ତି ନାମା କରିଛନ୍ତି। ଏହିପରି ସମୁଦାୟ ୨୭ ଜଣ ମିଲର୍ସ ବ୍ୟାଙ୍କ ଗ୍ୟାରେଣ୍ଟି ପ୍ରଦାନ କରିଥିବା ବେଳେ ଧାନ କ୍ରୟ ନେଇ ପ୍ରସ୍ତୁତ ହୋଇଛନ୍ତି। ଏହିପରି କୋରାପୁଟ ଜିଲ୍ଲାରେ ଆଜି ବିଭିନ୍ନ ମଣ୍ଡିକୁ କାର୍ଯ୍ୟକ୍ଷମ କରାଯାଇ ଚାଷୀଙ୍କ ଅମଳ ରବିଧାନ ଫସଲ କ୍ରୟ ସହ କଷ୍ଟମ ମିଲିଂ ବାବଦକୁ ପ୍ରଦାନ କରାଯିବା ନେଇ ପ୍ରଶାସନ ପ୍ରଚାର ପ୍ରସାର କରିଥିଲେ ସୁଦ୍ଧା ଏହା କାର୍ଯ୍ୟକାରୀ ହୋଇପାରିନାହିଁ। ଏହିପରି ଆଜି କୁନ୍ଦୁରା ବ୍ଲକର ଫୁଫୁଗାଁ ମଣ୍ଡିରେ ଟୋକେନ ପ୍ରଦାନ କରାଯାଇଥିଲା। କିନ୍ତୁ ସଂଧାରେ ଚାଷୀଙ୍କ ଧାନ କ୍ରୟ ହୋଇଥିବା ନେଇ ଯୋଗାଣ ବିଭାଗ ପକ୍ଷରୁ କୁହାଯାଇଥିଲେ ସୁଦ୍ଧା ସେଠିକାର ଚାଷୀ ମାନେ ଏହାକୁ ଅସ୍ୱିକାର କରୁଛନ୍ତି। ଏହିପରି କଳାହାଣ୍ଡି ଜିଲ୍ଲାର ଚାଷୀ ମାନେ ଧାନର ମାନ ଦେଖିବା ସହ ଚାଷୀଙ୍କ କୁଇଣ୍ଟାଲ ପିଛା ୪ କିଲୋଗ୍ରାମ କଟନଛଟନୀ କରିବାକୁ ଜିଦ୍ କରିଛନ୍ତି। କିନ୍ତୁ ଚାଷୀ ମାନେ ଉନ୍ନତ ମାନର ଧାନ ରହିଥିବା ବେଳେ ଏହାକୁ ବିରୋଧ କରୁଛନ୍ତି। କଳାହାଣ୍ଡି ମିଲରେ ଉଷୁନା ଚାଉଳ ପ୍ରସ୍ତୁତ ହେଉଥିବା ବେଳେ କୁଇଣ୍ଟାଲ ପିଛା ୪କିଲୋଗ୍ରାମ କଟନୀଛଟନୀ କରିବା ଜିଦକୁ ନେଇ ଚାଷୀ ମାନେ ଅସନ୍ତୋଷ ପ୍ରକାଶ କରିଛନ୍ତି । ଏଥିନେଇ ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ପ୍ରଦୀପ କୁମାର ପଣ୍ଡାଙ୍କୁ ଜିଲ୍ଲାରେ କେତେ ପରିମାଣର ଧାନ କ୍ରୟ ହୋଇଛି ବୋଲି ପଚାରିବାରୁ ଧାନ କ୍ରୟ ହୋଇଛି ଏବଂ ମଣ୍ଡିରୁ ଲୋଡିଂ ହେଉଥିବା ନେଇ କହିଥିଲେ ସୁଦ୍ଧା ପରମାଣର ସଂଖ୍ୟା କହି ନଥିଲେ।

# ବ୍ଲକ୍‌ସ୍ତରୀୟ ସୁଭଦ୍ରା ଶକ୍ତି ପାରମ୍ପରିକ ଖାଦ୍ୟ ପ୍ରତିଯୋଗିତା



ନନ୍ଦପୁର,୫।୬ (ସମିସ): ଓଡ଼ିଶା ସରକାରଙ୍କ ମିଶନ ଶକ୍ତି ବିଭାଗ ଆନୁକୂଲ୍ୟରେ ପାରମ୍ପରିକ ଖାଦ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ବ୍ଲକ୍ ସ୍ତରୀୟ ସୁଭଦ୍ରା ଶକ୍ତି, ମିଶନ ଶକ୍ତି ପକ୍ଷରୁ ଆୟୋଜିତ କାର୍ଯ୍ୟରେ ମୁଖ୍ୟ ଅତିଥି ଭାବେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଦୂର୍ଗା ପ୍ରସାଦ ଦୋରା, ସମ୍ମାନିତ ଅତିଥି ଅତିରିକ୍ତ ତହସିଲଦାର ମାଧବ ପାଙ୍ଗି, ଡାକ୍ତର ଦେବରାଜ ତ୍ରିପାଠୀ ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ବ୍ଲକର ୨୩ଟି ଗ୍ରାମ ପଞ୍ଚାୟତରୁ ଆସିଥିବା ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଦ୍ୱାରା ପ୍ରସ୍ତୁତ ହୋଇଥିବା ପାରମ୍ପରିକ ଖାଦ୍ୟ ବ୍ୟଞ୍ଜନ ପରିବେଷଣ କରାଯାଇଥିଲା। କୋରାପୁଟ ଜିଲ୍ଲାର ପାରମ୍ପରିକ ବ୍ୟଞ୍ଜନ ଯଥା, ମାଣ୍ଡିଆରେ ମାଣ୍ଡିଆ ପୀଠା, ମାଣ୍ଡିଆ ଅଣ୍ଡା, ମାଣ୍ଡିଆ ପେଜ, ମାଣ୍ଡିଆ ମାଲ ପୁଆ, ମାଣ୍ଡିଆ ପକୁଡି, ଚାଉଳ ପିଠା ଖିରି , ସୁପ୍ ଇତ୍ୟାଦି ବ୍ୟଞ୍ଜନ ପ୍ରସ୍ତୁତ କରାଯାଇଥିଲା। ଅତିଥି ମାନେ ସମସ୍ତ ବ୍ୟଞ୍ଜନକୁ ଖାଇ ସ୍ୱାଦ ପରୀକ୍ଷା କରିଥିଲେ। ଶେଷରେ ଉକ୍ତ ପ୍ରତିଯୋଗିତା ରେ ଭାଗ ନେଇ ଥିବା ସମସ୍ତ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା। ପ୍ରତିଯୋଗିତାର ଚତୁର୍ଥ ସ୍ଥାନରେ ରେସିଂ ବିଜୟ ଲକ୍ଷ୍ମୀ ସ୍ୱୟଂ ସହାୟକ ଗୋଷ୍ଠୀ, ତୃତୀୟ ସ୍ଥାନରେ ହୀକୀମ ପୁଟ ପଞ୍ଚାୟତର ମାରିଆ ସ୍ୱୟଂ ସହାୟକ ଗୋଷ୍ଠୀ ଓ ଦ୍ୱିତୀୟ ସ୍ଥାନ ରେ ନନ୍ଦପୁର ମା ଲକ୍ଷ୍ମୀ ସ୍ୱୟଂ ସହାୟକ ଗୋଷ୍ଠୀ ରହିଥିବା ବେଳେ ପ୍ରଥମ ସ୍ଥାନରେ ବିଶ୍ୱ କଲ୍ୟାଣୀ ସ୍ୱୟଂ ସହାୟକ ଗୋଷ୍ଠୀକୁ ପୁରସ୍କୃତ କରିଥିଲେ ଅତିଥି ବୃନ୍ଦ। ଏହି କାର୍ଯ୍ୟକ୍ରମରେ ନନ୍ଦପୁର ସିଡିପିଓ ନମିତାବାଲା ପଟ୍ଟନାୟକ ସଭାପତିତ୍ୱ କରିଥିବା ବେଳେ ମିଶନ ଶକ୍ତି ବିପିସି ଶ୍ରୀଧର ଜାନି ଓ ଓଡ଼ିଶା ଜୀବିକା ମିଶନର ବିଚିତ୍ର କୁମାର ରାଉତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁପର ଭାଇଜର ହରପ୍ରିୟା ବେହେରା ଓ ନନ୍ଦପୁର ବ୍ଲକ୍ ୨୩ ଗୋଟି ଗ୍ରାମ ପଞ୍ଚାୟତ ଏମ୍‌ବିକେ ସିଆରପି ମାନେ ଯୋଗଦେଇ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଶାନ୍ତି ଶୃଙ୍ଖଳା ରକ୍ଷା ନେଇ ନନ୍ଦପୁର ପୁଲିସ ପକ୍ଷରୁ ପଦକ୍ଷେପ ନିଆଯାଇଥିଲା।

## ନୂଆ ବନାଞ୍ଚଳ ଅଧିକାରୀଙ୍କ ଯୋଗଦାନ



ଡାବୁଗାଁ, ୫।୬(ସମିସ): ଗୁରୁବାର ନବରଙ୍ଗପୁର ଜିଲ୍ଲା ଡାବୁଗାଁ ବନାଞ୍ଚଳ କାର୍ଯ୍ୟାଳୟରେ ନୂତନ ବନାଞ୍ଚଳ ଅଧିକାରୀ ଭାବେ ପୂର୍ଣ୍ଣଚନ୍ଦ୍ର ନନ୍ଦ ଗୁରୁବାର ଯୋଗଦାନ କରିଛନ୍ତି। ସେ ପୂର୍ବରୁ କୋଡିଗାଁ ବନାଞ୍ଚଳ କାର୍ଯ୍ୟାଳୟରେ ବନାଞ୍ଚଳ ଅଧିକାରୀ ଭାବେ କାର୍ଯ୍ୟ କରୁଥିଲେ। ପୂର୍ବତନ ଡାବୁଗାଁ ବନାଞ୍ଚଳ ଅଧିକାରୀ ତଡିତ କୁମାର ସ୍ୱାଇଁ ୩୧ ଅଗଷ୍ଟ ୨୦୨୪ ରେ ଅବସର ଗ୍ରହଣ କରିବା ପରେ ଏହି ପଦ ଖାଲି ପଡିଥିଲା। ଡାବୁଗାଁ ବନପାଳ ଉମାକାନ୍ତ ପଟ୍ଟନାୟକ ବନାଞ୍ଚଳ ଅଧିକାରୀ ଦାୟିତ୍ୱରେ ରହିଥିଲେ। ଆଜି ନୂତନ ବନାଞ୍ଚଳ ଅଧିକାରୀ ଯୋଗଦାନ କରିବା ପରେ ବନ କର୍ମଚାରୀ ମାନେ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ କରିଥିଲେ। ଏହି ସମୟରେ ଡାବୁଗାଁ ବନପାଳ ଉମାକାନ୍ତ ପଟ୍ଟନାୟକ, ମୈଦଲପୁର ବନପାଳ ମଧୁସୂଦନ ପାତ୍ର, ବନରକ୍ଷୀ ତାପସ ରଞ୍ଜନ ପଟ୍ଟନାୟକ, କାର୍ତ୍ତିକ ମାଝି, ଉମାଶଙ୍କର ମିଶ୍ର, ବସନ୍ତ ନାୟକ, ରିତାରାଣୀ ବିଶ୍ୱାସରାୟ, ସରସ୍ୱତୀ ମେହେର, ଅନିତା ହିଆଲ ଓ ଶସ୍ମିତା ଲେଙ୍କା ପ୍ରମୁଖ ଉପସ୍ଥିତ ଥିଲେ।

## ଜବରଦଖଲ ଉଚ୍ଛେଦ ପାଇଁ ଜିଲ୍ଲାପାଳଙ୍କୁ ଦାବିପତ୍ର



ତେନ୍ତୁଳୀଖୁଣ୍ଟି, ୫।୬(ସମିସ) ନବରଙ୍ଗପୁର ଜିଲ୍ଲା ତେନ୍ତୁଳୀଖୁଣ୍ଟି ବ୍ଲକ ମଞ୍ଚଗାଁ ମୌଜାର ବଙ୍ଗଳାଗୁଡା ଏବଂ ଦଣ୍ଡୁଗୁଡା ମୌଜା, କେନ୍ଦୁଗୁଡା ମୌଜାର ଗୋଚର ଜମି, ଜଙ୍ଗଲଜମି ଏବଂ ଅନାବାଦୀ ଜମିକୁ ଜବରଦଖଲ କରାଯାଇଥିବା ଅଭିଯୋଗ ହୋଇଛି । ଯାହାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଜବରଦଖଲ ଫଳରେ ଦିନକୁ ଦିନ ଜଙ୍ଗଲ କ୍ଷୟ ହେବା ସହ ଜଙ୍ଗଲ କାଟି ଚାଷ ଜମିରେ ପରିଣତ କରାଯାଉଛି। ଅନାବାଦୀ ଜାଗା ସହ ଗୋଚର ଜମି ଏବଂ ଜଙ୍ଗଲ ଜମିକୁ ଜୋର ଜବରଦସ୍ତ ଚାଷ କରି ଦଖଲ କରାଯାଉଛି। ଫଳରେ ଗାଁ ଗହଳିରେ ଗାଈଗୋରୁଙ୍କ ଚାରଣରେ ସମସ୍ୟା ହେବା ସହ ଜଙ୍ଗଲ କ୍ଷୟ ହୋଇ ଲୋକେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସ୍ଥାନୀୟ ଅଞ୍ଚଳର କିଛି ଅସାଧୁ ବ୍ୟକ୍ତି ଏହି ବେଆଇନ କାର୍ଯ୍ୟରେ ମାତିଛନ୍ତି। ତେନ୍ତୁଳୀଖୁଣ୍ଟି ବ୍ଲକ ମଞ୍ଚଗାଁ ପଞ୍ଚାୟତ ବଙ୍ଗଳାଗୁଡ଼ା ଗ୍ରାମବାସୀ ଜିଲ୍ଲାପାଳ ଏବଂ ତେନ୍ତୁଳୀଖୁଣ୍ଟି ତହସିଲଦାରଙ୍କୁ ଏହି ଗୋଚର ଜମି, ଜଙ୍ଗଲ ଜମି ଏବଂ ଅନାବାଦୀ ଜମି ଆଦି ଜବରଦଖଲ ଉଚ୍ଛେଦ ପାଇଁ ଦାବିପତ୍ର ପ୍ରଦାନ କରିଛନ୍ତି।

## ବିଭିନ୍ନ ସ୍ଥାନରେ ବିଶ୍ୱ ପରିବେଶ ଦିବସ

# କୋରାପୁଟ ଜିଲ୍ଲାର ୫ ବିଦ୍ୟାଳୟ,୨ ଗ୍ରାମସଭାକୁ ରାଜ୍ୟସ୍ତରୀୟ ପୁରସ୍କାର

### ● ଏକମ୍ବା ଉଚ୍ଚ ବିଦ୍ୟାଳୟକୁ ପ୍ରକୃତି ମିତ୍ର ପୁରସ୍କାର



ଜୟପୁର,୫।୬ (ସମିସ): ଭୁବନେଶ୍ୱର ସ୍ଥିତ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ (ଓୟୁଏଟି) ପରିସରର କୃଷି ସଦନ ଠାରେ ରାଜ୍ୟ ସ୍ତରୀୟ ବିଶ୍ୱ ପରିବେଶ ଦିବସ ଗୁରବାର ଅନୁଷ୍ଠିତ ହୋଇଥିଲା। ଏଥିରେ କୋରାପୁଟ ଜିଲ୍ଲାର ୫ଟି ବିଦ୍ୟାଳୟ ଏବଂ ୨ଟି ଗ୍ରାମସଭାକୁ ନିଜ ବିଦ୍ୟାଳୟ ଏବଂ ଗ୍ରାମଠାରେ ବୃକ୍ଷରୋପଣ ଏବଂ ଏହାରୁ ସୁରକ୍ଷା ସହ ବନୀକରଣ ପାଇଁ ପ୍ରକୃତି ମିତ୍ର ପୁରସ୍କାରରେ ପୁରସ୍କୃତ କରଯାଇଛି। ଜୟପୁର ବ୍ଲକ ଏକମ୍ବା ଗ୍ରାମସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟ ପକ୍ଷରୁ ବିଜ୍ଞାନ ଶିକ୍ଷକ ଏନ୍ ନଳନୀ କୁମାର ଯୋଗଦେଇ ପ୍ରକୃତି ମିତ୍ର ପୁରସ୍କାର ଗ୍ରହଣ କରିଥିଲେ। ଏହିପରି କୋରାପୁଟ ଜିଲ୍ଲାର ବୈପାରୀଗୁଡା ବ୍ଲକ ଭାଲୁଗୁଡା, କୋରାପୁଟ ବ୍ଲକ ମାନବାର ଗ୍ରାମସ୍ଥିତ ଉନ୍ନୀତ ଉଚ୍ଚ ବିଦ୍ୟାଳୟ, କୋଟପାଡ ବ୍ଲକ ଚିତ୍ରାଗୁଡା ଗ୍ରାମ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, କୁନ୍ଦୁରା ବ୍ଲକ ପ୍ରଧାନୀପୁଟ ପ୍ରାଥମିକ ବିଦ୍ୟାଳୟ ଏବଂ ପଟାଙ୍ଗି ବ୍ଲକ ପୁକାଲି ଗ୍ରାମ ମୂଳଶଙ୍କର ଗ୍ରାମସଭା, ସେମିଳିଗୁଡା ବ୍ଲକ ଗୁଣ୍ଡାପୁଟ ଗ୍ରାମପଞ୍ଚାୟତର ମାଝିପୁଟ ଗ୍ରାମସଭା ରହିଛି। ଏହି ଅବସରରେ ଭୁବନେଶ୍ୱରସ୍ଥିତ ବିଶ୍ୱ ପରିବଶ ଦିବସ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ ଏବଂ ସମ୍ମାନିତ ଅତିଥି ବିଭାଗୀୟ ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ଜଙ୍ଗଲ ବିଭାଗର ଉଚ୍ଚ ଅଧିକାରୀ ମାନେ ଉପସ୍ଥିତ ଥିଲେ।

### ● ଏରୋନଟିକ୍ସ ମହାବିଦ୍ୟାଳୟ




ସୁନାବେଡ଼ା: ହାଲ ସହରାଞ୍ଚଳ ସ୍ଥିତ ଏରୋନଟିକ୍ସ ମହାବିଦ୍ୟାଳୟରେ ଯୁବ ରେଡ୍‌କ୍ରସ ଓ ଜାତୀୟ ସେବା ଯୋଜନାର ମିଳିତ ଆନୁକୂଲ୍ୟରେ ବିଶ୍ୱ ପରିବେଶ ଦିବସ ପାଳନ ହୋଇଯାଇଛି। ଅଧ୍ୟକ୍ଷା ଡକ୍ଟର ଅନସୂୟା ନନ୍ଦ ଏହି ସଭାରେ ସଭାପତିତ୍ୱ କରିଥିଲେ। ଅବସରପ୍ରାପ୍ତ ଅଧ୍ୟକ୍ଷ ପ୍ରାଧ୍ୟାପକ ବସନ୍ତ କୁମାର ମିଶ୍ର ଅତିଥି ଭାବରେ ଯୋଗ ଦେଇଥିଲେ। ସଭାର ପରିଚାଳନା ଯୁବ ରେଡ୍‌କ୍ରସର କାଉନ୍‌ସିଲର ଡକ୍ଟର ଶାନ୍ତନୁ କୁମାର ନାୟକ କରିଥିଲେ। ଜାତୀୟସେବା ଯୋଜନାର ସଂଯୋଜକ ଡକ୍ଟର ସ୍ମୃତି ରଞ୍ଜନ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ସଭାରେ ପ୍ରାଧ୍ୟାପିକା ହିରଣ୍ମୟୀ ତ୍ରିପାଠୀ, ଚିନ୍ମୟୀ ସାହୁ, ରୁଚିକା ମାଣିଆ, ଦିଲ୍ଲୀପ କୁମାର ସାମଲ, ମଗ୍ନେଶ୍ୱର ନାଗ, ସତ୍ୟବ୍ରତ ସାହୁ, ରଶ୍ମିରେଖା ନାୟକ, ଫିରୋଜ ବଢେଇ, ଗୀତାଞ୍ଜଳି ନାହାକ ଆଦି ଅଧ୍ୟାପକ ଅଧ୍ୟାପିକା ଓ କର୍ମଚାରୀ ଉପସ୍ଥିତ ଥିଲେ। ଏହି ସଭା ଶେଷରେ ଜାତୀୟ ସେବା ଯୋଜନା ଓ ଯୁବ ରେଡ୍‌କ୍ରସର ସ୍ୱେଚ୍ଛାସେବୀ , ଅତିଥିମାନେ ମହାବିଦ୍ୟାଳୟ ପରିସରରେ ଚାରାରୋପଣ କରିଥିଲେ।

### ● ନବରଙ୍ଗପୁର ବନଖଣ୍ଡ

ନବରଙ୍ଗପୁର : ନବରଙ୍ଗପୁର ଚରକ ବନ ଠାରେ ନବରଙ୍ଗପୁର ବନଖଣ୍ଡ ଦ୍ୱାରା ବିଶ୍ୱ ପରିବେଶ ଦିବସ ପାଳନ ହୋଇଯାଇଛି। ଖଣ୍ଡିୟ ବନ ଅଧିକାରୀ ଶୁଭେନ୍ଦୁ ପ୍ରସାଦ ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଡିଏଫ୍‌ଓ ( କେନ୍ଦୁପତ୍ର) ଘନଶ୍ୟାମ ମହାନ୍ତ , କୋରାପୁଟ ଡିଏଫ୍‌ଓ କାର୍ଯ୍ୟକାରୀ ଯୋଜନା ଧନୁର୍ଜୟ ମହାପାତ୍ର, ଡିଏମ ଓ ଏଫ୍‌ଡିସି ମହମ୍ମଦ ଜାମିଲ, ଡିଆଇପିଆର୍‌ଓ ମନୋଜ କୁମାର ବେହେରା, ବନ ସୁରକ୍ଷା ସମିତି ଅଧ୍ୟକ୍ଷ ଈଶ୍ୱର ଚନ୍ଦ୍ର ସାବତ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ଅବସରରେ ଜଳ, ମୃତ୍ତିକା, ପରିବେଶ ଓ ଜୈବ ବିବିଧତାକୁ ସଂରକ୍ଷଣ କରିବା, ବହୁଳ ପରିମାଣରେ ବୃକ୍ଷ ରୋପଣ, ଗାଁ



ଗାଁ ରେ ବନ ସୁରକ୍ଷା ସମିତିର କାର୍ଯ୍ୟକୁ ପ୍ରଶଂସା, ପରିବେଶ ସୁରକ୍ଷାରେ ନିଜର ସହଭାଗିତା, ପ୍ଲାଷ୍ଟିକ ପ୍ରଦ୍ୟୁଷଣ କୁ ଅନ୍ତ କରିବାରେ ନିଜର ଭୂମିକା ଉପରେ ମତ ଦେଇଥିଲେ। ଚଳିତ ବର୍ଷ " ପ୍ଲାଷ୍ଟିକ ପ୍ରଦ୍ୟୁଷଣକୁ ଅନ୍ତ କରିବା ବିଷୟ ନେଇ ବିଶ୍ୱ ପରିବେଶ ଦିବସ ପାଳନ କରାଯାଉଛି। ମାଟିକୁ ରକ୍ଷା ପାଇଁ ପ୍ଲାଷ୍ଟିକର ବର୍ଜନ ନିହାତି ଜରୁରୀ ହୋଇପଡିଛି। ପ୍ରତ୍ୟେକ ଜିନିଷ କିଣିବା ବେଳେ ଦୋକାନୀକୁ ପଲିଥିନରେ ଜିନିଷ ଦେବାକୁ ମନା କରିବା, ନିଜେ ସୂତା କିମ୍ବା ଅଖା ତିଆରି ମୁଣାରେ ଜିନିଷ ପତ୍ର ଆଣିବା, କାଚ କିମ୍ବା ଷ୍ଟିଲ ନିର୍ମିତ ପାଣି ବୋତଲ ବ୍ୟବହାର କରିବା , ସର୍ବୋପରି ପ୍ଲାଷ୍ଟିକ ବ୍ୟବହାର ଉପରେ ବିଶେଷ ନିରୁତ୍ସାହ କରିବାକୁ ଅତିଥି ମାନେ ନିଜ ନିଜର ମତ ପ୍ରକାଶ କରିଥିଲେ। ଏହି ଅବସରରେ ଜିଲ୍ଲାର ୭ ଜଣଙ୍କୁ "ପ୍ରକୃତିବନ୍ଧୁ " ଭାବେ ୧୦,୦୦୦ ଟଙ୍କା ପୁରସ୍କାର ଏବଂ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା। ଆଜିର ଏହି ଅବସରରେ ସଭାକାର୍ଯ୍ୟ ସମ୍ପୂର୍ଣ୍ଣ ହେବା ପରେ ଚରକ ବନ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଆଜିର ଏହି କାର୍ଯ୍ୟକ୍ରମରେ ବିଭିନ୍ନ ପଞ୍ଚାୟତର ବନ ସୁରକ୍ଷା ସମିତିର କର୍ମକର୍ତ୍ତା, ବନ ବିଭାଗର ଅଧିକାରୀ ଏବଂ କର୍ମଚାରୀ ମାନେ ଉପସ୍ଥିତ ଥିଲେ।

### ● ତାଲୁକା ଆଇନ ସେବା ସଂସ୍ଥା



ଗୁଣୁପୁର : ଆଜି ଗୁଣୁପୁର କୋର୍ଟ ପରିସରରେ ତାଲୁକା ଆଇନ ସେବା ସଂସ୍ଥା ଗୁଣୁପୁର ଆନୁକୁଲ୍ୟରେ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଥିଲା। ଏଥିରେ ଉପଖଣ୍ଡ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ସୁଶ୍ରୀ ବିଜୟଲକ୍ଷ୍ମୀ ମହାପାତ୍ର ସଭାପତିତ୍ୱ କରିଥିଲେ। ଗୁଣୁପୁର ଆଦର୍ଶ ଥାନା ଅଧିକାରୀ ଉତ୍ତମ କୁମାର ସାହୁ, ଭାରପ୍ରାପ୍ତ ଗୁଣୁପୁର ରେଞ୍ଜର ଗଙ୍ଗାଧର ମିଶ୍ର, ଓକିଲ ସଂଘ ସଭାପତି ଗୌରୀ ଶଙ୍କର ଦାସ, ଉପ ସଭାପତି ରମେଶ ଚନ୍ଦ୍ର ଲିମା ପ୍ରମୁଖ ମଞ୍ଚାସୀନ ହୋଇ ପରିବେଶ ପ୍ରତି ରହିଥିବା କର୍ତ୍ତବ୍ୟ ବିଷୟରେ ଆଲୋଚନା କରିବା ସହ ସଚେତନତା କରିଥିଲେ। ସଭାକୁ ଓକିଲ ରମେଶ ଲିମା ପରିଚାଳନା କରିବା ସହ ଶେଷରେ ଧନ୍ୟବାଦ୍ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଓକିଲ ଓ ବନ ବିଭାଗର କର୍ମଚାରୀ ଉପସ୍ଥିତ ଥିଲେ। ଶେଷରେ କୋର୍ଟ ପରିସରରେ ଜଙ୍ଗଲ ବିଭାଗ କର୍ମଚାରୀଙ୍କ ସହଯୋଗରେ ବୃକ୍ଷ ରୋପଣ ହୋଇଥିଲା।

### ● ଜିଲ୍ଲା ଆଇନ ସେବା ପ୍ରାଧିକରଣ



ନବରଙ୍ଗପୁର: ନବରଙ୍ଗପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ତରଫରୁ ବିଦ୍ୟା ନିକେତନ ସେକେଣ୍ଡାରୀ ସ୍କୁଲଠାରେ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ଏହି ଉପଲକ୍ଷେ ସ୍କୁଲ ପରିସରରେ ଚାରାରୋପଣ ଓ ଆଇନ ସଚେତନତା କାର୍ଯ୍ୟକ୍ରମ କରାଯାଇଥିଲା। ଜିଲ୍ଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ ତଥା ଜିଲ୍ଲା ଦୌରାଜଜ୍ ସୁବ୍ରତ ମହାନ୍ତିଙ୍କ ନିର୍ଦ୍ଦେଶ କ୍ରମେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଶ୍ରୀମତୀ ସାଇ ଅଭୀପ୍ସା ଗୋଛାୟତ ଯୋଗଦେଇ ଚାରାରୋପଣ କରିଥିଲେ। ପରବର୍ତ୍ତୀ ସମୟରେ ବିଶ୍ୱ ସୁରକ୍ଷା ଆଇନ ଏବଂ ପରିବେଶ ସୁରକ୍ଷା ଆଇନ ଉପରେ ପିଲା ମାନଙ୍କୁ ସଚେତନ କରାଇଥିଲେ। ଅନ୍ୟତମ ଅତିଥି ରୂପେ ପ୍ରସନ୍ନ ପ୍ରସାଦ ପଟ୍ଟନାୟକ, କିଶୋରୀ ପଟ୍ଟନାୟକ, ସଦାଶିବ ସାହୁ, ତନୟ ରଣା, ବିନୋଦ ବିହାରୀ ସାହୁ, ରାକ୍ଷୀ ଜୈନ ପ୍ରମୁଖ ଯୋଗ ଦେଇଥିଲେ ଓ ବୃକ୍ଷ ରୋପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ପାରା ଲିଗାଲ ସ୍ୱେଚ୍ଛାସେବୀ ଆଇନଜୀବୀ ଓ ବନ ବିଭାଗର କର୍ମଚାରୀ ମାନେ ଭାଗ ନେଇଥିଲେ।

### ● ପିଏମ୍‌ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟ



ନବରଙ୍ଗପୁର: ବିଶ୍ୱ ପରିବେଶ ଦିବସ -୨୦୨୫ ଅବସରରେ ନବରଙ୍ଗପୁର ପିଏମ୍‌ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟ ପରିସରରେ 'ଏକ ପେଡ୍ ମା' କେ ନାମ-୨.୦' ନାମରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷ ହିତେଶ କୁମାର ବର୍ମାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଅଧ୍ୟାପକ ପର୍ଶୁରାମ ବିଷୋୟୀ, ଆଶୁତୋଷ ଶାହା, ଅଧ୍ୟାପିକା ଅନୁରାଧା ମିର୍ଦ୍ଧା , ଶିକ୍ଷକ ସଂଘର ଉପସଭାପତି ଡଃ.ପୂର୍ଣ୍ଣଚନ୍ଦ୍ର ମହାପାତ୍ରଙ୍କ ସମେତ ବହୁ ଛାତ୍ରଛାତ୍ରୀ ଏବଂ ଅଭିଭାବକ ଉପସ୍ଥିତ ରହି ସ୍କୁଲ ପରିସରରେ ଚାରାରୋପଣ କରିଥିଲେ।

### ● ଅବକାରୀ ବିଭାଗ



ନବରଙ୍ଗପୁର: ଅବକାରୀ ବିଭାଗ ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ତପନ କୁମାର ଖୁଣ୍ଟିଆ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଜିଲ୍ଲା ଅବକାରୀ କାର୍ଯ୍ୟଳୟ, ଅବକାରୀ ଥାନା କାର୍ଯ୍ୟଳୟ ପରିସରରେ ବୃକ୍ଷ ରୋପଣ କରିଥିଲେ। ଏହି ଅବସରରେ ବନ ବିଭାଗ ଦ୍ୱାରା ଏଥିପାଇଁ ସମସ୍ତ ଚାରା ଯୋଗାଇ ଦିଆଯାଇଥିଲା। ଏହି ଅବସରରେ ଜିଲ୍ଲାସ୍ତରୀୟ ବହୁ ବିଭାଗର ଅଧିକାରୀ ଓ କର୍ମଚାରୀ ମାନେ ଉପସ୍ଥିତ ଥିଲେ।


### ● ଟିଗଲ ପଞ୍ଚାୟତ



କାଲିମେଳା: ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ ଟିଗଲ ପଞ୍ଚାୟତ ଅନ୍ତର୍ଗତ ବିଭିନ୍ନ ସ୍ଥାନରେ ବିଶ୍ୱ ପରିବେଶ ଦିବସ ପାଳନ ସହ ଚାରାରୋପଣ କାର୍ଯ୍ୟକ୍ରମ କରାଯାଇଛି। ଏଥିପାଇଁ ଆଇଟିସି ମିଶନ ସୁନହରାକାଲ ସହଯୋଗରେ ପରିଚାଳିତ ଆଇଜିଡି ଏନଜିଓର କର୍ମୀଙ୍କ ସମେତ ଟିଗଲ ପଞ୍ଚାୟତର ସରପଞ୍ଚ, ନିର୍ବାହୀ ଅଧିକାରୀ ବିତିକା ଭକ୍ତ, ଗ୍ରାମ୍ୟ ଉନ୍ନୟନ ଓ ପରିମଳ ବିଭାଗର ସଂଯୋଜକ ତୁଫାନ ବିଶ୍ୱାସ, ପ୍ରଶାନ୍ତ କୁମାର ସାହୁ ସମେତ ବିଭିନ୍ନ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳା, ଆଶା ଓ ଅଙ୍ଗନବାଡି କର୍ମୀ ମାନେ ଟିଗଲ ପଞ୍ଚାୟତ କାର୍ଯ୍ୟାଳୟରେ ବିଶ୍ୱ ପରିବେଶ ଦିବସ ପାଳନ କରିଛନ୍ତି। ଏହି ଅବସରରେ ପଞ୍ଚାୟତ ଆଖପାଖ ଅଞ୍ଚଳର ବିଭିନ୍ନ ଅଳିଆ ଆବର୍ଜନାପୂର୍ଣ୍ଣ ସ୍ଥାନକୁ ସଫା କରି ଚାରାରୋପଣ କରିଛନ୍ତି। ପ୍ଲାଷ୍ଟିକ ମୁକ୍ତ ସମାଜ ଗଠନ ପାଇଁ ଶପଥପାଠ ମଧ୍ୟ କରାଯାଇଛି। ଏଥିସହ ଏମଭି ୧୧୨ ଗ୍ରାମରେ ମଧ୍ୟ ବିଶ୍ୱ ପରିବେଶ ଦିବସ ପାଳନ ଅବସରରେ ଏକ ରାଲି ଅନୁଷ୍ଠିତ ହୋଇଯାଇଛି। ବିଭିନ୍ନ ସ୍ଥାନରେ ପ୍ରାୟ ୪୦ରୁ ଅଧିକ ଚାରା ରୋପଣ କରାଇଛି। ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ଆଜିଡି ଏନଜିଓର ଟିଗଲ ପଞ୍ଚାୟତ ସଂଯୋଜକ ପୂଜା ଚକ୍ରବର୍ତ୍ତୀ, ନୟାମୀ ଖରା ଓ ଗୋବିନ୍ଦ ସରଦାର ପ୍ରମୁଖ ଉପସ୍ଥିତ ଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



କୃଷି ହିଁ ମଣିଷ ପାଇଁ ସବୁଠାରୁ ସ୍ୱାସ୍ଥ୍ୟପ୍ରଦ, ସର୍ବାଦୌ ଉପଯୋଗୀ ଓ ସର୍ବୋତ୍ତମ ନିଯୁକ୍ତି କ୍ଷେତ୍ର ।
-ଜର୍ଜ ୱାଶିଂଟନ୍

## ଜାତିସଂଘର ମତିଭ୍ରମ

ଜାତିସଂଘର ଆତଙ୍କବାଦ ନିରୋଧ ପରିଷଦରେ ପାକିସ୍ତାନକୁ ଚଳିତ ବର୍ଷ ଉପାଧ୍ୟକ୍ଷ ଭାବେ ମନୋନୀତ କରାଯାଇଛି । ଏଥିସହିତ ଜାତିସଂଘର ସବୁଠାରୁ ଶକ୍ତିଶାଳୀ ଓ ପ୍ରଭାବଶାଳୀ ଅନୁଷ୍ଠାନ ଭାବେ ପରିଚିତ ସୁରକ୍ଷା ପରିଷଦ ଅଧୀନସ୍ଥ 'ତାଲିବାନ୍ କଟକଣା କମିଟି' ଅଧ୍ୟକ୍ଷତା ମଧ୍ୟ ପାକିସ୍ତାନ କରିବ। ସାମ୍ପ୍ରତିକ ବିଶ୍ୱ କୂଟନୀତିରେ ଏହାଠାରୁ ବଳି ବଡ଼ ବିଡ଼ମ୍ବନା ଆଉ କ'ଣ ହୋଇପାରେ। ଏଭଳି ଦୁର୍ଭାଗ୍ୟଜନକ ଓ ହାସ୍ୟାସ୍ପଦ ବାସ୍ତବତାକୁ ଭାରତ ସମେତ ସାରା ବିଶ୍ୱ ଦେଖୁଛି । ଆତଙ୍କବାଦର ମୁଖ୍ୟ ରପ୍ତାନୀକାରୀ ରାଷ୍ଟ୍ର ପାକିସ୍ତାନକୁ ଦଣ୍ଡିତ କରିବା ବଦଳରେ ଜାତିସଂଘର ଏହି ନିଷ୍ପତ୍ତି ସେହି ରାଷ୍ଟ୍ରକୁ ପୁରସ୍କୃତ କରିବା ଭଳି ହୋଇଛି ।

ତାଲିବାନ୍ ଆତଙ୍କବାଦୀ ଅଧ୍ୟୁଷିତ ଆଫ୍‌ଗାନିସ୍ତାନରେ ଶାନ୍ତି ପ୍ରତିଷ୍ଠା ଓ ନାଗରିକଙ୍କ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଜାତିସଂଘ ଦ୍ୱାରା ଗଠିତ '୧୯୮୮ କମିଟି' ଭାବେ ଜଣାଶୁଣା 'ତାଲିବାନ୍ କଟକଣା କମିଟି'ର କର୍ତ୍ତବ୍ୟ ଓ ମୁଖ୍ୟ ଦାୟିତ୍ୱ ହେଉଛି ତାଲିବାନ୍ ସଂଗଠନ ଏବଂ ତା'ସହିତ ସମ୍ପର୍କ ରଖିଥିବା ସଂଗଠନର ସମ୍ପତ୍ତି ବାଜ୍ୟାପ୍ତି କରିବା, ସେ ଦେଶର ନାଗରିକଙ୍କ ପାଇଁ ପର୍ଯ୍ୟଟନ କଟକଣା ଲାଗୁ କରିବା, ଅସ୍ତ୍ରଶସ୍ତ୍ରର ଚୋରା ଚାଲାଣକୁ ନିରୁତ୍ସାହିତ କରିବା । ପ୍ରତିବର୍ଷ ଏହି କମିଟି ପୁନର୍ଗଠନ କରାଯାଇ ନୂଆ ଅଧ୍ୟକ୍ଷ ଓ ଉପାଧ୍ୟକ୍ଷ ଦାୟିତ୍ୱ ଜାତିସଂଘର ବିଭିନ୍ନ ସଦସ୍ୟ ରାଷ୍ଟ୍ରଙ୍କ ଉପରେ ନ୍ୟସ୍ତ କରାଯାଏ । ଚଳିତ ବର୍ଷ ପାଇଁ ପାକିସ୍ତାନ ଏହାର ଅଧ୍ୟକ୍ଷ ହୋଇଥିବା ବେଳେ ରୁଷିଆ ଭଳି ଶକ୍ତିଶାଳୀ ରାଷ୍ଟ୍ର ଉପାଧ୍ୟକ୍ଷ ପଦରେ ସନ୍ତୁଷ୍ଟ ହୋଇଛି । କେବଳ ସେତିକି ନୁହେଁ ବିଶ୍ୱରେ ଆତଙ୍କବାଦୀ କାର୍ଯ୍ୟକଳାପ ନିୟନ୍ତ୍ରଣ ପାଇଁ ଜାତିସଂଘ ଦ୍ୱାରା ଗଠିତ '୧୩୭୩ କାଉଣ୍ଟର ଟେରରିଜିମ୍ କମିଟି'ରେ ମଧ୍ୟ ପାକିସ୍ତାନ ସହିତ ସମାନ ସ୍ତରରେ ଫ୍ରାନ୍ସ, ରୁଷିଆ ଭଳି ଜାତିସଂଘ ସୁରକ୍ଷା ପରିଷଦର ସ୍ଥାୟୀ ସଦସ୍ୟ ରାଷ୍ଟ୍ର କାମ କରିବେ । ଆତଙ୍କବାଦୀ କାର୍ଯ୍ୟକଳାପରୁ ବହୁଦୂରରେ ଥିବା ଡେନ୍‌ମାର୍କ 'ଅଲ୍‌କାଏଦା ସାଙ୍ଗସନ୍ କମିଟି' ଓ '୧୨୬୭ ଆଇଏସଆଇଏଲ୍'ର ଅଧ୍ୟକ୍ଷ ପଦ ସମ୍ଭାଳିବେ । ଜାତିସଂଘର ସୁରକ୍ଷା ପରିଷଦର ୧୫ ଜଣିଆ ସଦସ୍ୟ ବିଶିଷ୍ଟ ଅସ୍ଥାୟୀ କମିଟିରେ ପାକିସ୍ତାନକୁ ସଦସ୍ୟତା ସହିତ କଟକଣା ଓ ପ୍ରକ୍ରିୟାଗତ କମିଟିରେ ମଧ୍ୟ ଉପାଧ୍ୟକ୍ଷତା କରିବାର ସୁଯୋଗ ମିଳିଛି ।

ପାକିସ୍ତାନର ପ୍ରଚ୍ଛନ୍ନ ଓ ପ୍ରାୟୋଜିତ ସୀମାପାର ଆତଙ୍କବାଦୀ କାର୍ଯ୍ୟକଳାପ ଘେନି ଭାରତ ସପ୍ରମାଣ ବିଶ୍ୱର ଦୃଷ୍ଟି ଆକର୍ଷଣ କରିଆସୁଛି । ଜାତିସଂଘ ମଧ୍ୟ ଏ ବିଷୟରେ ବେଶ୍ ଅବଗତ ଅଛି । ଆମେରିକା, ବ୍ରିଟେନ୍, ଇରାନ୍ ଆଦି ଦେଶ ପାକିସ୍ତାନକୁ ଆତଙ୍କବାଦୀ ରପ୍ତାନୀ ଦେଶ ଭାବେ ଅଭିହିତ କରିଛନ୍ତି । ଫାଇନାନ୍ସିଆଲ୍ ଆକ୍ସନ୍ ଟାସ୍କ ଫୋର୍ସ(ଏଫଏଟିଏଫ୍) ତାଲିକାରେ ପାକିସ୍ତାନକୁ ସନ୍ଦେହାସ୍ପଦ ରାଷ୍ଟ୍ର ଭାବେ ତାଲିକାଭୁକ୍ତ କରାଯାଇଛି । ବିଶ୍ୱର ବିଭିନ୍ନ ଅଞ୍ଚଳରେ ଆତଙ୍କ ସୃଷ୍ଟି କରିଥିବା ଅଲ୍ କାଏଦା, ଲସ୍କର ଏ ତୋଇବା, ଜୈସ ଏ ମହମ୍ମଦ ପରି କୁଖ୍ୟାତ ଆତଙ୍କବାଦୀ ସଂଗଠନକୁ ପାକିସ୍ତାନ ଆର୍ଥିକ, ସାମରିକ ସହାୟତା ଯୋଗାଇବା ସହିତ ନିଜ ମାଟିରେ ଲାଳନ ପାଳନ କରିଆସୁଛି । ପାକିସ୍ତାନ ମାଟିରେ ପରିପୁଷ୍ଟ ଅଲ୍‌କାଏଦା ଓ ଆଶ୍ରିତ ଓସାମା ବିନ୍ ଲାଡେନ୍‌କୁ ଆବୋଟାବାଦ୍(ପାକିସ୍ତାନ)ରେ ଆମେରିକା ୨୦୧୧ରେ ନିପାତ କରିବା ପରେ ପାକିସ୍ତାନର ଆତଙ୍କବାଦୀ ଉତ୍ପାଦନ କେନ୍ଦ୍ର ସମ୍ପର୍କରେ ବିଶ୍ୱର ଆଉ କୌଣସି ସନ୍ଦେହ ନଥିଲା ।

ଏହି ଆତଙ୍କବାଦୀ ସଂଗଠନଗୁଡ଼ିକ ପାକିସ୍ତାନୀ ସେନା ଓ ଗୁପ୍ତଚର ସଂସ୍ଥା ଆଇଏସ୍‌ଆଇର ପ୍ରଚ୍ଛନ୍ନ ତାଲିମ୍, ଗୁଇନ୍ଦା ତଥ୍ୟ, ପାଣ୍ଠି ଓ ଅସ୍ତ୍ରଶସ୍ତ୍ରରେ ବଳୀୟାନ୍ ହୋଇଥିବା ବେଳେ ପ୍ରତିବଦଳରେ ସେମାନେ ପାକିସ୍ତାନ ସେନା ଓ ଆଇଏସ୍‌ଆଇକୁ ସେଠାକାର ଗଣତାନ୍ତ୍ରିକ ବ୍ୟବସ୍ଥା ଉପରେ ପ୍ରଭାବ ବିସ୍ତାରରେ ସହାୟତା କରିଆସୁଛନ୍ତି । ବିଶେଷକରି ପାକିସ୍ତାନର ମୁଖ୍ୟ ଶତ୍ରୁ ଭାରତକୁ ଅଶାନ୍ତ ରଖିବାରେ ପ୍ରଚ୍ଛନ୍ନ ଭୂମିକା ଗ୍ରହଣ କରିଛନ୍ତି । ଭାରତୀୟ ସଂସଦ ଉପରେ ଆକ୍ରମଣରୁ ଆରମ୍ଭ କରି ମୁମ୍ବାଇ ତାଜ୍ ହୋଟେଲ୍ ଆକ୍ରମଣ, ସିରିଜ୍ ବୋମା ବିସ୍ଫୋରଣ, ଉରି, ପଠାନକୋଟ, ପୁଲୱାମା ସେନା ବାହିନୀ ଉପରେ ଆକ୍ରମଣ ଏବଂ ସଦ୍ୟତମ କାଶ୍ମୀରର ପହଲ୍‌ଗାମ୍‌ରେ ୨୬ଜଣ ପର୍ଯ୍ୟଟକଙ୍କୁ ଧର୍ମ ପଚାରି ଅମାନୁଷିକ ହତ୍ୟା ପରି ଘଟଣା ଭିଆଇ ପାକିସ୍ତାନ ନିଜ ଆତଙ୍କବାଦୀ ଭାବମୂର୍ତ୍ତି ଉପରେ ସବର୍ଗେ ମୋହର ମାରିଛି ।

ଗତ ଏପ୍ରିଲ୍ ୨୨ ତାରିଖରେ କାଶ୍ମୀର ପହଲ୍‌ଗାମ୍ ଆତଙ୍କବାଦୀ ଘଟଣା ପ୍ରତିବାଦରେ ଗତ ମେ' ୭ ତାରିଖରେ ଭାରତର ସାମରିକ କାର୍ଯ୍ୟାନୁଷ୍ଠାନ 'ଅପରେସନ୍ ସିନ୍ଦୂର' ପରେ ନିହତ ଆତଙ୍କବାଦୀଙ୍କ ମରଶରୀରକୁ ପାକିସ୍ତାନ ସରକାର ରାଷ୍ଟ୍ରୀୟ ମର୍ଯ୍ୟାଦା ସହିତ ସତ୍କାର କରିବା ହେଉ କିମ୍ବା ସେମାନଙ୍କ ଶବାଧାରରେ ପାକିସ୍ତାନୀ ସେନା ଓ ମନ୍ତ୍ରୀମାନେ ସାମିଲ୍ ହେବା ଏବଂ ସଦ୍ୟତମ ପଞ୍ଜାବ ପ୍ରଦେଶର ବାଚସ୍ପତି ଓ ଆମେରିକା ଦ୍ୱାରା କଳାତାଲିକାଭୁକ୍ତ ଲସ୍କର ଏ ତୋଇବାର ଦୁଇ ଆତଙ୍କବାଦୀଙ୍କ ସହିତ ଗୋଟିଏ ମଞ୍ଚରେ ଭାଷଣ ଦେବାର ଫଟୋ ଓ ଭିଡିଓ ଚିତ୍ର ଜରିଆରେ 'ପାକିସ୍ତାନ ସରକାର-ସେନା-ଆତଙ୍କବାଦୀ' ଘନିଷ୍ଠ ସମ୍ପର୍କର ଚାକ୍ଷୁସ ପ୍ରମାଣ ସାରା ବିଶ୍ୱ ଦେଖିଛି । ଏହା ସତ୍ତ୍ୱେ ଜାତିସଂଘର ଆତଙ୍କବାଦ ନିରୋଧ କମିଟିରେ ପାକିସ୍ତାନକୁ ଉପାଧ୍ୟକ୍ଷ ପଦ ଯାଚିଦେବା କେତେ ସମୀଚୀନ ତାହା ବିଚାର୍ଯ୍ୟ ।

ଆହୁରି ଉଦ୍‌ବେଗଜନକ ହେଲା ଆତଙ୍କବାଦୀ କାର୍ଯ୍ୟକଳାପକୁ ପ୍ରୋତ୍ସାହନ ଅଭିଯୋଗରେ ପାକିସ୍ତାନକୁ ଋଣ ଓ ଅନୁଦାନ ପ୍ରଦାନରେ କଟକଣା ଜାରି କରିଥିବା ଆନ୍ତର୍ଜାତିକ ମୁଦ୍ରାପାଣ୍ଠି 'ଅପରେସନ୍ ସିନ୍ଦୂର' ସମୟରେ ଭାରତର ବିରୋଧ ସତ୍ତ୍ୱେ ୨.୪ ବିଲିୟନ ଡଲାର ଯୋଗାଇ ଦେଇଥିଲା । ଏହା ପରେ ପରେ ପାକିସ୍ତାନକୁ ବିଶ୍ୱବ୍ୟାଙ୍କ ୪୦ ବିଲିଅନ୍ ଡଲାର ଯୋଗାଇ ଦେବା ପାଇଁ ନିଷ୍ପତ୍ତି ନେଇଛି ଏବଂ ଗତ ୩ ତାରିଖରେ ଏସିଆ ଡେଭେଲପ୍‌ମେଣ୍ଟ ବ୍ୟାଙ୍କ ୮୦୦ ନିୟୁତ ଡଲାର ଯୋଗାଇ ଦେଇଛି ।

ଏଭଳି ଏକ ଦୁଷ୍ଟ ମନୋବୃତ୍ତି ସମ୍ପନ୍ନ ରାଷ୍ଟ୍ରକୁ ବିଶ୍ୱସ୍ତରରେ ସହାୟତା ଓ ସମ୍ମାନ ଦେବା ବିଶ୍ୱଶାନ୍ତିର ପରିପନ୍ଥୀ ଓ ମାନବ ସଭ୍ୟତା ପ୍ରତି ହିତକର ନୁହେଁ । ବିଶେଷକରି ଭାରତ ପାଇଁ ଏହା ଆଦୌ ଶୁଭସୂଚନା ନୁହେଁ । ଜାତିସଂଘର ଏହି ମତିଭ୍ରମ ପରେ ଏସିଆର ଭୂରାଜନୀତି ଓ କୂଟନୀତିରେ ଭାରତ ଆଗରେ ଅନେକ ଆହ୍ୱାନ ସୃଷ୍ଟି ହୋଇଛି । ତେଣୁ ଭାରତ ଏ ଦିଗରେ ତତ୍ପରତା ପ୍ରକାଶ କରିବା ସହିତ ବୈଦେଶିକ ଓ କୂଟନୀତିରେ ସମୟୋପଯୋଗୀ ପରିବର୍ତ୍ତନ ଆଣିବା ଦରକାର ।

## ଭାରତୀୟ କୃଷିରେ ଉପନିବେଶ ପ୍ରଭାବ

ଶ୍ରୀବତ୍ସ ନାୟକ

ଭାରତୀୟ ଅର୍ଥନୀତିର ପ୍ରମୁଖ ବୈଶିଷ୍ଟ୍ୟ ହେଉଛି କୃଷି। ଉପନିବେଶବାଦ ପୂର୍ବରୁ ଭାରତୀୟମାନେ କୃଷି, ପଶୁପାଳନ, ମତ୍ସ୍ୟଚାଷ କରି ବେଶ୍ ଖୁସିରେ ଜୀବନ ଯାପନ କରୁଥିଲେ। ପ୍ରାକୃତିକ ସମ୍ପଦରେ ଭରପୂର ଏବଂ କୃଷି ଅନୁକୂଳ ଜଳବାୟୁ ଯୋଗୁଁ ଭାରତ ଖାଦ୍ୟଶସ୍ୟ ଉତ୍ପାଦନରେ ପୃଥିବୀରେ ବଳକା ଦେଶ ଭାବେ ପରିଗଣିତ ହେଉଥିଲା । ଶିଳ୍ପ ବିପ୍ଳବ ସମୟରେ ଏହି ଖାଦ୍ୟ ଶସ୍ୟକୁ ଇଂରେଜମାନେ ସେମାନଙ୍କ ଶିଳ୍ପରେ କଞ୍ଚାମାଲ ରୂପେ ବ୍ୟବହାର କରିବା ପାଇଁ ଭାରତର କୃଷି ବ୍ୟବସ୍ଥାକୁ ବାଣିଜ୍ୟକରଣ କରିଦେଲେ। ଦୀର୍ଘ ୨୦୦ ବର୍ଷ ଧରି ବ୍ରିଟିଶ କବଳରେ ରହି ଭାରତର କୃଷି ବ୍ୟବସ୍ଥା ବିଗିଡ଼ି ଗଲା । ଖାଦ୍ୟାଭାବ, ମରୁଡ଼ି ଓ ଅନାହାରରେ ଅନେକ ଲୋକ ମୃତ୍ୟୁବରଣ କଲେ ।

କୃଷି ବ୍ୟତୀତ ଭାରତର ହସ୍ତଶିଳ୍ପ ମଧ୍ୟ ବେଶ୍ ପ୍ରସିଦ୍ଧି ଲାଭ କରିଥିଲା। ରେଶମ ବସ୍ତ୍ର, ପଥର ଖୋଦେଇ, ତାରକସି କାମ, ତାଳପତ୍ର ଲିଖନ, ଚାନ୍ଦୁଆ ଆଦି କ୍ଷେତ୍ରରେ ଉଚ୍ଚମାନର କାରିଗରୀ ଏବଂ ଉତ୍ତମ ଗୁଣବତ୍ତାର ସାମଗ୍ରୀଗୁଡ଼ିକର ଚାହିଦା ବିଦେଶ ବଜାରରେ ଢେର ଅଧିକ ଥିଲା। ଏହା ହିଁ ଇଉରୋପୀୟ ଆର୍ଥିକ ସମୃଦ୍ଧି ପୃଷ୍ଠଭୂମି ଥିଲା। ସପ୍ତଦଶ ଶତାବ୍ଦୀରେ ବାଣିଜ୍ୟ ମାର୍ଗରେ ଅଧିକାର ସ୍ଥାପିତ ସତ୍ତ୍ୱେ ଉରୋପୀୟମାନେ(ଡଚ୍, ବ୍ରିଟିଶ, ପର୍ତ୍ତୁଗୀଜ) ଦୀର୍ଘକାଳୀନ ଭିତ୍ତିରେ ଭାରତ ଓ ପାଶ୍ଚାତ୍ୟ ଦେଶମାନଙ୍କ ମଧ୍ୟରେ ଚାଲି ଆସିଥିବା ମୂଳ ବ୍ୟବସାୟୀ ଢାଞ୍ଚାକୁ ବଦଳାଇବାର ସୁଯୋଗ ପାଇ ନ ଥିଲେ। କିନ୍ତୁ ପଲାସି ଯୁଦ୍ଧରେ ବ୍ରିଟିଶମାନେ ବଙ୍ଗର ନବାବ ସିରାଜୌଦ୍ଦଲାଙ୍କୁ ପରାସ୍ତ କରି ୧୭୫୭ ମସିହାରେ ବଙ୍ଗ, ବିହାର ଓ ଓଡ଼ିଶା ଶାସନ ନିଜ ହାତକୁ ନେଇ ତାଙ୍କ ସାମ୍ରାଜ୍ୟର ମୂଳଦୁଆ ଭାରତରେ ସ୍ଥାପିତ କରାଇଥିଲେ। ତତ୍କାଳୀନ ଇଂରେଜ ଶାସକ କ୍ଲାଇବଙ୍କର ମୁଖ୍ୟ ଲକ୍ଷ୍ୟ ରହିଲା ଅର୍ଥ ଓ ଯୁଦ୍ଧ ।

ଜୀବନ ଜୀବିକା ନିମନ୍ତେ ଭାରତରେ ଉତ୍ପାଦନ ହେଉଥିବା ପାରମ୍ପରିକ ଖାଦ୍ୟଶସ୍ୟ ବଦଳରେ ବ୍ରିଟିଶ ଶିଳ୍ପପତିମାନେ ମାତ୍ରାଧିକ ପାରିଶ୍ରମିକ ମୂଲ୍ୟ ମାଧ୍ୟମରେ ଅର୍ଥକରୀ ଫସଲ(ଔଦ୍ୟୋଗିକ କ୍ଷେତ୍ରରେ ବ୍ୟବହୃତ କଞ୍ଚାମାଲ ଯଥା ଆଖୁ, ତୈଳବୀଜ, ଚା, କଫି, ଝୋଟ, କପା)ଚାଷ କରିବା ପାଇଁ ଭାରତୀୟ ଚାଷୀମାନଙ୍କୁ ପ୍ରୋତ୍ସାହିତ କରୁଥିଲେ। ବିଶେଷକରି ବ୍ରିଟେନ୍‌ରେ ଦ୍ରୁତଗତିରେ ଅଭିବୃଦ୍ଧି କରୁଥିବା କପଡ଼ା ଶିଳ୍ପ ନିମନ୍ତେ ଉତ୍ତମ ଗୁଣବତ୍ତାର କଞ୍ଚାମାଲ୍ ବା କପା ଉତ୍ପାଦନ ନିମନ୍ତେ ସେମାନେ ଧ୍ୟାନ ଦେଇଥିଲେ। ତେଣୁ ସେମାନେ ନିଜକୁ ସୁହାଇଲା ଭଳି ନୀତି ନିୟମ ପ୍ରଣୟନ କରି ଔଦ୍ୟୋଗିକ ଫସଲ ଉତ୍ପାଦନ କ୍ଷେତ୍ରରେ ସମସ୍ତ ଚାଷୀଙ୍କୁ ନିୟୋଜିତ କରେଇଥିଲେ ଏବଂ ବେଶ୍ ଲାଭବାନ ହେଉଥିଲେ। ଊନବିଂଶ ଶତାବ୍ଦୀର ଦ୍ୱିତୀୟାର୍ଦ୍ଧରେ ଭାରତୀୟ ଚାଷୀମାନେ ଅଫିମ, ଝୋଟ, କପା, ରେଶମ, ନୀଳ ଚା, ଅଫିମ, କଫି ଆଦି ଉତ୍ପାଦନ କରୁଥିଲେ। ଦି କେମ୍ବ୍ରିଜ୍ ଇକୋନୋମିକ ହିଷ୍ଟ୍ରି ଅଫ୍ ଇଣ୍ଡିଆ(ଭାଗ ଦୁଇ, ୧୯୮୩)ର ତଥ୍ୟ ଅନୁସାରେ ୧୮୮୧ରୁ୧୯୪୧ ମସିହା ମଧ୍ୟରେ ଭାରତରୁ ୭୫୪.୧ ନିୟୁତ ଟଙ୍କାର ଝୋଟ, ୧୬୧୯ ନିୟୁତ ଟଙ୍କାର କପା, ୯୬୭୪.୧ ନିୟୁତ ଟଙ୍କାର ଚା', ୨୪୯.୪ ନିୟୁତ ଟଙ୍କାର କଫି ବିଦେଶକୁ ରପ୍ତାନୀ କରାଯାଇଥିଲା ।

ତେଣୁ ଉପନିବେଶବାଦ ଯୁଗରେ ଭାରତରେ ଅର୍ଥକରୀ ଫସଲର ଉତ୍ପାଦନ ବଢ଼ିବା ସହିତ ଚାଷୀମାନଙ୍କୁ ପାରମ୍ପରିକ ଖାଦ୍ୟଶସ୍ୟ ଉତ୍ପାଦନରୁ ନିବୃତ୍ତ କରାଗଲା। ବ୍ରିଟିଶ ସୈନିକମାନଙ୍କ ପାଇଁ ଭାରତରେ ଉତ୍ପାଦନ ହେଉଥିବା ଖାଦ୍ୟଶସ୍ୟ ପଠାଗଲା। ଅର୍ଥନୀତିରେ ନୋବେଲ ପୁରସ୍କାର ପ୍ରାପ୍ତ ଅମର୍ତ୍ତ୍ୟ ସେନ୍ ତାଙ୍କ ପୁସ୍ତକ 'ଇନ୍ ଫେମିନ ଅଫ୍ ୧୯୪୩'ରେ ଦର୍ଶାଇଛନ୍ତି ଯେ '୧୮୮୧ ରୁ ୧୯୪୧ ମସିହା ମଧ୍ୟରେ ମଧ୍ୟରେ ଭାରତରେ ବାଣିଜ୍ୟଭିତ୍ତିକ ଦ୍ରବ୍ୟ ଉତ୍ପାଦନ ୮୫ ପ୍ରତିଶତ ବୃଦ୍ଧି ପାଇଥିବା ବେଳେ ଜୀବନ ଧାରଣ ନିମନ୍ତେ ଖାଦ୍ୟଶସ୍ୟର ପରିମାଣ ମାତ୍ର ୭ ପ୍ରତିଶତ ବୃଦ୍ଧି ହୋଇଥିଲା । ବାର୍ଷିକ ଅର୍ଥକାରୀ ଫସଲ ଉତ୍ପାଦନର ହାର ୦.୫୭ ପ୍ରତିଶତ ବୃଦ୍ଧି ପାଇଥିବା ବେଳେ ପାରମ୍ପରିକ ଖାଦ୍ୟଶସ୍ୟର ଉତ୍ପାଦନର ହାର ୧.୧୫ ପ୍ରତିଶତ ହ୍ରାସ ପାଇଥିଲା । ଫଳରେ ଭାରତରେ ଖାଦ୍ୟାଭାବ ଦେଖାଯିବା ସହ ଦୁର୍ଭିକ୍ଷର ସୂତ୍ରପାତ୍ର ହେଲା । ଉପନିବେଶବାଦ ଯୁଗରେ ଭାରତରେ ମୋଟ ୩୩ ଥର ଛୋଟବଡ଼ ଦୁର୍ଭିକ୍ଷ ହୋଇଥଲା । ଏହି ସମୟ ମଧ୍ୟରେ ଦେଶରେ ଖାଦ୍ୟଶସ୍ୟର ଉତ୍ପାଦନ ହାର ୦.୩୭ ପ୍ରତିଶତ ଥିବା ବେଳେ ଜନସଂଖ୍ୟା ବୃଦ୍ଧିର ହାର ଥିଲା ୦.୬୭ ପ୍ରତିଶତ । ତେଣୁ ଭାରତରେ ଜନସଂଖ୍ୟାର ବିସ୍ଫୋରଣ ସାଙ୍ଗକୁ ଖାଦ୍ୟଶସ୍ୟର ଉତ୍ପାଦନର ହାର କମ୍ ହେବା ମଧ୍ୟ ଦୁର୍ଭିକ୍ଷର ଅନ୍ୟଏକ କାରଣ ଥିଲା ।

ସେ ସମୟରେ ଚାଷୀମାନଙ୍କୁ ଅଧିକ ଖଜଣା ଦେବାକୁ ପଡୁଥିବାରୁ ସେମାନେ ଲାଭଦାୟକ କୃଷି କରିବାକୁ ବାଧ୍ୟ ହେଉଥିଲେ। ଯଦିଓ ଇଂରେଜ ସରକାର ଜଳସେଚନ ଏବଂ କୃଷି ନିମନ୍ତେ ଆଧୁନିକ ଜ୍ଞାନକୌଶଳର ପ୍ରଚଳନ କରିଥିଲେ, ତଥାପି ଏହା ମହଙ୍ଗା ଥିବାରୁ ଛୋଟ ଚାଷୀ ଉପକୃତ ହୋଇପାରିଲେ ନାହିଁ । ୧୮୭୦ ମସିହାରେ ଡଲାର ଚାହିଦା ପୃଥିବୀରେ କମିଯିବା ଫଳରେ କୃଷକମାନେ ଋଣଗ୍ରସ୍ତ ହୋଇ ଦୁର୍ଭିକ୍ଷରେ ପୀଡ଼ିତ ହେଲେ । ଏହାର ଫଳ ହେଲା କୃଷକ ଆନ୍ଦୋଳନ। ୧୯୩୦ରେ ଝୋଟ ଶିଳ୍ପଗୁଡ଼ିକ ଧ୍ୱଂସ ପାଇବା ଫଳରେ ବଙ୍ଗଳାରେ ୧୯୪୩ରେ ଏକ କରାଳ ଦୁର୍ଭିକ୍ଷ ଦେଖାଦେଲା ।

ଭାରତରେ ୮୦ ପ୍ରତିଶତ ଲୋକ କୃଷି ଉପରେ ନିର୍ଭର କରୁଥିବାରୁ ଭାରତର କୃଷି ବ୍ରିଟିଶ ସରକାରଙ୍କ ପାଇଁ ରାଜସ୍ୱର ଏକ ପ୍ରମୁଖ ଉତ୍ସ ଥିଲା। ସେଥିପାଇଁ ୧୭୯୩ ମସିହାରେ ଲର୍ଡ କର୍ଣ୍ଣୱାଲିସ୍ ଚିରସ୍ଥାୟୀ ବନ୍ଦୋବସ୍ତ ଓ ଅସ୍ଥାୟୀ ବନ୍ଦୋବସ୍ତ ନାମରେ ଦୁଇପ୍ରକାରର ଭୂ-ରାଜସ୍ୱ ନୀତି ପ୍ରଣୟନ କରିଥିଲେ। ଭାରତର ପୂର୍ବପଟେ ଜମିଦାର, ପଶ୍ଚିମରେ ମହଲୱାରି, ଦକ୍ଷିଣରେ ରୟତମାନଙ୍କ ଦ୍ୱରା ଭୂ-ରାଜସ୍ୱ ଆଦାୟ ଦାୟିତ୍ୱ ଇଂରେଜମାନେ ନ୍ୟସ୍ତ କରିଥିଲେ। ବହୁବର୍ଷ ପର୍ଯ୍ୟନ୍ତ ସେମାନେ ନିଷ୍ଠୁର ଭାବେ ରାଜସ୍ୱ ଆଦାୟ କଲେ। ଏପରିକି ଇଂରେଜମାନଙ୍କ ପ୍ରିୟପାତ୍ର ହେବା ପାଇଁ ସେମାନେ ସାଧାରଣ ଗରିବ, ଖଟିଖିଆ, କ୍ଷୁଦ୍ର ଚାଷୀମାନଙ୍କଠାରୁ ଜୋରଜବରଦସ୍ତି କର ଆଦାୟ କଲେ। ପ୍ରାକୃତିକ ଦୁର୍ବିପାକ ଯୋଗୁଁ ଆମଦାନୀ କମ୍ ହେଲେ ମଧ୍ୟ ଖଜଣା ଓ କର ପରିମାଣ ଅପରିବର୍ତ୍ତିତ ରହିଲା । ଖଜଣା ଖିଲାପକାରୀଙ୍କୁ ମିଳିଲା ଅକଥନୀୟ ଅତ୍ୟାଚାର। ଫିରିଙ୍ଗି ଶାସନର ଜୁଲମ ଅତ୍ୟାଚାର, ନିର୍ଯାତନା ଭୋଗିଲେ ଚାଷୀମାନେ ।

ଇଂରେଜମାନେ ଭଲରୂପରେ ଜାଣିଥିଲେ ଯେ, ଭାରତୀୟ କୃଷି ବ୍ୟବସ୍ଥା ଆତ୍ମନିର୍ଭରଶୀଳ ହୋଇଗଲେ ଭାରତ ବିକଶିତ ଦେଶ ରୂପେ ପରିଗଣିତ ହେବ ଏବଂ ବ୍ରିଟିଶ ରାଜ୍ ଚାଲିବନି। ତେଣୁ ସେମାନେ ସର୍ବଦା ଭାରତର କୃଷିକୁ ବରବାଦ କରିବା ପାଇଁ ଚାଷୀମାନଙ୍କଠାରୁ ମାତ୍ରାଧିକ କର ଦାବି କରୁଥିଲେ, ପାରମ୍ପରିକ କୃଷିକୁ ଧ୍ୟାନ ନଦେଇ ଲାଭଜନକ କୃଷିକୁ ପ୍ରୋତ୍ସାହନ ଦେଉଥିଲେ, ବ୍ରିଟିଶ ଶିଳ୍ପର ଅଭିବୃଦ୍ଧି ପାଇଁ ଭାରତକୁ କଞ୍ଚାମାଲ ଯୋଗାଣର ଦେଶ ବୋଲି ଅଭିହିତ କରୁଥିଲେ । କୃଷକ ଓ କୃଷି ମାରଣ ପନ୍ଥା ଅବଲମ୍ବନ କରି ଭାରତର କୃଷିକୁ ସମ୍ପୂର୍ଣ୍ଣ ରୂପେ ଧ୍ୱଂସ କରିଦେଇଥିଲେ ।

ଉପନିବେଶବାଦ ଯୁଗର ପ୍ରଭାବ ଏପରି ପଡ଼ିଥିଲା ଯେ ସ୍ୱାଧୀନତା ପ୍ରାପ୍ତିର ୭୮ ବର୍ଷ ବିତିଯାଇଥିଲେ ମଧ୍ୟ ଉପେକ୍ଷିତ ଅବସ୍ଥାରେ ପଡ଼ିରହିଛି ଭାରତୀୟ କୃଷି ଓ କୃଷକ। କୃଷି ମନ୍ତ୍ରାଳୟର ତଥ୍ୟ ଅନୁସାରେ ୧୯୫୧ମସିହାରେ ଅର୍ଥବ୍ୟବସ୍ଥାକୁ କୃଷି କ୍ଷେତ୍ରର ଅବଦାନ ଥିଲା ୫୧ ପ୍ରତିଶତ। ଏବେ ଏହା ୧୮.୨ ପ୍ରତିଶତକୁ ଖସି ଆସିଛି । ୧୯୫୧ରେ କୃଷି କ୍ଷେତ୍ରରେ ୭୦ ପ୍ରତିଶତ ଶ୍ରମଶକ୍ତି ନିୟୋଜିତ ଥିବା ବେଳେ ସଂପ୍ରତି ଏହା କମି କମି ୪୨.୩ ପ୍ରତିଶତରେ ପହଞ୍ଚିଛି । କୃଷିପ୍ରଧାନ ଦେଶ ପାଇଁ ଏହାଠାରୁ ବଳି ଦୁର୍ଭାଗ୍ୟର ବିଷୟ ଆଉ କ'ଣ ଥାଇପାରେ! କୃଷି କ୍ଷେତ୍ରରେ ଏପରି ନିମ୍ନଗତିରୁ ଗୋଟିଏ କଥା ପ୍ରମାଣିତ ହେଉଛି ଯେ, କୃଷି କ୍ଷେତ୍ରର ବିକାଶ ପାଇଁ ଯାହା କରାଯିବା କଥା ଏବଂ ଯେପରି ଇଚ୍ଛାଶକ୍ତି ଆବଶ୍ୟକ, ତାହା ନାହିଁ । ସରକାର ପରେ ସରକାର ବଦଳିଛନ୍ତି । କିନ୍ତୁ ଫଳ ଶୂନ । ସମସ୍ତେ ଏଠାରେ ଚାଷୀ ଓ ଚାଷ ପାଇଁ ବିକଳ ହୁଅନ୍ତି, କାନ୍ଦନ୍ତି । କିନ୍ତୁ କାହାରି ଆଖିରେ ଲୁହ ନଥାଏ । ଅଧୁନା ଆମର ସରକାର ବିକଶିତ ଭାରତ ଓ ଆତ୍ମନିର୍ଭରଶୀଳ ଭାରତ କଥା କହୁଛନ୍ତି। କୃଷି ବ୍ୟବସ୍ଥାକୁ ଆତ୍ମନିର୍ଭରଶୀଳ ନକରି ପରାଧୀନ ତଥା ବଜାର ନିର୍ଭରଶୀଳ ବ୍ୟବସ୍ଥାକୁ ବଜାୟ ରଖିଲେ ଏହି ଲକ୍ଷ୍ୟ କେବେ ମଧ୍ୟ ସାକାର ହୋଇପାରିବ ନାହିଁ ।

(ଅଧ୍ୟାପକ, ବ୍ରାହ୍ମଣଝରିଲୋ ମହାବିଦ୍ୟାଳୟ)
କଟକ, ମୋ: ୯୪୩୮୦୭୦୮୪୯

## ଚେତନା: ଏକ ଅନୁତ୍ତରିତ ପ୍ରଶ୍ନବାଚୀ

ଦୁର୍ଗାପ୍ରସାଦ ଆଚାର୍ଯ୍ୟ

୧୯୯୮ ମସିହାରେ 'ଆସୋସିଏସନ୍ ଫର୍ ଦି ସାଇଣ୍ଟିଫିକ୍ ଷ୍ଟଡି ଅଫ୍ କନ୍‌ସସ୍‌ନେସ୍ (ଏଏସ୍‌ଏସ୍‌ସି)'ର ଏକ ସମ୍ମିଳନୀରେ ସ୍ନାୟୁବିଜ୍ଞାନୀ (ନ୍ୟୁରୋସାଇଣ୍ଟିଷ୍ଟ) 'କ୍ରିଷ୍ଟୋଫ୍ କୋକ୍' ବିଜ୍ଞାନୀ ଦାର୍ଶନିକ 'ଡେଭିଡ୍ ଚାମଜ୍'ଙ୍କ ସହ ଗୋଟିଏ ବାଜି ଲଗାଇଥିଲେ । କଗ୍‌ନିଟିଭ୍ ବା ସଜ୍ଞାନାତ୍ମକ ବିଜ୍ଞାନରେ ଗଭୀର ରୁଚି ରଖିଥିବା କୋକ୍ ଦୃଢ଼ ଭାବରେ ବିଶ୍ୱାସ କରୁଥିଲେ ଯେ ଖୁବ୍ ଶୀଘ୍ର ନ୍ୟୁରୋସାଇନ୍ସ ଚଳାଇଥିବା ପରୀକ୍ଷା ନିରୀକ୍ଷାରୁ ସ୍ପଷ୍ଟ ହୋଇଯିବ ଯେ ଚେତନା ବା ଆତ୍ମାନୁଭୂତି ଓ ସେଥିରୁ ସୃଷ୍ଟି ହେଉଥିବା 'ମୁଁ' ତ୍ୱ ବା ମମତ୍ୱବୋଧ ମୂଳରେ ରହିଛି ମଣିଷର ମସ୍ତିଷ୍କରେ ଥିବା କୋଟି କୋଟି ନିଉରନ ମଧ୍ୟରେ ନିରବଚ୍ଛିନ୍ନ ଭାବେ ଚାଲିଥିବା ପାରସ୍ପରିକ କ୍ରିୟା ପ୍ରତିକ୍ରିୟା। ସେ ବିଶ୍ୱାସ କରୁଥିଲେ ଯେ କନ୍‌ସସ୍‌ନେସ୍ ବ୍ୟାପାରଟି ସମ୍ପୂର୍ଣ୍ଣ ଏକ ଭୌତିକ ବ୍ୟାପାର ଏବଂ ସେଥିପାଇଁ ଏହା ମିଜରେବଲ୍ ବା ପରିମାପ ଯୋଗ୍ୟ । କିନ୍ତୁ ବିଜ୍ଞାନୀ-ଦାର୍ଶନିକ ଚାମଜ୍, ଯିଏ ବହୁ ପୂର୍ବରୁ କନ୍‌ସସ୍‌ନେସ୍‌କୁ ଏକ କଠିନତମ ସମସ୍ୟା ବୋଲି କହି ପଦାର୍ଥ ବିଜ୍ଞାନୀମାନଙ୍କୁ ସତର୍କ କରାଇ ଦେଇଥିଲେ, ସିଏ କୋକ୍‌ଙ୍କ ସହ ଏକମତ ହୋଇ ନଥିଲେ। ତେଣୁ କୋକ୍ ଯେତେବେଳେ ୧୯୯୮ ମସିହାର ସେ ସମ୍ମିଳନୀରେ କହିଲେ ଯେ ଆଉ ମାତ୍ର ୨୫ ବର୍ଷ ପରେ ବିଜ୍ଞାନ ନିଉରନ୍‌ମାନଙ୍କ ପାରସ୍ପରିକ ସମ୍ବନ୍ଧ ଓ କ୍ରିୟା ପ୍ରତିକ୍ରିୟାରୁ କିପରି ଚେତନା ତଥା ବ୍ୟକ୍ତିକୈନ୍ଦ୍ରିକ ଅନୁଭୂତି ସୃଷ୍ଟି ହୁଏ ତାହା ପ୍ରମାଣିତ କରିଦେବ, ଡେଭିଡ ଚାମଜ୍ ସ୍ୱାଭାବିକ ଭାବରେ ତାଙ୍କ ସହ ଅସହମତ ହେଲେ । ଜିଦ୍‌ବଶତଃ ହେଉ ବା ତୁଚ୍ଛା କୌତୁକବଶତଃ ହେଉ, କୋକ୍ ସିଧା ସିଧା ବାଜିଟିଏ ଲଗାଇ ଦେଇ ଘୋଷଣା କରିଦେଲେ ଯେ ଯଦି ୨୦୨୩ ମସିହା ସୁଦ୍ଧା ତାଙ୍କ କଥା ସତ୍ୟ ନ ହୁଏ, ତେବେ ସେ ଚାମଜ୍‌ଙ୍କୁ ଏକ ପେଟି ଦୁର୍ମୂଲ୍ୟ ମଦ୍ୟ ଦେବେ ।

କୋକ୍ ମହାଶୟ ତାଙ୍କ ବାଜିଟି ଅବଶ୍ୟ ହାରିଗଲେ ଓ ଅଗତ୍ୟା ଡେଭିଡ ଚାମଜଙ୍କୁ ବାଜି ମୁତାବକ ଏକ ପେଟିକା ମଦ୍ୟ ପ୍ରଦାନ କରିବାକୁ ବାଧ୍ୟ ହେଲେ ୨୦୨୩ ମସିହାର ଏସ୍.ଏସ୍.ଏସ.ସି ବୈଠକରେ, ଅନେକ ଦିଗ୍‌ଗଜ ବୈଜ୍ଞାନିକ ଓ ସ୍ନାୟୁବିଜ୍ଞାନୀମାନଙ୍କ ଉପସ୍ଥିତିରେ । ତେବେ ମଜାର କଥା ହେଉଛି, 'କୋକ୍ ଚାମଜ୍'ଙ୍କୁ ପୁନଶ୍ଚ ଆହ୍ୱାନ ଦେଲା ଭଳି ସ୍ୱରରେ ସେ କହିଲେ ଯେ ତାଙ୍କୁ ଆଉ ଗୋଟିଏ '୨୫ ବର୍ଷର' ଅବଧି ଦିଆଗଲେ, ଅର୍ଥାତ୍ ୨୦୪୮ ମସିହାରେ ସେ ନ୍ୟୁରୋସାଇନ୍ସ ସୌଜନ୍ୟରୁ ପ୍ରାପ୍ତ ହୋଇଥିବା ତଥ୍ୟ ଉପସ୍ଥାପନ କରି ପ୍ରମାଣିତ କରିଦେବେ ଯେ ଚେତନା ସୃଷ୍ଟି ହୁଏ ମସ୍ତିଷ୍କର ନିଉରନ୍‌ମାନଙ୍କ ନେଟ୍‌ୱାର୍କରୁ, ଅନ୍ୟଥା ନୁହେଁ । କୋକ୍‌ଙ୍କ ଏଇ ଅନୁରୋଧ ବା ଆହ୍ୱାନକୁ ଚାମଜ୍ ଗ୍ରହଣ କରି କୌତୁକରେ କହିଥିଲେ, 'ଠିକ୍ ଅଛି । ଆହୁରି ୨୫ ବର୍ଷ ଆପଣଙ୍କୁ ଦେଲି। କିନ୍ତୁ ଆପଣଙ୍କ ଜିତାପଟ ଦେଖିବାକୁ ମୁଁ ସେତେବେଳେ ଥିବି କି ନ ଥିବି, କିଏ ଜାଣେ!'

ଆଧ୍ୟାତ୍ମବାଦୀ ଚିନ୍ତକ, ଦାର୍ଶନିକ, ବିଶେଷ କରି ଭାରତୀୟ ବେଦାନ୍ତ ଦର୍ଶନର ପ୍ରବକ୍ତାମାନେ କନ୍‌ସସ୍‌ନେସ ବା ଚେତନା ଏ ସକଳ ସୃଷ୍ଟିର ମୂଳାଧାର ବୋଲି ସର୍ବଦା କହି ଆସିଛନ୍ତି । ଏଇ ମେଟାଫିଜିକାଲ ବା ଆଧିଭୌତିକ ଅବଧାରଣାକୁ କ୍ୱାଣ୍ଟମ୍ ମେକାନିକ୍ସ ଦ୍ୱାରା ପ୍ରତିଷ୍ଠିତ ଅନିଶ୍ଚିତତା (ଲ' ଅଫ୍ ଅନ୍‌ସର୍ଟେନଟି) ତତ୍ତ୍ୱ ଓ କଣିକାମାନଙ୍କ ସହବନ୍ଧନ (ଲ' ଅଫ୍ ଏନ୍‌ଟାଙ୍ଗଲମେଣ୍ଟ) ତତ୍ତ୍ୱ ସମର୍ଥନ କରୁଛି ବୋଲି ସେମାନେ ଦାବି କରିଥା'ନ୍ତି ।

କ୍ୱାଣ୍ଟମ୍ ପାର୍ଟିକଲ୍ ବା କ୍ୱାଣ୍ଟମ୍ କଣିକାର ତରଙ୍ଗ-କଣିକା ଦ୍ୱୈତସ୍ଥିତି ଓ ସେଇ ସ୍ଥିତିର ଉଦ୍‌ଘାଟନରେ ପରିମାପ (ମେଜର୍‌ମେଣ୍ଟ) ଓ ନିରୀକ୍ଷଣ (ଅବଜରଭେସନ୍)ର ଭୂମିକା ରହିଛି ବୋଲି ଜଣାପଡ଼ିବା ପରେ ଆଧିଭୌତିକତାବାଦୀ ଦାର୍ଶନିକମାନେ ପରମ ଚୈତ୍ୟସତ୍ତା ଦୃଶ୍ୟମାନ ବସ୍ତୁସକଳ ସୃଷ୍ଟି କରିଥାଏ ବୋଲି କହିବା ପାଇଁ ନୂତନ ପ୍ରେରଣା ପାଇଛନ୍ତି । ଅନ୍ୟପକ୍ଷରେ, ଅଧିକାଂଶ ଦିଗ୍‌ଗଜ କ୍ୱାଣ୍ଟମ୍ ପଦାର୍ଥ ବିଜ୍ଞାନୀ କନ୍‌ସସ୍‌ନେସ୍ ବା ଚେତନା ପୂରାପୂରି ଏକ ଭୌତିକ ବ୍ୟାପାର ବୋଲି କହିବା ସଙ୍ଗେ ସଙ୍ଗେ ଆଧିଭୌତିକତାବାଦୀ, ଆଧ୍ୟାତ୍ମବାଦୀ ଓ ଈଶ୍ୱରବାଦୀମାନଙ୍କୁ ନିରନ୍ତର ପରିହାସ କରି ଚାଲିଛନ୍ତି । କୋକ୍‌ଙ୍କ ଭଳି ଅନେକ ସ୍ନାୟୁବିଜ୍ଞାନୀ ଦୃଢ଼ ନିଶ୍ଚିତ ଯେ ମଣିଷର ବ୍ୟକ୍ତିକୈନ୍ଦ୍ରିକ ଅନୁଭୂତି, ଅଭିଜ୍ଞତା ଆଦୌ କୌଣସି ସ୍ୱର୍ଗୀୟ ପରମ ଚୈତ୍ୟସତ୍ତାର ସର୍ବ ବ୍ୟାପକ ଉପସ୍ଥିତି ଯୋଗୁଁ ସୃଷ୍ଟି ହୁଏ ନାହିଁ। ଏହା ସୃଷ୍ଟି କରିଥାଏ ମଣିଷର ମସ୍ତିଷ୍କର ନିଉରନ୍‌ମାନଙ୍କ ନେଟ୍‌ୱାର୍କ। ସେମାନେ ଦୃଢ଼ ନିଶ୍ଚିତ ଯେ ନ୍ୟୁରୋସାଇନ୍ସ ଦିନେ ନା ଦିନେ ଚେତନା ସୃଷ୍ଟି ପଛରେ ଥିବା ନିଉରାଲ କୋରିଲେଟସ୍ (ନିଉରନ୍‌ମାନଙ୍କ ପାରସ୍ପରିକ ସମ୍ବନ୍ଧ) ସମ୍ପର୍କରେ ପ୍ରାମାଣିକ ତଥ୍ୟଗୁଡ଼ିକ ସାର୍ବଜନୀନ କରିଦେବ ।

ମାତ୍ର ଏ ଲେଖକ ବିଶ୍ୱାସ କରେ ଯେ ଚେତନାର ସ୍ୱରୂପ ସମ୍ପର୍କରେ ଜାଣିବା ମଣିଷ ପକ୍ଷରେ କେବେହେଲେ ସମ୍ଭବ ହୋଇ ନପାରେ। ଜଣାଯାଉଛି ପଦାର୍ଥ ବିଜ୍ଞାନୀ ଓ ଆଧ୍ୟାତ୍ମବାଦୀ ବା ଆଧିଭୌତିକତାବାଦୀଙ୍କର ଏଇ ତର୍କ ବିତର୍କ, ମତମତାନ୍ତର ଅନିର୍ଦ୍ଦିଷ୍ଟ କାଳ ଯାଏ ଚାଲି ରହିଥିବ। କୋକ୍ ପୁନଶ୍ଚ ୨୦୪୮ ମସିହାର ଯେଉଁ ସମୟସୀମା ନିର୍ଦ୍ଧାରଣ କରିଛନ୍ତି ତାହା ଅତିକ୍ରାନ୍ତ ହୋଇଗଲା ପରେ ମଧ୍ୟ କନ୍‌ସସ୍‌ନେସ୍ ବ୍ୟାପାରଟି କଠିନତମ ସମସ୍ୟା (ହାର୍ଡ ପ୍ରୋବ୍ଲେମ୍) ହୋଇ ରହିଥିବ; ଚିରକାଳ ପାଇଁ ଅନୁତ୍ତରିତ ପ୍ରଶ୍ନବାଚୀଟିଏ ହୋଇ ରହିଥିବ ।

ଏଇ ପରିପ୍ରେକ୍ଷୀରେ ମନେ ପଡ଼ିଯାଏ ରବି ଠାକୁରଙ୍କ ଏଇ କେତୋଟି ପଂକ୍ତି: 'ରଥ ବୋଲେ ଆମି ଦେବ / ପଥ ବୋଲେ ଆମି / ମୂର୍ତ୍ତିର୍ ବୋଲେ ଆମି ଦେବ / ହାସେ ଅନ୍ତର୍ଯ୍ୟାମୀ' । ପରମ ସତ୍ୟ ବା ପରମ ଚୈତ୍ୟସତ୍ତାର ସତ୍‌ସ୍ୱରୂପ ଜାଣିବା ପାଇଁ ମଣିଷର ଏଇ ତୀବ୍ର ଅଭୀପ୍ସା ଓ ନିରବଚ୍ଛିନ୍ନ ପ୍ରଚେଷ୍ଟା କେଉଁ ଅଲୌକିକ ଓଷ୍ଠଧାରରେ ସ୍ମିତ ହାସ୍ୟଟିଏ ଯେ ଖେଳାଇ ଦେଉ ନଥିବ, କିଏ ଜାଣେ?

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଠିଆଁ ବାରଙ୍ଗ,
ମୋ-୯୮୫୩୩୫୫୧୦୭

## ବାକ୍‌ସମସ୍ୟା ଦୂର କରନ୍ତି ଇନ୍ଦ୍ରଙ୍କ ସାତ ପରୀ

ବିଶ୍ୱାସ ଓ ବିଜ୍ଞାନ

ଓଜସ୍ୱିନୀ

ଶିଶୁଟିଏ ଜନ୍ମ ହୋଇ କୈଶୋରରେ ପାଦ ଦେବା ପର୍ଯ୍ୟନ୍ତ ବିଭିନ୍ନ ଶାରୀରିକ ବିକାଶର ପ୍ରକ୍ରିୟା ଦେଇ ଗତି କରେ। ଏହି ପ୍ରକ୍ରିୟା ଅନେକ ଶିଶୁଙ୍କ କ୍ଷେତ୍ରରେ ସ୍ୱାଭାବିକ ବା ପ୍ରାକୃତିକ ହୋଇଥିବା ବେଳେ ଆଉ କେତେଜଣ ଶିଶୁଙ୍କ ବିଭିନ୍ନ ଅଙ୍ଗରେ କେତେକ ଅସ୍ୱାଭାବିକତା ପରିଲକ୍ଷିତ ହୁଏ। ଶିଶୁଙ୍କ କ୍ଷେତ୍ରରେ ଦେଖାଯାଉଥିବା ଏମିତି ଗୋଟିଏ ସମସ୍ୟା ହେଉଛି ଖନା ବା ପାଟି ଲାଗିବା । କଥା ହେବା ସମୟରେ ଶବ୍ଦକୁ ଠିକ୍ ଭାବେ ଉଚ୍ଚାରଣ କରି ନପାରିବା ବା ଶବ୍ଦଟିକୁ କହିବା ପୂର୍ବରୁ ଅଧିକ ସମୟ ନେବା, ସ୍ପଷ୍ଟ ନ କହିପାରିବା ଆଦିକୁ 'ଖନା ସମସ୍ୟା' ବା ଇଂରାଜିରେ 'ଷ୍ଟଟରିଙ୍ଗ' କୁହାଯାଏ । ଏହି ସମସ୍ୟାର ଦୂରୀକରଣ ପାଇଁ ପ୍ରାଚୀନକାଳରେ ଘରୋଇ ଉପାୟ ଅବଲମ୍ବନ କରାଯାଉଥିଲା। କିନ୍ତୁ ବର୍ତ୍ତମାନର ଆଧୁନିକ ଚିକିତ୍ସା ଯୁଗରେ ଏହି ଶାରୀରିକ ସମସ୍ୟାର ପ୍ରତିକାର ପାଇଁ 'ସ୍ପିଚ୍ ଥେରାପି'ର ସାହାରା ନିଆଯାଉଛି। କିନ୍ତୁ 'ସ୍ପିଚ୍ ଥେରାପି' କେତେଜଣଙ୍କ କ୍ଷେତ୍ରରେ ସକାରାତ୍ମକ ପ୍ରଭାବ ଆଣୁଥିବା ବେଳେ ଆଉ କେତେଜଣ ଶିଶୁଙ୍କ କ୍ଷେତ୍ରରେ ପୂର୍ଣ୍ଣମାତ୍ରାରେ ସହାୟକ ହୋଇପାରୁନାହିଁ। କିନ୍ତୁ ଭାରତରେ ଏଭଳି ଗୋଟିଏ ମନ୍ଦିର ଅଛି, ଯେଉଁଠି ଖନା ସମସ୍ୟା ସମ୍ପୂର୍ଣ୍ଣ ଭାବେ ଦୂର ହୋଇଯାଉଛି ବୋଲି ବିଶ୍ୱାସ ରହିଛି । ଭକ୍ତମାନେ ଏହାର ପ୍ରତ୍ୟକ୍ଷ ପ୍ରମାଣ ମଧ୍ୟ ଦିଅନ୍ତି ।

ରାଜସ୍ଥାନର ଚୋମୁ-ଅଜିତଗଡ଼ ରାଜ୍ୟ ରାଜପଥ ନିକଟବର୍ତ୍ତୀ ସାମୋଦର ବନ୍ଦୋଲ୍‌ଠାରେ ଅବସ୍ଥିତ ଏହି ଚମତ୍କାରୀ ମନ୍ଦିରର ନାମ ହେଉଛି 'ମହାମାୟା ମାତା ମନ୍ଦିର' । ଏଠାରେ ଦେବରାଜ ଇନ୍ଦ୍ରଙ୍କର ୭ଜଣ ପରୀ ମହାମାୟା ଭାବେ ପୂଜିତା। ଆରାବଳି ପର୍ବତଶୃଙ୍ଖଳା ବେଷ୍ଟିତ ଏହି ପ୍ରସିଦ୍ଧ ମନ୍ଦିର ୭୦୦ ବର୍ଷ ପୁରୁଣା ବୋଲି କୁହାଯାଏ। ସ୍ଥାନୀୟ ଭକ୍ତମାନଙ୍କ ବ୍ୟତୀତ ଏଠାକୁ ଭାରତର ବିଭିନ୍ନ ଅଞ୍ଚଳରୁ ଶ୍ରଦ୍ଧାଳୁଙ୍କ ଆଗମନ ହୋଇଥାଏ । ବିଶେଷଭାବେ ଶିଶୁମାନଙ୍କ ଖନା ସମସ୍ୟା ଦୂର କରିବା ପାଇଁ ଏଠାରେ ଶ୍ରଦ୍ଧାଳୁଙ୍କ ଭିଡ଼ ଦେଖିବାକୁ ମିଳେ। ଖନା ସମସ୍ୟା ଦୂର କରିବା ପାଇଁ ଭକ୍ତମାନେ ମାନସିକ କରିବା ସହିତ ଶିଶୁଙ୍କୁ ୭ଥର 'ଯାତ୍' ଲଗାଇବାକୁ ପଡ଼ିଥାଏ। 'ଯାତ୍' ଅର୍ଥ ଶିଶୁଙ୍କ ନାମରେ ମନ୍ଦିର ଭିତରେ ବିଶେଷ ଭାବେ ପୂଜାନୁଷ୍ଠାନ କରି ଦେବୀଙ୍କ ଚରଣରେ ଶିଶୁଙ୍କ ହାତରେ ନଡ଼ିଆ, ବସ୍ତ୍ର ଓ ପୁଲଫଳ ଆଦି ସମର୍ପଣ କରିବା । ଏଭଳି ୭ଥର କରିବା ପରେ ଶିଶୁଙ୍କ ଖନା ସମସ୍ୟା ଧୀରେ ଧୀରେ ସମ୍ପୂର୍ଣ୍ଣ ଦୂର ହୋଇଯାଏ ବୋଲି ଭକ୍ତମାନେ କହିଥା'ନ୍ତି। ମାନସିକ ପୂରଣ ହେବା ପରେ ଦେବୀ ମା'ଙ୍କୁ ରୁପା କିମ୍ବା ତମ୍ବାର ଜିଭ ଅର୍ପଣ କରାଯିବାର ପ୍ରଥା ଅଛି। ଆଦୌ କଥା କହିପାରୁନଥିବା କେତେଜଣ ଶିଶୁ ମଧ୍ୟ ଦେବୀ ମା'ଙ୍କ ଆଶିଷରୁ କଥା କହୁଛନ୍ତି ବୋଲି ସ୍ଥାନୀୟ ଲୋକଙ୍କଠାରୁ ଶୁଣିବାକୁ ମିଳେ ।

ଏଠାରେ ଦେବରାଜ ଇନ୍ଦ୍ରଙ୍କର ୭ଜଣ ପରୀ କାହିଁକି ପୂଜା ପାଇଲେ, ସେ ସମ୍ପର୍କରେ ଏକ କିମ୍ବଦନ୍ତୀ ଅଛି । ୭୦୦ ବର୍ଷ ପୂର୍ବେ ଏହି ସ୍ଥାନରେ ସନ୍ଥ ଦ୍ୱାରକା ଦାସ ମହାରାଜ ତପସ୍ୟା କରୁଥିଲେ । ତପସ୍ୟା ସ୍ଥଳ ନିକଟରେ ଥିବା ଜଳାଶୟକୁ ପ୍ରତିଦିନ ଦେବରାଜ ଇନ୍ଦ୍ରଙ୍କର ୭ଜଣ ପରୀ ସ୍ନାନ କରିବା ପାଇଁ ଆସୁଥିଲେ। ସେମାନେ ସ୍ନାନ କରିବା ସମୟରେ କୋଳାହଳ କରୁଥିବାରୁ ସନ୍ଥ ଦ୍ୱାରକା ଦାସଙ୍କ ତପସ୍ୟାରେ ବିଘ୍ନ ଘଟୁଥିଲା। କୋଳାହଳ ନ କରିବା ପାଇଁ ସନ୍ଥ ପରୀମାନଙ୍କୁ ଅନେକ ଥର ଅନୁରୋଧ କଲେ ମଧ୍ୟ ସେମାନେ ସନ୍ଥଙ୍କ କଥାକୁ ଭ୍ରୂକ୍ଷେପ କଲେ ନାହିଁ। ଏକଦା ସନ୍ଥ ଦ୍ୱାରକା ଦାସ ଅତିଷ୍ଠ ହୋଇ ପରୀମାନଙ୍କୁ ଉଚିତ ଦଣ୍ଡ ଦେବାକୁ ମନସ୍ଥ କଲେ। ପରୀମାନେ ସ୍ନାନ କରୁଥିବା ସମୟରେ ସନ୍ଥ ସେମାନଙ୍କର ବସ୍ତ୍ର ଲୁଚାଇ ଦେଲେ। ସ୍ନାନ ସାରି ପରୀମାନେ ଆସିବା ପରେ ବସ୍ତ୍ର ନ ପାଇ ବିଚଳିତ ହେଲେ ଏବଂ ବସ୍ତ୍ର ଫେରାଇ ଦେବା ପାଇଁ ପରୀମାନେ ସନ୍ଥଙ୍କୁ ଅନୁରୋଧ କଲେ । କିନ୍ତୁ ସନ୍ଥ ସେମାନଙ୍କର ବସ୍ତ୍ର ଫେରାଇଲେ ନାହିଁ ଏବଂ ଅଭିଶାପ ଦେଲେ ଯେ, ସେମାନେ ଏହି ଜଳାଶୟ ନିକଟରେ ଅନନ୍ତ ସମୟ ପାଇଁ ରହି ଭକ୍ତମାନଙ୍କର ମନୋକାମନା ପୂରଣ କରିବେ। ତେଣୁ ପରୀମାନେ ଇନ୍ଦ୍ରଲୋକକୁ ଫେରି ନପାରି ସେବେଠାରୁ ଏଠାରେ ମହାମାୟା ଭାବେ ପୂଜା ପାଇ ଆସୁଛନ୍ତି । ନବରାତ୍ରି ଏବଂ ବୈଶାଖ ଓ ଭାଦ୍ରବ ମାସରେ ୧୫ ଦିନ ଏଠାରେ ବଡ଼ ମେଳାର ଆୟୋଜନ ହୋଇଥାଏ ।

ଏଥିରୁ ପ୍ରମାଣିତ ହେଉଛି ଯେ, ଚିକିତ୍ସା ବିଜ୍ଞାନ ଯେତେ ଅଗ୍ରଗତି କଲେ ମଧ୍ୟ ଭାରତରେ ଜନସାଧାରଣ ଏ ପର୍ଯ୍ୟନ୍ତ ସ୍ୱାସ୍ଥ୍ୟ ଚିକିତ୍ସା ପାଇଁ ଧର୍ମବିଶ୍ୱାସ ଓ ଈଶ୍ୱରଙ୍କ ଉପରୁ ଆସ୍ଥା ହରାଇନାହାନ୍ତି । ଭାରତୀୟ ସଂସ୍କୃତିର ଏହା ହିଁ ବୈଶିଷ୍ଟ୍ୟ ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଲେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ରବି ଧାନ ସଂଗ୍ରହ ସମୀକ୍ଷା କଲେ ମନ୍ତ୍ରୀ

ଭୁବନେଶ୍ୱର, ୫।୬(ସମିସ): ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ରାଜ୍ୟରେ ଚଳିତ ଋତୁରେ ରବି ଧାନ ସଂଗ୍ରହ ସମ୍ପର୍କରେ ସମୀକ୍ଷା କରିଛନ୍ତି। ଓଡ଼ିଶା ରାଜ୍ୟ ଯୋଗାଣ ନିଗମ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ବୈଠକରେ ନିଗମର ପରିଚାଳନା ନିର୍ଦ୍ଦେଶକ କେ. ସୁଦର୍ଶନ ଚକ୍ରବର୍ତ୍ତୀ ରବି ଧାନ ସଂଗ୍ରହ ସମ୍ପର୍କରେ ଅବଗତ କରାଇଥିଲେ। ରାଜ୍ୟରେ ଚଳିତ ରବି ଋତୁରେ ଏପର୍ଯ୍ୟନ୍ତ ପ୍ରାୟ ୮୮ ହଜାର ଚାଷୀଙ୍କ ଠାରୁ ପ୍ରାୟ ୬ ଲକ୍ଷ ୬ ହଜାର ମେଟ୍ରିକ ଟନ୍ ଧାନ ସଂଗ୍ରହ କରାଯାଇଛି। ଏଥିସହ ସର୍ବନିମ୍ନ ସହାୟତା ମୂଲ୍ୟ ଓ ଇନ୍‌ପୁଟ ସହାୟତା ବାବଦକୁ ପାଖାପାଖି ୧୫୬୬ କୋଟି ଟଙ୍କା ପ୍ରଦାନ କରାଯାଇଛି। ଏଥିସହ ମୌସୁମୀ ବର୍ଷାକୁ ଦୃଷ୍ଟିରେ ରଖି ଧାନ ସଂଗ୍ରହ ତ୍ୱରାନ୍ୱିତ କରିବାକୁ ମନ୍ତ୍ରୀ ପରାମର୍ଶ ଦେଇଥିଲେ। ମଣ୍ଡିରେ ଚାଷୀମାନଙ୍କ ଧାନ ସୁରକ୍ଷା ପାଇଁ ପର୍ଯ୍ୟାପ୍ତ ବ୍ୟବସ୍ଥା କରିବାକୁ ମଧ୍ୟ ସେ ନିର୍ଦ୍ଦେଶ ଦେଇଛନ୍ତି। ଧାନ ସଂଗ୍ରହ ସମୟରେ କୌଣସି ଅନିୟମିତତାର ଅଭିଯୋଗ ଆସିଲେ ତ୍ୱରିତ ପଦକ୍ଷେପ ଗ୍ରହଣ କରିବାକୁ ମନ୍ତ୍ରୀ ପରାମର୍ଶ ଦେଇଥିଲେ। ରାଜ୍ୟରେ ବର୍ତ୍ତମାନ ଥିବା ୨୧୪ଟି ଗୋଦାମ ଗୃହର ଆଧୁନିକୀକରଣ ଓ କ୍ଷମତା ବୃଦ୍ଧି ପାଇଁ ତ୍ୱରିତ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ ବୈଠକରେ ଆଲୋଚନା ହୋଇଥିଲା।

# ଶିକ୍ଷକଙ୍କୁ ଦିଆଯିବ କରୋନା ସତର୍କତା

ଭୁବନେଶ୍ୱର,୫।୬(ସମିସ): ଦେଶ ଓ ରାଜ୍ୟରେ କୋରାନା ଆକ୍ରାନ୍ତଙ୍କ ସଂଖ୍ୟା ବଢୁଥିବାବେଳେ ସ୍କୁଲ୍ ଛାତ୍ରଛାତ୍ରୀଙ୍କ ସୁରକ୍ଷାକୁ ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ପ୍ରତିକ୍ରିୟା ରଖିଛନ୍ତି। ଖରାଛୁଟି ପରେ ବିଦ୍ୟାଳୟ ଖୋଲିଲେ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ କୋଭିଡ୍ ନେଇ ସତର୍କ କରାଯିବ। କାହାକୁ ଥଣ୍ଡା ହେଲେ ମାସ୍କ ପିନ୍ଧି ବିଦ୍ୟାଳୟକୁ ଆସିବେ। ଅଧିକ ସ୍ୱାସ୍ଥ୍ୟ ଖରାପ ହେଲେ ସ୍କୁଲ୍ ନ ଆସି ଘରେ ରହିବେ ଛାତ୍ରଛାତ୍ରୀ। ଆଗାମୀ ଦିନରେ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ)ଙ୍କୁ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯିବ। ସ୍ୱାସ୍ଥ୍ୟ ବିଭାଗର ମାର୍ଗଦର୍ଶିକା ଅନୁଯାୟୀ ପଦକ୍ଷେପ ନିଆଯିବ ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ କହିଛନ୍ତି।

# ଟିରୋଟରେ ୬୦ ଛୁଇଁବ ଆଳୁ; ଯୋଗାଣମନ୍ତ୍ରୀ ବେଫିକର

- ଟେନସନ ନିଏନି, ଟେନସନକୁ ପେନସନ ଦିଏ: ମନ୍ତ୍ରୀ
- ଯୋଗାଣମନ୍ତ୍ରୀଙ୍କୁ ଛାଡୁ ନାହିଁ 'ଆଳୁ ଦୋଷ: ବିଜେଡି
- ଫିଲ୍ଡ ଯାଇ ଦେଖନ୍ତୁ, ଫାଇଲ କଥା ନକୁହନ୍ତୁ: କଂଗ୍ରେସ

ଭୁବନେଶ୍ୱର,୫।୬(ସମିସ): ରାଜ୍ୟରେ ବିଜେପି କ୍ଷମତାକୁ ଆସିବା ପରଠାରୁ ଆଳୁ ସମସ୍ୟାର ସ୍ଥାୟୀ ସମାଧାନ ହୋଇପାରୁ ନାହିଁ। ଆଳୁ ବିହନ ଯୋଗାଣରେ ଅସଙ୍ଗତି ଯୋଗୁଁ ଚଳିତ ବର୍ଷ ଉତ୍ପାଦନ ଆଶାନୁରୂପ ହୋଇ ନାହିଁ। ଟିରୋଟରେ ଆଳୁ କେଜି ୬୦ ଛୁଇଁବ ବୋଲି ବ୍ୟବସାୟୀମାନେ ଆଶଙ୍କା କଲେଣି, ନିଜେ ଯୋଗାଣମନ୍ତ୍ରୀ ରାଜ୍ୟର ଆବଶ୍ୟକତା ଅନୁସାରେ ଉତ୍ପାଦନ ହେଉ ନାହିଁ ବୋଲି ଉଲ୍ଲେଖ କରି ଅନ୍ୟୁନ ୧୦ ଲକ୍ଷ ଟନ୍ ଆଳୁ ଆମଦାନୀର ଆବଶ୍ୟକତା ଥିବା କଥା କହୁଛନ୍ତି। ଏପରି ସମୟରେ ମନ୍ତ୍ରୀ ଆଳୁକୁ ନେଇ ବେଫିକର ମନ୍ତବ୍ୟ ପ୍ରଦାନ କରିବାକୁ ସମାଲୋଚନା କରିଛନ୍ତି ବିରୋଧୀ। ଯୋଗାଣମନ୍ତ୍ରୀଙ୍କୁ 'ଆଳୁ ଦୋଷ' ଛାଡୁନାହିଁ ବୋଲି ବିରୋଧୀ କଂଗ୍ରେସ କଟାକ୍ଷ କରିଛି।

ଦୀର୍ଘଦିନ ଧରି ରାଜ୍ୟରେ ଆଳୁ ଦରରେ ସୁଧାର ଆସୁନାହିଁ। ହେଲେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କରମୁହଁ ଫୁଟାଣି ଛାଡୁନି। ଆଳୁ ଦର ନିୟନ୍ତ୍ରଣ ସହ ଅଧିକ ଉତ୍ପାଦନ ପାଇଁ ପଦକ୍ଷେପ ନେବା ପରିବର୍ତ୍ତେ କହିଛନ୍ତି ଯେ ମୁଁ ଟେନସନ୍ ନିଏନାହିଁ ବରଂ ଟେନସନକୁ ପେନସନ୍ ଦେଇ ଦେବା ମୋର ଅଭ୍ୟାସ। ଓଡ଼ିଶାରେ ମୋଟ ୧୩ ଲକ୍ଷ ଟନ ଆଳୁର ଆବଶ୍ୟକତା ଥିବାବେଳେ ୩ ଲକ୍ଷ ମେଟ୍ରିକ ଟନ ଆଳୁ ଉତ୍ପାଦିତ ହେଉଛି। ରାଜ୍ୟରେ ଆଉ ୨ ଲକ୍ଷ ମେଟ୍ରିକ୍ ଟନ୍ ଉତ୍ପାଦନ ବଢ଼ିଛି। ଆମେ ଶୀତଳ ଭଣ୍ଡାରର ବ୍ୟବସ୍ଥା କରୁଛୁ। ମୋ କାମରେ ମୁଁ ସନ୍ତୁଷ୍ଟ, ଆପଣମାନେ ସନ୍ତୁଷ୍ଟ କି ନାହିଁ ମୁଁ ସନ୍ଦେହରେ ଅଛି ବୋଲି ମନ୍ତ୍ରୀ କହିଛନ୍ତି। ଅପରପକ୍ଷେ ମନ୍ତ୍ରୀଙ୍କ ବୟାନ ଉପରେ ପ୍ରତିକ୍ରିୟା ରଖି ବିଜେଡି ବିଧାୟକ ପ୍ରଦୀପ ଦିଶାରୀ କହିଛନ୍ତି ଯେ ଆଳୁ ମନ୍ତ୍ରୀଙ୍କ ଆଳୁ ଦୋଷ ଯାଇନାହିଁ। ସେଥିପାଇଁ ଲୋକେ ତାଙ୍କୁ ଆଳୁ ମନ୍ତ୍ରୀ ଡାକିଲେଣି। ବର୍ଷେ ହେବ ଉତ୍ତର ପ୍ରଦେଶରୁ ଆଳୁ ଟ୍ରେନ ଆସୁଛି, ତାହା କେଉଁଠି ହେଲାଣି ମନ୍ତ୍ରୀ କହିପାରିବେ କି ? କେତେ ଦିନ ନିଜ ଦାୟିତ୍ୱ ଭୁଲି ପୂର୍ବ ସରକାରଙ୍କୁ ଦୋଷ ଦେବେ ବୋଲି ଶ୍ରୀ ଦିଶାରୀ ପ୍ରଶ୍ନ କରିଛନ୍ତି। ସେ ଆହୁରି ମଧ୍ୟ କହିଛନ୍ତି ଯେ ଯୋଗାଣ ମନ୍ତ୍ରୀ କହିଥିଲେ ଆଳୁ ପାଇଁ ଆମେ କାହା ଉପରେ ନିର୍ଭର କରିବୁ ନାହିଁ। ଗତ ବର୍ଷେ ମଧ୍ୟରେ ଆଳୁ ଉତ୍ପାଦନ ବୃଦ୍ଧି ପାଇ କଣ କରିଛନ୍ତି ଏବଂ କେତୋଟି ଶୀତଳ ଭଣ୍ଡାର କରିଛନ୍ତି ତାହାର ଉତ୍ତର ରଖନ୍ତୁ ବୋଲି ସେ ପ୍ରଶ୍ନ କରିଛନ୍ତି। ସେହିପରି କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତି କହିଛନ୍ତି ଯେ ଆଳୁ ମନ୍ତ୍ରୀଙ୍କ ଦୋଷ ଆହୁରି ଟିକେ ଅଛି। ସେ କହିଲେ ଟ୍ରେନରେ ଆଳୁ ଉତ୍ତର ପ୍ରଦେଶରୁ ଆସୁଛି, ତାହା ପରବର୍ତ୍ତୀ ସମୟରେ ମିଛ ପ୍ରମାଣିତ ହେଲା। ଏବେ କହୁଛନ୍ତି ଆମେ ରାଜ୍ୟରେ ଉତ୍ପାଦନ ବଢାଇଦେଲୁ। ମାତ୍ର ରାଜ୍ୟରେ ବର୍ଷେ ହେଲାଣି ଗୋଟେ ହେଲେ ମଧ୍ୟ ଆଳୁ ଉତ୍ପାଦନ ବଢ଼ିନାହିଁ। ଯୋଗାଣ ମନ୍ତ୍ରୀ କେବଳ କହିବା ଶିଖିଛନ୍ତି ଓ ରଙ୍ଗ ବଦଳାଇବା ଶିଖିଛନ୍ତି। ମନ୍ତ୍ରୀଙ୍କୁ ଅନୁରୋଧ ଦୟାକରି ସେ ଫିଲ୍ଡକୁ ଯାଆନ୍ତୁ ଫାଇଲକୁ ଆସନ୍ତୁ ନାହିଁ ବୋଲି ଶ୍ରୀ ବାହିନୀପତି କଟାକ୍ଷ କରିଛନ୍ତି।

- ଟ୍ରକ୍ ପଛରେ ପିଟିହେଲା ବସ୍

# ଝରିଗାଁ ବ୍ଲକ୍ କନିଷ୍ଠ ଯନ୍ତ୍ରୀ ମୃତ; ୫ ଗୁରୁତର

କୋକସରା/ଚାରବାହାଲ, ୫।୬(ସମିସ): କଳାହାଣ୍ଡି ଜିଲ୍ଲା କୋକସରା ଥାନା ଚାରବାହାଲ ସ୍କୁଲ ନିକଟରେ ଗୁରୁବାର ଭୋର୍‌ରେ ଏକ ଭୟଙ୍କର ଦୁର୍ଘଟଣା ଘଟିଛି। ଏଥିରେ ଜଣେ ଯାତ୍ରୀଙ୍କ ମୃତ୍ୟୁ ଘଟିଛି। ବସ୍‌ରେ ଥିବା ଅନ୍ୟ ୫ଜଣ ଯାତ୍ରୀ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ମୃତକ ହେଲେ, ଅନୁଗୋଳର ବିନୋଦ ବେହେରା। ସେ ନବରଙ୍ଗପୁର ଜିଲ୍ଲା ଝରିଗାଁ ବ୍ଲକରେ କନିଷ୍ଠ ଯନ୍ତ୍ରୀ ଭାବେ କାର୍ଯ୍ୟରତ ଥିଲେ। ସେ ଭୁବନେଶ୍ୱରରୁ କାର୍ଯ୍ୟସ୍ଥଳ ଝରିଗାଁ ଆସୁଥିଲେ। ଜୁନାଗଡ଼ ଡାକ୍ତରଖାନାରେ ଶବ ବ୍ୟବଚ୍ଛେଦ ହେବାପରେ ପରିବାରଲୋକଙ୍କୁ ହସ୍ତାନ୍ତର କରାଯାଇଛି।

ଅନ୍ୟପକ୍ଷେ ଗୁରୁତରମାନେ ହେଲେ ନବରଙ୍ଗପୁର ଜିଲ୍ଲା ଝରିଗାଁ ତରାବେଡାର ଜଗତ ଗଉଡ଼, ନୟାଗଡ଼ର ଅଶୋକ ମହାନ୍ତି, ସଞ୍ଜୟ ଦାସ, ସୁଶୀଲ ସାହୁ ଓ ଅନ୍ୟ ଜଣେ। ଭୁବନେଶ୍ୱରରୁ ଉମରକୋଟ ଯାଉଥିବା ଏହି ଘରୋଇ ଯାତ୍ରୀବାହୀ ବସ୍‌ଟି ରାସ୍ତାରେ ଠିଆ ହୋଇଥିବା ଏକ ଟ୍ରକ୍‌କୁ ପଛପଟୁ ଧକ୍କା ଦେଇଥିଲା। ଦୁର୍ଘଟଣା ଏତେ ଭୟଙ୍କର ଥିଲା ଯେ ବସ୍‌ର ଆଗପଟ ଚୂରମାର ହୋଇଯାଇଛି। ସ୍ଥାନୀୟ ଲୋକଙ୍କଠାରୁ ଖବର ପାଇ କୋକସରା ଦମକଳ କେନ୍ଦ୍ର କର୍ମଚାରୀ ଓ ଓ ମୋଟେର ଫାଣ୍ଡି ପୁଲିସ୍ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ। ଅଗ୍ନିଶମ ବିଭାଗର ଓଆଇସି ପ୍ରଶାନ୍ତ ବାଘଙ୍କ ନେତୃତ୍ୱରେ କର୍ମଚାରୀମାନେ ବସ୍‌ରୁ ସମସ୍ତ ଯାତ୍ରୀଙ୍କୁ ଉଦ୍ଧାର କରିଥିଲେ। ୬ଜଣ ଯାତ୍ରୀଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ଜୁନାଗଡ ଡାକ୍ତରଖାନା ପଠାଇଥିଲେ। ସେଠାରେ ବିନୋଦ ବେହେରାଙ୍କ ମୃତ୍ୟୁ ଘଟିଥିଲା। ଅନ୍ୟ ୫ଜଣ ଯାତ୍ରୀ ଜୁନାଗଡ଼ରେ ଚିକିତ୍ସାଧୀନ ରହିଛନ୍ତି। ମୋଟେର ଫାଣ୍ଡି ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି।

SALE
Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.
Contact
GADHWAL GROUP
Mob.: 9437015112

ପୂର୍ବ ତଟ ରେଳପଥ
ସାମଗ୍ରୀଗୁଡ଼ିକର ଯୋଗାଣ
ନିମ୍ନଲିଖିତ ଟେଣ୍ଡର ୱେବସାଇଟ : www.ireps.gov.in ରେ ଅପଲୋଡ କରାଯାଇଛି।
ଟେଣ୍ଡର ବିଜ୍ଞପ୍ତି ନଂ. Sr.DMM/KUR/EP/2025-26/02, ତା.04.06.2025 ରିଖ
କ୍ରମ ସଂ.01: ଟେଣ୍ଡର ସଂ. 81255611, ସାମଗ୍ରୀଗୁଡ଼ିକର ସଂକ୍ଷିପ୍ତ ବିବରଣୀ: 60 କି.ଗ୍ରା. ରେଲ୍ ଇତ୍ୟାଦି ନିମନ୍ତେ ଜଗଲ୍ଡ (Joggled) ଫିସ୍ ପ୍ଲେଟ୍ ର ନିର୍ମାଣ ଏବଂ ଯୋଗାଣ, ପରିମାଣ: 1781 ସେଟ୍।
ବନ୍ଦ ହେବା ତାରିଖ ଓ ସମୟ: ତା.23.06.2025 ରିଖ 1500 ଘଣ୍ଟିକା।
ବରିଷ୍ଠ ମଣ୍ଡଳ ସାମଗ୍ରୀ ପ୍ରବନ୍ଧକ, ଖୋର୍ଦ୍ଧା ରୋଡ୍
PR-208/Q/25-26

# ଦୀପ ନିଆଁ ଲାଗି ମହିଳା ଗୁରୁତର

ଆଳି, ୫।୬(ସମିସ): ଆଜି ସୁଦଶା ବ୍ରତ ଅବସରରେ ସବୁ ମନ୍ଦିରରେ ଶ୍ରଦ୍ଧାଳୁଙ୍କ ଭିଡ଼ ହୋଇଥିବା ବେଳେ ଆଳିର ଆରାଧ୍ୟଦେବତା ପ୍ରଭୁ ଲକ୍ଷ୍ମୀବରାହ ମନ୍ଦିରରେ ଏକ ଅଘଟଣ ଘଟିଛି। ଦୀପ ନିଆଁ ଲାଗି ଜଣେ ମହିଳା ଭକ୍ତ ଗୁରୁତର ଆହତ ହୋଇଛନ୍ତି। ମହିଳାଜଣଙ୍କ ହେଲେ, ରାଜକନିକା ବ୍ଲକ ଅନ୍ତର୍ଗତ ବଳରାମପୁର ଛଦେଶ ଗ୍ରାମର ଇନ୍ଦ୍ରମଣୀ ନାୟକଙ୍କ ପତ୍ନୀ ସୁପ୍ରିୟା ନାୟକ। ତାଙ୍କୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ସୁପ୍ରିୟା ନିଜ ଘର ଆଳି ବ୍ଲକ ଅନ୍ତର୍ଗତ କୋଚିଲା ଗ୍ରାମକୁ ଆସିଥିଲେ। ଆଜି ସୁଦଶା ବ୍ରତ କରିଥିବାରୁ ସେ ଲକ୍ଷ୍ମୀବରାହ ମନ୍ଦିରକୁ ପୂଜା କରିବାକୁ ଆସିଥିଲେ। ସେ ଦୀପ ଲଗାଉଥିବା ସମୟରେ ଅସାବଧାନତା ଯୋଗୁଁ ତାଙ୍କ ଶାଢ଼ିରେ ନିଆଁ ଲାଗିଯାଇଥିଲା। ତାଙ୍କ ଚିତ୍କାର ଶୁଣି ସେଠାରେ ଉପସ୍ଥିତ ଦୁଇଜଣ ପୂଜକ ଶିବପ୍ରସାଦ ପଣ୍ଡା ଓ ନଟବର ଦୀକ୍ଷିତ ତାଙ୍କ ଦେହରୁ ନିଆଁ ଲିଭାଇବା ସହ ତାଙ୍କୁ ନିଜର ବସ୍ତ୍ର ଦ୍ୱାରା ଢାଙ୍କି ଦେଇଥିଲେ। ପରେ ତାଙ୍କୁ ଆଳି ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଅବସ୍ଥା ଗୁରୁତର ଥିବାରୁ କଟକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରଯାଇଥିବା ନେଇ ଆଳି ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ପ୍ରଣବ ଶୁକ୍ଳା ସୂଚନା ଦେଇଛନ୍ତି।

# ଆଜି ରାଜ୍ୟ କ୍ୟାବିନେଟ

ଭୁବନେଶ୍ୱର,୫।୬(ସମିସ): ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ଅଧ୍ୟକ୍ଷତାରେ ରାଜ୍ୟ କ୍ୟାବିନେଟର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଆସନ୍ତାକାଲି ଅପରାହ୍ନ ୪ଟା ସମୟରେ ଲୋକସେବା ଭବନରେ ବୈଠକ ଅନୁଷ୍ଠିତ ହେବ ବୋଲି ଜଣାପଡ଼ିଛି। ଆସନ୍ତା ୧୨ ତାରିଖରେ ରାଜ୍ୟ ବିଜେପି ସରକାରକୁ ଶାସନ ଭାର ସମ୍ଭାଳିବାର ପ୍ରଥମ ବର୍ଷ ପୂରଣ ହେଉଛି। ତେଣୁ ବର୍ଷ ପୂର୍ତ୍ତିକୁ ଦୃଷ୍ଟିରେ ରଖି ଆସନ୍ତାକାଲି ସରକାର କିଛି ବଡ଼ ଘୋଷଣା କରିବାର ସମ୍ଭାବନା ରହିଛି।

# ଭଦ୍ରକ ଏସ୍‌ପି ହେଲେ ମନୋଜ ରାଉତ

ଭୁବନେଶ୍ୱର,୫।୬(ସମିସ): ଭଦ୍ରକର ନୂଆ ଏସ୍‌ପି ହେଲେ ମନୋଜ କୁମାର ରାଉତ। ସେ କେଉଁଝର ଜିଲ୍ଲାରେ ଅତିରିକ୍ତ ଏସ୍‌ପି କାର୍ଯ୍ୟ କରୁଥିଲେ। ସେହିଭଳି ଭଦ୍ରକ ଏସ୍‌ପି ଥିବା ୨୦୧୨ ବ୍ୟାଚ୍‌ର ଆଇପିଏସ୍ ମଡ଼କର ସନ୍ଦୀପ ସମ୍ପଦଙ୍କୁ ନବରଙ୍ଗପୁର ଜିଲ୍ଲାର ଏସ୍‌ପି ଭାବେ ବଦଳି କରାଯାଇଛି। ଏନେଇ ଗୃହ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଇ କରାଯାଇଛି।

# ସଂରକ୍ଷିତ ଜଙ୍ଗଲରୁ ହାତୀର ଗଳିତ ମୃତଦେହ ଠାବ

ବାରିପଦା, ୫।୬(ସମିସ): ବାରିପଦା ବନଖଣ୍ଡ ଅଧୀନ ମଞ୍ଚାବନ୍ଧା ସଂରକ୍ଷିତ ଜଙ୍ଗଲରୁ ଗୁରୁବାର ଏକ ଦନ୍ତା ହାତୀର ଗଳିତ ମୃତଦେହକୁ ବନବିଭାଗ ଠାବ କରିଛି। ହାତୀଟି ଏକ ଖାଲ ମଧ୍ୟରେ ପଡିଥିବାରୁ ବନବିଭାଗର କର୍ମଚାରୀମାନେ ଉଦ୍ଧାର କାର୍ଯ୍ୟ ଜାରି ରଖିଛନ୍ତି। ତେବେ ହାତୀ ମୃତ୍ୟୁର କାରଣ ଜଣାପଡି ନ ଥିବାବେଳେ ହାତୀ-ହାତୀ ମଧ୍ୟରେ ଲଢେଇ ଜନିତ ମୃତ୍ୟୁ ଘଟିଥାଇପାରେ ବୋଲି ଶିମିଳିପାଳ କ୍ଷେତ୍ର ନିର୍ଦ୍ଦେଶକ ତଥା ଆଞ୍ଚଳିକ ମୁଖ୍ୟ ବନ୍ୟପ୍ରାଣୀ ସଂରକ୍ଷକ ଡ. ପ୍ରକାଶ ଚାନ୍ଦ ଗୋଗିନେନୀ ଅନୁମାନ କରୁଛନ୍ତି। ଶବ ବ୍ୟବଚ୍ଛେଦ କରିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡିବ। ମୃତ ହାତୀର ବୟସ ୧୦ ବର୍ଷ ମଧ୍ୟରେ ହେବ।

# ରାଜ୍ୟର '୧୦୮' ଆମ୍ବୁଲାନ୍ସ ସେବା ବିପର୍ଯ୍ୟସ୍ତ

- ଡବଲ ଇଞ୍ଜିନ ଏବେ ରାଜ୍ୟ ପାଇଁ ଡବଲ ବିନାଶ ଆଣିଛି: ବିଜେଡି
- ବିଜେପି ସରକାରକୁ ଆସିବା ପରେ ଆମ୍ବୁଲାନ୍ସର ହେଉନି ରକ୍ଷଣାବେକ୍ଷଣ
- ସ୍ୱାସ୍ଥ୍ୟ ସେବା ପ୍ରଦାନରେ ବିଫଳ ସରକାର ବର୍ଷପୂର୍ତ୍ତି ଉତ୍ସବ ପାଳନ କରୁଛି
- ଉତ୍ସବ ପାଳନ ବନ୍ଦ କରି ସେହି ଅର୍ଥରେ ୧ ହଜାର ଆମ୍ବୁଲାନ୍ସ କିଣାଯାଉ

ଭୁବନେଶ୍ୱର,୫।୬(ସମିସ): ରାଜ୍ୟରେ ସ୍ୱାସ୍ଥ୍ୟ ସେବା ଉଦ୍‌ବେଗଜନକ ସ୍ଥିତିରେ ଥିବାବେଳେ ଆମ୍ବୁଲାନ୍ସ ସେବା ମଧ୍ୟ ବିପର୍ଯ୍ୟସ୍ତ ଅବସ୍ଥାକୁ ଆସିଗଲାଣି। ଆମ୍ବୁଲାନ୍ସ ଭଳି ଏକ ଜରୁରୀକାଳୀନ ସେବା ଏକ ପ୍ରକାର ବନ୍ଦ ହୋଇଯାଇଥିବା ବେଳେ ସରକାର ଏକ ବର୍ଷ ପୂର୍ତ୍ତି ଉତ୍ସବ ରାଜ୍ୟବ୍ୟାପୀ ପାଳନ କରୁଛି ବୋଲଲି କ୍ଷୋଭ ପ୍ରକାଶ କରିଛି ବିଜେଡି। ରାଜ୍ୟବାସୀଙ୍କ କଷ୍ଟ ଉପାର୍ଜିତ ଧନରୁ ଟିକସ ମାଧ୍ୟମରେ ରାଜକୋଷକୁ ଆସିଥିବା ଅର୍ଥକୁ ବିଜେପି ଉତ୍ସବ ପାଳନରେ ଖର୍ଚ୍ଚ ନ କରି ସେହି ଅର୍ଥରେ ୧ ହଜାର ଆମ୍ବୁଲାନ୍ସ କିଣାଯାଉ ବୋଲି ଦଳ ଦାବି କରିଛି।

ଗୁରୁବାର ଶଙ୍ଖ ଭବନରେ ଆଜି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ସାଧାରଣ ସମ୍ପାଦକ ଡଃ ଲେଖାଶ୍ରୀ ସାମନ୍ତସିଂହାର କହିଥିଲେ ଯେ ଗତକାଲି କୋରାପୁଟର ସହିଦ ଲକ୍ଷଣ ନାୟକ ମେଡିକାଲ କଲେଜରେ ଭୁଲ୍ ଇଞ୍ଜେକସନ ଦିଆଯିବା ଦ୍ୱାରା ୬ ଜଣଙ୍କ ମୃତ୍ୟୁ ହୋଇଥିବା ଭଳି ଦୁଃଖଦ ଖବର ସାମ୍ନାକୁ ଆସିଥିଲା। ଆଜି ରାଜ୍ୟରେ ଆମ୍ବୁଲାନ୍ସ ସେବା ବିପର୍ଯ୍ୟସ୍ତ ହୋଇ ପଡିଥିବାର କରୁଣ ଚିତ୍ର ସାମ୍ନାକୁ ଆସିଛି। ଜଗତସିଂହପୁର ଜିଲ୍ଲାରେ ଏକ ୧୦୮ ଆମ୍ବୁଲାନ୍ସରେ ରୋଗୀ ଓ ତାଙ୍କ ପରିବାର ସଦସ୍ୟଙ୍କ ସହିତ ହସ୍ପିଟାଲକୁ ଆସୁଥିବା ବେଳେ ରାସ୍ତାରେ ଆମ୍ବୁଲାନ୍ସର ଟାୟାର ପଙ୍କଚର ହୋଇ ଯାଇଥିଲା। ସେହି ଆମ୍ବୁଲାନ୍ସଟିରେ ଷ୍ଟେପିନ୍ ଟାୟାର ନ ଥିଲା। ଡ୍ରାଇଭର କଲ୍ ସେଣ୍ଟରର ସହାୟତା ମାଗିଥିଲେ ମଧ୍ୟ କୌଣସି ସହାୟତା ମିଳି ପାରି ନ ଥିଲା। ଆମ୍ବୁଲାନ୍ସରେ ମୁମୂର୍ଷୁ ଅବସ୍ଥାରେ ଥିବା ରୋଗୀଙ୍କ ଅବସ୍ଥା ଆହୁରି ଖରାପ ହୋଇଥିଲା। ଏହି ଖବର ପାଇ ବାଲିକୁଦା ଏରସମା ବିଧାୟକ ସାରଦା ପ୍ରସାଦ ଜେନା ଘଟଣାସ୍ଥଳରେ ପହଞ୍ଚି ଅନ୍ୟ ଏକ ଗାଡ଼ିରେ ରୋଗୀଙ୍କୁ ଏରସମା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ।

ଡଃ ସାମନ୍ତସିଂହାର କହିଥିଲେ ଯେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ରାଜ୍ୟରେ ୧୦୮ ଆମ୍ବୁଲାନ୍ସ ସେବା ଆରମ୍ଭ କରାଯାଇଥିଲା ଏବଂ ବ୍ୟବସ୍ଥିତ ଢଙ୍ଗରେ ଏସବୁ ଚାଲି ଆସୁଥିଲା। କିନ୍ତୁ ରାଜ୍ୟରେ ବିଜେପି ସରକାର ଆସିବା ପରେ ଆମ୍ବୁଲାନ୍ସଗୁଡିକର ରକ୍ଷଣାବେକ୍ଷଣା କରା ନ ଯିବା କାରଣରୁ ଏହି ଜରୁରୀକାଳୀନ ସେବା ଏବେ ରୋଗୀଙ୍କ ପାଇଁ ମରଣଯନ୍ତାରେ ପରିଣତ ହୋଇଛି। ୧୦୮ ଆମ୍ବୁଲାନ୍ସଗୁଡିକ ଅକାମି ହୋଇ ପଡ଼ି ରହିଥିବାର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଥିବାବେଳେ ରାଜ୍ୟ ସରକାରଙ୍କର କିନ୍ତୁ ଏଥିପ୍ରତି ନିଘା ନାହିଁ। ରାଜ୍ୟର ଅତ୍ୟାବଶକ ସେବା ବିପର୍ଯ୍ୟସ୍ତ ହୋଇପଡିଥିବା ବେଳେ ବିଜେପି ସରକାର ଉତ୍ସବ ପାଳନ ପ୍ରସ୍ତୁତିରେ ବ୍ୟସ୍ତ ଅଛନ୍ତି। ରାଜ୍ୟ ରାଜକୋଷରୁ ବିପୁଳ ଅର୍ଥ ଖର୍ଚ୍ଚ କରି ଏହି ଉତ୍ସବ ପାଳନ ପ୍ରସ୍ତାବକୁ ତୁରନ୍ତ ବାତିଲ କରି ସେହି ଅର୍ଥରେ ୧୦୦୦ଟି ଜରୁରୀକାଳୀନ ସେବା ଥିବା ଆମ୍ବୁଲାନ୍ସ କିଣାଯାଉ ବୋଲି ଡଃ ସାମନ୍ତସିଂହାର ଦାବି କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ପାକିସ୍ତାନର ଗୁଇନ୍ଦା...

କରିବାରେ ସହାୟତା କରିଛନ୍ତି। ତାଙ୍କର ପ୍ରଭାବ ଦିଲ୍ଲୀରେ ଥିବା ପାକିସ୍ତାନୀ ହାଇକମିସନରେ ମଧ୍ୟ ରହିଛି। ସେ ନିୟମିତ ଭାବେ ପ୍ରଥମ ସଚିବ(ଭିସା) ସୁହେଲ କମର ଓ କାଉନସେଲର (ବାଣିଜ୍ୟ) ଉମର ସେ।।ହେରୟାରଙ୍କ ସହ ଯୋଗାଯୋଗ କରୁଥିଲେ। ସେ ଯାହାକୁ ପାକିସ୍ତାନ ଆସିବା ଦରକାର ବୋଲି ଅନୁଭବ କରୁଥିଲେ, କେବଳ ଗୋଟିଏ ଫୋନ କଲେ ସେମାନଙ୍କୁ ଭିସା ତୁରନ୍ତ ମିଳିଯାଉଥିଲା। ନୂଆଦିଲ୍ଲୀରେ ପାକିସ୍ତାନ ହାଇକମିସନରେ କାମ କରୁଥିବା ଆଇଏସ୍‌ଆଇ ଏଜେଣ୍ଟ ଦାନିଶ ଓରଫ ଏହସାନୁର ର।।ହେମାନଙ୍କ ସହ ସେହଜାଦଙ୍କର ଭଲ ସମ୍ପର୍କ ଥିଲା। ଦାନିଶ ପାକିସ୍ତାନ ଦୂତାବାସରେ ଭିସା ଅଫିସର ଭାବେ କାମ କରୁଥିଲେ। ଭାରତୀୟ ୟୁଟ୍ୟୁବର ଜ୍ୟୋତି ମାଲହୋତ୍ରାଙ୍କ ସହିତ ଦାନିସଙ୍କର ଭଲ ସଂପର୍କ ଥିଲା। ଅପରେସନ ସିନ୍ଦୂର ବେଳେ ଦାନିସଙ୍କୁ ଭାରତ ସରକାର ଅବାଞ୍ଛିତ ବ୍ୟକ୍ତି ଘୋଷଣା କରି ବହିଷ୍କାର କରିଥିଲେ। ଆହୁରି ଜଣାପଡ଼ିଛି ଯେ ପାକିସ୍ତାନ ଯିବା ଲାଗି ପର୍ଯ୍ୟଟନ ଭିସାର କୌଣସି ବ୍ୟବସ୍ଥା ନଥିବା ବେଳେ ସେହଜାଦଙ୍କ ଇସାରାରେ ପାକିସ୍ତାନ ହାଇକମିସନ ଭାରତୀୟ ନାଗରିକଙ୍କୁ ପର୍ଯ୍ୟଟକ ଭିସା ଯୋଗାଉଥିଲା। ଏହି ଗସ୍ତର ପ୍ରାୟୋଜନ କରୁଥିଲେ ମ୍ୟାଡମ୍ ସେହଜାଦ।

### ବର୍ଷକରେ ବିକାଶ..

ଆନ୍ତରିକତାକୁ ନେଇ ମଧ୍ୟ ସନ୍ଦେହ ସୃଷ୍ଟି ହୋଇଛି। ସ୍ଥାନୀୟ ଅଞ୍ଚଳର ବିକାଶ, ପଞ୍ଚାୟତସ୍ତରରେ ଆବଶ୍ୟକତା ଅନୁସାରେ କାର୍ଯ୍ୟ ପାଇଁ ପୂର୍ବ ସରକାର ଯେଉଁ ପଦକ୍ଷେପ ନେଇଥିଲେ, ତାହାକୁ ବନ୍ଦ କରି ଶାସକ ବିଜେପି ରାଜନୈତିକ ଦୃଷ୍ଟିରୁ ଲାଭବାନ ହୋଇଥିବା ମନେ କରୁଥିଲେ ହେଁ, ଏହା ରାଜ୍ୟର ଗ୍ରାମାଞ୍ଚଳରେ ରହୁଥିବା ସାଢ଼େ ୩ କୋଟି ଲୋକଙ୍କ ପାଇଁ କ୍ଷତିକାରକ ସାବ୍ୟସ୍ତ ହୋଇଛି। ଗତ ମାର୍ଚ୍ଚ ମାସରେ ବିଧାନସଭାରେ ସରକାରଙ୍କ ପକ୍ଷରୁ ଦିଆଯାଇଥିବା ତଥ୍ୟ ଅନୁଯାୟୀ ରାଜ୍ୟର ୫,୧୯୭ଟି ଗାଁ ଓ ପଡ଼ାକୁ ସବୁଦିନିଆ ରାସ୍ତା ନ ଥିବା ସୂଚନା ଦିଆଯାଇଥିଲା। ୨୦୨୪-୨୫ ମସିହାରେ ଗ୍ରାମ ପଞ୍ଚାୟତ ଓ ପଞ୍ଚାୟତ ସମିତି ଦ୍ୱାରା କରାଯାଇଥିବା ଏକ ସର୍ଭେ ମାଧ୍ୟମରେ ଏହି ଗାଁ ଓ ପଡ଼ାଗୁଡ଼ିକୁ ଚିହ୍ନଟ କରାଯାଇ ରାସ୍ତା ନିର୍ମାଣ କରାଯିବ ବୋଲି କୁହାଗଲା। ମାତ୍ର ସରକାରଙ୍କ ଏହି ଘୋଷଣା କେବଳ ଗଣମାଧ୍ୟମର ଶୀର୍ଷକ ମଧ୍ୟରେ ଅଟକି ଗଲା ଓ ବିକଶିତ ଗାଁ, ବିକଶିତ ଓଡ଼ିଶା କେବଳ ଏକ ଶ୍ରୁତମଧୁର ସ୍ଲୋଗାନ ହୋଇ ରହିଗଲା।

### ଓଡ଼ିଶାରେ 'ପିସି'...

ଏପରି ସମୟରେ ପିସି କାରବାର ଅଭିଯୋଗ ରାଜ୍ୟ ସରକାରଙ୍କ ଛବିକୁ ମଳିନ କରିଛି। ବିଶେଷକରି ବିଜେପି ବିଧାୟକମାନେ ଜିତିଥିବା ଅଞ୍ଚଳକୁ ଦିଆଯାଇଥିବା ଅନୁଦାନରେ ପିସି କାରବାର ସୀମା ଟପିଥିବା ବି ଅଭିଯୋଗ ଶୁଣିବାକୁ ମିଳୁଛି।

ଦିନକ ତଳେ ବିଜେପିର ଅନ୍ୟତମ ବରିଷ୍ଠ ନେତା ତଥା ଦଳର ମୁଖପାତ୍ର ସମୀର ଦାସ ଏଭଳି ପ୍ରସଙ୍ଗ ଲୋକଲୋଚନକୁ ଆଣିବା ସହ ସରକାରୀସ୍ତରରେ ଚାଲିଥିବା ପିସି ବ୍ୟବସ୍ଥାର ମୁଖା ଖୋଲିଛନ୍ତି। ବିଭିନ୍ନ ଗଣମାଧ୍ୟମ ସହ ଆଲୋଚନା ବେଳେ ସେ କହିଛନ୍ତି ଯେ ନୂଆ ସରକାରକୁ ବର୍ଷେ ବିତିଲାଣି। ହେଲେ ମାଟି ମୁଠାଏ ପଡ଼ି ନାହିଁ। ଯାହା ବି ହୋଇଛି ତାହା ତାଙ୍କ ସମୟର ଅନୁଦାନ ତଥା ଅର୍ଥାତ୍ ପୂର୍ବ ସରକାରର ଅର୍ଥରେ ହୋଇଛି। ବର୍ତ୍ତମାନ ଯେଉଁ କାମର ଶୁଭ ଦିଆଯାଇଛି ସେ ଟଙ୍କା ୨୦୨୨-୨୩ ଓ ୨୦୨୩-୨୪ରେ ମଞ୍ଜୁର ହୋଇଥିଲା। ନୂଆ ଯୋଜନା କି କାମ କିଛି ବି ମଞ୍ଜୁର ହୋଇନି। ୧୫ ବର୍ଷ ଭିତରେ ଏମ୍‌ଏଲ୍‌ଏ ଏବଂ ଏମ୍‌ପି ଲ୍ୟାଡ୍‌ରେ ପିସି କାରବାର ନ ଥିଲା। ମୁଖ୍ୟମନ୍ତ୍ରୀଙ୍କ ପାଣ୍ଠି ଓ ଅନ୍ୟ ଉନ୍ନୟନମୂଳକ କାମରେ ପିସିର ନାଁ ଗନ୍ଧ ନ ଥିଲା। ଅଫିସରମାନେ ପିସି ମାଗିବାକୁ ସାହସ କରୁ ନ ଥିଲେ। ମାତ୍ର ଏବେ ବର୍ଷକ ଭିତରେ ବିନା ପିସିରେ ଏମ୍‌ଏଲ୍‌ଏ ହାତପାଣ୍ଠି ଅନୁଦାନରେ ହେଉଥିବା କାମରେ ବିଲ୍ ହେଉନି ବୋଲି ସମୀର ଖୋଲାଖୋଲି କହୁଛନ୍ତି।

ବିଜେପିର ରାଜ୍ୟ ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ରଞ୍ଜନ ଦାଶଙ୍କ ଏପରି ମନ୍ତବ୍ୟ ରାଜ୍ୟରେ ଚାଲିଥିବା 'ପିସି' କାରବାରର ଗୁମର ଖୋଲି ଦେଇଛି। ନିମାପଡ଼ା ବିଧାୟିକା ତଥା ଉପମୁଖ୍ୟମନ୍ତ୍ରୀଙ୍କ ନିର୍ବାଚନମଣ୍ଡଳୀରେ ଯଦି ବିନା ପିସିରେ କାମ ହେଉନି, ତେବେ ରାଜ୍ୟର ଅନ୍ୟ ନିର୍ବାଚନମଣ୍ଡଳୀରେ ସ୍ଥିତି କ'ଣ ଥିବ ତାକୁ ନେଇ ଏବେ ପ୍ରଶ୍ନ ଉଠିଛି। ଓଡ଼ିଶାରେ ଓଡ଼ିଆ ଲୋକଙ୍କର ଏକ ଦୁର୍ନୀତିମୁକ୍ତ ସରକାର ଗଠନ ହେବ ବୋଲି ବିଜେପି ଘୋଷଣା ଦେଇଥିଲା। ମାତ୍ର ଏବେ ରାଜ୍ୟରେ ଡ଼ବଲ ଇଞ୍ଜିନ୍ ସରକାରରେ ଡ଼ବଲ ଦୁର୍ନୀତି ଓ ରାଜ୍ୟରେ ୩୦% ପିସି ସରକାର ଚାଲିଥିବା ନେଇ କଂଗ୍ରେସର ଅଭିଯୋଗ ଯେ ସତ୍ୟ ତାହା ପ୍ରମାଣିତ ହୋଇଛି।

### ଆଜିଠୁ ବଢ଼ିବ...

ସାଙ୍ଗକୁ ଗୁଳୁଗୁଳି ଅନୁଭୂତ ହେବ ଓ ଅପରାହ୍ଣରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବ। ଏନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି ଯେ ୯ ତାରିଖ ଯାଏଁ ଅସହ୍ୟ ଗରମ ଓ ଗୁଳୁଗୁଳି ଅନୁଭବ ହେବ। ବିଶେଷ କରି ଉପକୂଳବର୍ତ୍ତୀ ଜିଲ୍ଲାମାନଙ୍କରେ ଏହାର ପ୍ରଭାବ ଅଧିକ ରହିବ। ତେଣୁ ଗଞ୍ଜାମ ଗଜପତି, ଖୋର୍ଦ୍ଧା ନୟାଗଡ, ପୁରୀ, ଜଗତସିଂହପୁର, କଟକ, କେନ୍ଦ୍ରାପଡ଼ା, ବାଲେଶ୍ୱର ଆଦି ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି।

### ମୁଖ୍ୟମନ୍ତ୍ରୀଙ୍କ ଅଫିସ୍...

ରୋକିବାକୁ ହେଲେ ଦୁଇ ଲକ୍ଷ ଟଙ୍କା ଦେବାକୁ ପଡ଼ିବ ବୋଲି କହିଥିଲା। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ ଫୋନ୍ ଆସିଥିବାରୁ ପ୍ରତାପ ଭୟରେ ତାଙ୍କ କଥାରେ ରାଜି ହୋଇଥିଲେ। ସମ୍ପୃକ୍ତ ବ୍ୟକ୍ତିଙ୍କ ଭିମଟାଙ୍ଗୀ ସ୍ଥିତ ଘରକୁ ଆସି ୨ ଲକ୍ଷ ଟଙ୍କା ଦେଇଥିଲେ। ଏହାପରେ ମଧ୍ୟ ଜାନକୀର ଆତଙ୍କ ଥମି ନଥିଲା। ସେ ପୁଣିଥରେ ଫୋନ୍ କରି ଆହୁରି ୫ ଲକ୍ଷ ଟଙ୍କା ମାଗିଥିଲା। ପ୍ରତାପର ଅରାଜି ହେବାରୁ ଜାନକୀ ଗାଳିଗୁଲଜ କରିବା ସହିତ ଜୀବନରେ ମାରିଦେବାକୁ ଧମକ ଦେଇଥିଲା। ଶେଷରେ ପ୍ରତାପ କୌଣସି ଉପାୟ ନପାଇ ଏୟାରଫିଲ୍ଡ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୁଲିସ ମଧ୍ୟ ତାଙ୍କ ଅଭିଯୋଗ ଆଧାରରେ ଏକ ମାମଲା ରୁଜୁ କରି ତଦନ୍ତ କରୁଛି।

### ଏନ୍‌କାଉଣ୍ଟର୍‌ରେ କୁଖ୍ୟାତ...

ସୂଚନାନୁଯାୟୀ, ଛତିଶଗଡ଼ ବିଜାପୁରରେ ଥିବା ଜାତୀୟ ଉଦ୍ୟାନରେ ମାଓ ଦମନ ପାଇଁ ଡିଆର୍‌ଜି ଏବଂ ଏସ୍‌ଟିଏଫ୍ ଯବାନମାନଙ୍କ ପକ୍ଷରୁ ମିଳିତ କମ୍ବିଂ ଅପରେସନ୍ କରାଯାଇଥିଲା। ଏହି ସମୟରେ ଯବାନ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ଏଥିରେ ବହୁ ମାଓବାଦୀଙ୍କ ମୃତ୍ୟୁ ହୋଇଥିବା ବେଳେ ସେଥିରେ ମାଓନେତା ସୁଧାକର ଥିବା ଜଣାଯାଇଛି। ତେବେ, ଶେଷ ଖବର ଲେଖା ହେବା ସୁଦ୍ଧା ସୁରକ୍ଷାବାହିନୀ ଏବଂ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ଜାରି ରହିଛି। କିନ୍ତୁ, ବର୍ତ୍ତମାନ ସୁଦ୍ଧା ପୁଲିସ୍ ପକ୍ଷରୁ ଏନେଇ କୌଣସି ସୂଚନା ପ୍ରଦାନ କରାଯାଇନାହିଁ। ସୁଧାକରଙ୍କ ମୃତ୍ୟୁ ମାଓଗଡ଼ ପାଇଁ ଏକ ଶକ୍ତ ଧକ୍କା ବୋଲି କୁହାଯାଉଛି। ଉଲ୍ଲେଖଯୋଗ୍ୟ, ଗତ ମେ' ୨୧ତାରିଖରେ କେନ୍ଦ୍ରୀୟ କମିଟି ସଦସ୍ୟ ବାସବରାଜୁର ଏନକାଉଣ୍ଟରରେ ମୃତ୍ୟୁ ହୋଇଥିଲା।

AFFIDAVIT
By virtue of an Affidavit before Executive Magistrate, Bhubaneswar, CF No.-95/ Date 05.06.2025, that I D. Soumya Priyadarshini, D/o- Sramika Digal permanent resident of Pipudidei, Po.- Kainjhar, Ps.- Tikabali, Kandhamala, Odisha, PIN- 760219 state that my former name was D. Soumya Prayadarshini which has been corrected to **D. Soumya Priyadarshini**. So **D. Soumya Prayadarshini** and **D. Soumya Priyadarshini** is one and same person. Henceforth I will be known as D. Soumya Priyadarshini for all future purposes.

AFFIDAVIT
I, **Kalpana Mohapatra**, W/o- Girish Mohapatra, resident of Plot no 223, Near Empires Hotel, Sahid Nagar, Po/Ps- Sahid Nagar, Dist- Khordha, Pin-751007 Odisha declare by this affidavit No. 93 dtd- 11/02/2025 that now onwards I shall be known as **Kalpana Rath** for all future purposes.

AFFIDAVIT
By virtue of an affidavit sworn before Executive Magistrate, Bhubaneswar, CF No. 56, dated: 22/05/2025, I, **NIBASHI MAJHI**, W/o- Purusattam Majhi, resident of At/Po- Ghatikia, Ps- Bharatpur, Bhubaneswar, Pin-751003, Dist- Khordha, Odisha declare that I have changed my name from **Nibasatam Majhi** (Old Name) to **NIBASHI MAJHI** (New Name). Henceforth, I shall be known as **NIBASHI MAJHI** for all purposes.
**NIBASHI MAJHI**

AFFIDAVIT
By virtue of an affidavit, I **Pranati Das**, aged 56 yeards, W/o- Prasanna Kumar Das, resident of Vill/Po- Dainlo, Ps- Krushnaanandpur, Dist- Jagatsinghpur, Odisha declared that my actual / real name is **Pranati Das** which has recorded in my voter id bearing No- TL00361329 but in my Aadhar Card bearing No- 3383 2016 6094 my name has been wrongly mentioned as **Panati Das**. Henceforth, both the names **Pranati Das** and **Panati das** is one and same person for all purposes.
**PRANATI DAS**

AFFIDAVIT
By virtue of an Affidavit sworn before the Executive Magistrate, Derabish, Kendrapara on dated 02.06.25 I Anwar Alli Khan, S/o- Asgar Alli Khan, Resident of Vill- Mantripada, Po-Fakirabad, PS- Derabish, Dist- Kendrapara, Odisha-754250, declare that my name has been wrongly mentioned in my Postal Term Depost Account Passbook Anuar Ali Khan Insted of Anwar Alli Khan. Henceforth I shall be know as Anwar Alli Khan for all future purpose.
Sd/- Anwar Alli Khan

AFFIDAVIT
By virtue of an affidavit sworn before The Executive Magistrate, Titilagarh, dated- 20/03/2025. I, **Rabin Majhi**, aged about 43 years, Son of Chintamani Majhi, resident of At- Sargiguda, Kandh pada, P.O./P.S. Titilagarh, Dist. Bolangir, (Odisha) declare that, now I have changed my name from **Robin Majhi To Rabin Majhi**. Henceforth, I shall be known as **Rabin Majhi** for all purposes.
**RABIN MAJHI**

AFFIDAVIT
I, Mahindra Mohan Sahoo, S/o- Late Harihar Sahoo, resident of Plot No. 219/2572, Gobinda Prasad, Near Baishnab Vihar Apartment, Bomikhal, PO- Rasulgarh, Bhubaneswar, PIN- 751010, Odisha declared by this affidavit No. 8941, dtd- 02/06/2025 that now onwards I shall be known as **MAHINDRA MOHAN SAHU** for all future purposes.

AFFIDAVIT
I **Mahitosh Kumar Deo**, S/o- Balaram Singh, resident of Plot No-325, Tower - 7, Royal Lagoon, Nandankanan Road, Near Lalchand Jewellers, Raghunathpur, Bhubaneswar, Pin- 751024, Odisha declare by this Affidavit number CF No - 1136, Dtd. 03/06/2025 I have changed my son's name from **Harshvardhan Dev to Harshvardhan Deo** for all future purposes.

O-233
Email:- rw_dharmagarh@yahoo.com
GOVERNMENT OF ODISHA
OFFICE OF THE SUPERINTENDINGENGINEER
RURAL WORKS DIVISION, DHARMAGARH
BID IDENTIFICATION NO. DMGH/Online-01 OF 2025-26Dates: 30.05.2025
"e" PROCUREMENT NOTICE
Bid documents consisting of Work, Estimate Cost, Cost of tender Paper, Bid Security, Time of Completion, Class of Contractor and the set of terms and conditions of contract and other necessary documents can be seen in Govt. website i.e www.tendersorissa.gov.in
1.Name of the Work : Road works in the district of Kalahandi as mentioned in DTCN
2. Total No of Works : 01 No.
3.Estimated Cost: : Rs.33.57 lakhs
4.Period of Completion: : 02 Calendar Month
5.Other Details:

| Availability of Tender online for bidding | | Last date & time seeking tender clarification | Date &timeof Opening of tender |
|---|---|---|---|
| From | To | | |
| 05.06.2025 At 10.00 AM | 16.06.2025 Up to 5.00 PM | 13.06.2025 Up to 5.00 PM | 17.06.2025 At 11.00 AM |

Further details can be seen from the website www.tendersorissa.gov.in
Superintending Engineer
Rural Works Division
Dharmagarh
OIPR-25100/11/0024/2526

C-464
GOVERNMENT OF ODISHA
OFFICE OF THE EXECUTIVE ENGINEER, P.H. DIVISION, ANGUL
Ph : 06764-296431, Email: eephangul@yahoo.in
CANCELLATION OF TENDER CALL NOTICE
The Tender invited vide Bid Identification No. 29 of 2024-25 dt. 19.02.2025 for the work:"Improvement of Korian Junction on Dhenkanal town road from CH.7/200 to 7/816 & link in District Dhenkanal for the year 2024-25"is hereby cancelled due to 1st time single tender.
Er. Prasanta Behara
Superintending Engineer,
P.H. Division, Angul
OIPR-13056/11/0020/2526

# ମାଟ୍ରିକ୍ ଛାତ୍ରୀଙ୍କୁ ରାଜ୍ୟ ଖାଦ୍ୟ କମିଶନ ସଦସ୍ୟଙ୍କ ସମ୍ବର୍ଦ୍ଧନା



ମାଥିଲି,୫।୬(ସମିସ): ମାଥିଲି ବ୍ଲକ ପାଙ୍ଗାମ ଠାରେ ଥିବା ଜାତି ଓ ଜନଜାତି ବିଭାଗର ବାଳିକା ଉଚ୍ଚ ବିଦ୍ୟାଳୟର ଛାତ୍ରୀ କୁମାରୀ ନୟାମୀ ମାଦ୍ରୀ ଚଳିତ ବର୍ଷ ମେଟ୍ରିକ ପରୀକ୍ଷାରେ ୬୦୦ ରୁ ୪୯୨ (୮୨%) ନମ୍ବର ରଖି ଏ-୨ ଗ୍ରେଡ ରେ ଉତ୍ତୀର୍ଣ୍ଣ ହୋଇଛନ୍ତି । ଯାହା ଜାତି ଓ ଜନଜାତି ଉନ୍ନୟନ ବିଭାଗର ଜିଲ୍ଲାରେ ଥିବା ସମସ୍ତ ଉଚ୍ଚ ବିଦ୍ୟାଳୟର ଅନ୍ତେବାସୀଙ୍କ ମଧ୍ୟରେ ସେ ସବୁଠୁ ଅଧିକ ନମ୍ବର ରଖିଛନ୍ତି । ସେଥିପାଇଁ ପାଙ୍ଗାମ ଠାରେ ଥିବା ଜାତି ଓ ଜନଜାତି ଉନ୍ନୟନ ବିଭାଗର ଉଚ୍ଚ ବିଦ୍ୟାଳୟରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ରାଜ୍ୟ ଖାଦ୍ୟ କମିଶନ ସଦସ୍ୟ ଦୟାନିଧି ଦାଶ ଯୋଗ ଦେଇ ଏ-୨ ଗ୍ରେଡ୍‌ରେ ଉତ୍ତୀର୍ଣ୍ଣ ହୋଇଥିବା ନୟାମି ମାଦ୍ରୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଏହି ସ୍ୱତନ୍ତ୍ର ଉତ୍ସବରେ ଅନ୍ୟ ମାନଙ୍କ ମଧ୍ୟରେ ଖାଦ୍ୟ କମିଶନର ଅନ୍ୟତମ ସଦସ୍ୟ ଅକ୍ଷୟ କୁମାର ବେହେରା, ଜିଲ୍ଲା ମଙ୍ଗଳ ଅଧିକାରୀ ଏ. ଶ୍ରୀନିବାସ ଆଚାରୀ, ମାଥିଲି ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରମୋଦ କୁମାର ବେହେରା, ମାଥିଲି ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ଶିବ ଶଙ୍କର ସାହୁ, ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରତାପ କୁମାର ରାୟ ଓ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ ଓ ଅନ୍ୟାନ୍ୟ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ ।

# ଅଧିକ ସଂଖ୍ୟକ ଯାତ୍ରୀ ପରିବହନ, ବସ୍ ମାଲିକଙ୍କୁ ଜରିମାନା

ମାଲକାନଗିରି,୫।୬(ସମିସ): ବସ୍ ଭିତରେ ମାତ୍ର ୩୫ ଜଣ ଯାତ୍ରୀଙ୍କ ଲାଗି ସିଟ୍ ରହିଥିବା ବେଳେ ସେଥିରେ ୧୧୬ ଜଣ ଯାତ୍ରୀଙ୍କୁ ନେଇ ଯାଉଥିବା ଘରୋଇ ବସ୍‌କୁ ଯାଞ୍ଚ କରି ଜରିମାନା ଆଦାୟ କଲା ପରିବହନ ବିଭାଗ। ମାଲକାନଗିରି ଜିଲ୍ଲା ଏମ୍‌ଭି ୧୬ ଗ୍ରାମ ନିକଟରେ ଶ୍ରୀ ବାଲାଜି ନାମକ ଏହି ଘରୋଇ ବସ୍‌କୁ ଅଟକାଇ ଯାଞ୍ଚ କରିବା ସମୟରେ ଏହି ଅନିୟମିତତା ଧରାପଡ଼ିଥିଲା। ଏଥିସହ ଏହି ବସ୍‌ରେ ଆସୁଥିବା ଦାଦନ ଶ୍ରମିକଙ୍କ ତଥ୍ୟ ସଂଗ୍ରହ କରିଛି ଶ୍ରମ ବିଭାଗ।

ସୂଚନା ଅନୁସାରେ ବସ୍‌ଟି ହାଇଦ୍ରାବାଦରୁ କଣ୍ଟାବାଞ୍ଜି ଯାଉଥିଲା। ଏଥିରେ ମୋଟ ୧୧୬ ଜଣ ଶ୍ରମିକ ରହିଥିବା ବେଳେ ଟୁରିଷ୍ଟ ପରମିଟ୍‌ରେ ଚାଲିଛି ଏହି ଘରୋଇ ବସ୍। ସବୁଠାରୁ ବଡ଼ କଥା ହେଉଛି ବସ୍‌ରେ ଥିବା ପ୍ରାୟ ସମସ୍ତ ଯାତ୍ରୀ ଶ୍ରମିକ ଶ୍ରେଣୀର। ଏମାନେ ହାଇଦ୍ରାବାଦର ଘରୋଇ କମ୍ପାନୀ, ଇଟା ଭାଟି ଆଦି ସ୍ଥାନରେ ଦାଦନ ଶ୍ରମିକ ଭାବେ କାର୍ଯ୍ୟ କରୁଥିଲେ। ବର୍ତ୍ତମାନ ନିଜ ଘରକୁ ଏହି ଶ୍ରମିକ ମାନେ ଫେରୁଥିଲେ। ଏହି ଯାତ୍ରୀ ମାନେ ମଧ୍ୟ ଅଭିଯୋଗ କରିଛନ୍ତି ଯେ ସେମାନଙ୍କୁ ରାତି ତମାମ ଶୋଇବା ତ ଦୂରର କଥା ବସିବାକୁ ମଧ୍ୟ ସଠିକ୍ ଭାବେ ସ୍ଥାନ ମିଳି ନାହିଁ। ବସ୍ ଚାଳକ ଓ କର୍ମଚାରୀ ଜୋର ଜବରଦସ୍ତ ଲୋକଙ୍କୁ ବସ୍‌ରେ ପୁରାଇ ଆଗକୁ ବସ୍ ଖାଲି ହେବ କହି ଠକି ଥିବା ଅଭିଯୋଗ କରିଛନ୍ତି ଯାତ୍ରୀ। ବସ୍‌ଟିରେ ୧୧୬ ଜଣ ଯାତ୍ରୀ ଅତ୍ୟନ୍ତ ଦୟନୀୟ ଅବସ୍ଥାରେ ଆସୁଥିବା ବେଳେ ଏହି ଯାତ୍ରୀଙ୍କ ମଧ୍ୟରେ ଗର୍ଭବତୀ ମହିଳା, ଛୋଟ ପିଲା ରହିଥିଲେ। ଗତକାଲି ରାତିରୁ ଏହି ବସ୍‌ଟି ଯାତ୍ରା ଆରମ୍ଭ କରି ମାଲକାନଗିରି ଦେଇ ଯାଉଥିବା ବେଳେ ପରିବହନ ବିଭାଗର କର୍ମଚାରୀ ମାନେ ଏହାକୁ ଅଟକାଇ ଯାଞ୍ଚ କରିଥିଲେ। କ୍ଷମତା ଠାରୁ ଢେର ଅଧିକ ସଂଖ୍ୟକ ଯାତ୍ରୀ ଥିବାରୁ ବସ୍‌ଟିକୁ ଅଟକ ରଖିବା ସହ ୨୪,୨୦୦ ଟଙ୍କା ଜରିମାନା କରିଥିଲା ମାଲକାନଗିରି ପରିବହନ ବିଭାଗ। ଗତ ସୋମବାର ଦିନ ଏହି ଶ୍ରୀ ବାଲାଜୀ ଟ୍ରାଭେଲ୍ସର ଏକ ଘରୋଇ ବସ୍ ମାଲକାନଗିରି ଜିଲ୍ଲା ବିଜା ଘାଟିରେ ଦୁର୍ଘଟଣାଗ୍ରସ୍ତ ହୋଇଥିବା ବେଳେ ସେଥିରେ ମଧ୍ୟ ପ୍ରାୟ ୭୫ଜଣ ଯାତ୍ରୀ ଥିବା ଦେଖିବା ପରେ ଏହି ପଦକ୍ଷେପ ନେଇଛି ମାଲକାନଗିରି ପରିବହନ ବିଭାଗ।



## ଦାଦନ ଶ୍ରମିକଙ୍କ ତଥ୍ୟ ସଂଗ୍ରହ କଲା ଶ୍ରମ ବିଭାଗ

ତେବେ ଆଜି ବସ୍‌ରେ ଯାଉଥିବା ପ୍ରାୟ ସମସ୍ତେ ଦାଦନ ଭାବେ କାର୍ଯ୍ୟ କରୁଥିବା ଓ ଶ୍ରମିକ ଶ୍ରେଣୀର ହୋଇଥିବା ଜାଣିବା ପରେ ଜିଲ୍ଲା ଶ୍ରମ ବିଭାଗ ମଧ୍ୟ ବସ୍ ନିକଟରେ ପହଞ୍ଚି ସେମାନଙ୍କ ତଥ୍ୟ ସଂଗ୍ରହ କରିବା ସହ ଶ୍ରମିକ ମାନେ ଆସିଥିବା ଜିଲ୍ଲାର ଅଧିକାରୀଙ୍କୁ ଅବଗତ କରାଇ ଯାଞ୍ଚ କରିବାକୁ ପରାମର୍ଶ ଦେଇଥିଲେ। ଏହାପରେ ବସ୍‌ରେ ଥିବା ଯାତ୍ରୀଙ୍କୁ ଗୋଟିଏ ବଦଳରେ ଦୁଇଟି ବସ୍ ଯୋଗେ ନିଜ ନିଜ ଗନ୍ତବ୍ୟ ସ୍ଥଳକୁ ପଠା ଯାଇଥିଲା।

# ବିଭିନ୍ନ ସ୍ଥାନରେ ବିଶ୍ୱ ପରିବେଶ ଦିବସ ପାଳିତ







## ● ପଲିଥିନମୁକ୍ତ ହେବ ରାୟଗଡ଼ା ସହର

ରାୟଗଡ଼ା,୫।୬(ସମିସ): ବିଶ୍ୱ ପରିବେଶ ଦିବସ ୨୦୨୫ ଉପଲକ୍ଷେ ପ୍ଲାଷ୍ଟିକ୍ ବ୍ୟବହାର ନିଷେଧ କରିବା ଓ ପରିବେଶ ସୁରକ୍ଷା ପ୍ରତି ଆଗ୍ରହ ପ୍ରକାଶ କରିବା ନିମନ୍ତେ ରାୟଗଡ଼ା ପୌର ପରିଷଦ ଆନୁକୂଲ୍ୟରେ ଗୁରୁବାର ପୂର୍ବାହ୍ନରେ ଏକ ସଡ଼କ ଶୋଭାଯାତ୍ରା ଆୟୋଜନ କରାଯାଇଥିଲା। ଏହି ଶୋଭାଯାତ୍ରାରେ ଉଠା ଦୋକାନୀ ତଥା ବ୍ୟବସାୟୀମାନଙ୍କୁ ପୌର କର୍ମଚାରୀ ମାନେ ଲିଫ୍‌ଲେଟ ବାଣ୍ଟିବା ସହିତ ସଚେତନତା ବାର୍ତ୍ତା ପ୍ରଦାନ କରିଥିଲେ। ଏହି ଅବସରରେ ପୌରପରିଷଦର ପୌରାଧ୍ୟକ୍ଷ ପି. ମହେଶ ପଟ୍ଟନାୟକ ଏବଂ କାର୍ଯ୍ୟନିର୍ବାହୀ ଅଧିକାରୀ କୁଳଦୀପ କୁମାର ଜନସାଧାରଣଙ୍କୁ ସଚେତନ କରାଇବା ସହ ରାୟଗଡ଼ା ସହରକୁ ପଲିଥିନ ମୁକ୍ତ ରଖିବା, ପ୍ଲାଷ୍ଟିକ୍ ବ୍ୟବହାର ନିଷେଧ କରିବା , ପରିବେଶ ସୁରକ୍ଷା ପ୍ରତି ଆଗ୍ରହ ପ୍ରକାଶ କରିବା, ଘର ତଥା ଦୋକାନର ଆବର୍ଜନା ସ୍ୱଚ୍ଛତା ରଥରେ ଦେବା , ବାହାରେ ମଳତ୍ୟାଗ ନ କରି ଶୌଚାଳୟ ବ୍ୟବହାର କରିବା ଏବଂ ଆବର୍ଜନା ତଥା ପ୍ଲାଷ୍ଟିକ୍ ସାମଗ୍ରୀ ନାଳ ନର୍ଦ୍ଦମାରେ ନ ପକାଇବା ପାଇଁ ସାଧାରଣ ଜନତାଙ୍କୁ ଅନୁରୋଧ କରିଥିଲେ। ଏହି ଶୋଭାଯାତ୍ରାରେ ପରିଷଦର ଅଧ୍ୟକ୍ଷ ଏବଂ କାର୍ଯ୍ୟ ନିର୍ବାହୀ ଅଧିକାରୀଙ୍କ ସମେତ ସମସ୍ତ ପାରିଷଦ ବୃନ୍ଦ, ପାରିଷଦର ସମସ୍ତ କର୍ମଚାରୀ, ସ୍ୱଚ୍ଛ ସାଥି, ସ୍ୱଚ୍ଛ ସୁପରଭାଇଜର, ସଫେଇ କର୍ମୀ ମାନେ ଯୋଗଦାନ କରିଥିଲେ।

ଚନ୍ଦ୍ରପୁର: ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକ ଡାଙ୍ଗସରଡା ସେକ୍ସନ, ଡାଙ୍ଗସରଡ଼ା ବିଟର ଡଡଗଣ୍ଡା ଗ୍ରାମ ଅମୃତ ସରୋବରଠାରେ ଆଜି ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ବନପାଳ ଶ୍ରୀମତୀ ସୁଜାତା ସୁନାମୁଦିଙ୍କ ସଂଯୋଜନାରେ ମୁଖ୍ୟ ଅତିଥି ଭାବେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସମ୍ୟକାନ୍ତ ବଗାଲ, ସମ୍ମାନିତ ଅତିଥି ଭାବେ ଅଧିକ୍ଷଣ ଯନ୍ତ୍ରୀ ବିଶ୍ୱଜିତ ମିଶ୍ର, ଗଣମାଧ୍ୟମ ପ୍ରତିନିଧି ବିଜୟ ପ୍ରସାଦ ଉଲାକା, ହାଡ଼ିପା ଗୌଡ଼, ସାରକାଙ୍କ ସହ ମା ସନ୍ତୋଷୀ ଏସ୍‌ଏଚ୍‌ଜି ଗ୍ରୁପ ଉପସ୍ଥିତିରେ ଅଁଳା କାଜୁ, ଆମ୍ବ, ପିସ୍ତା ବାଦାମ ଚାରା ରୋପଣ କରାଯାଇଛି। ଏହି କାର୍ଯ୍ୟକ୍ରମ ଆଜିଠାରୁ ବିଶ୍ୱ ପରିବେଶ ଜଙ୍ଗଲ କ୍ଷୟ, ମୃତ୍ତିକା ସଂରକ୍ଷଣ ପାଇଁ ସମସ୍ତେ ଘର ଜମି, ରାସ୍ତା କଡ଼ରେ ଗଛ ଲଗାଇବା ପରିବେଶ ସୁରକ୍ଷା ପାଇଁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଡାଙ୍ଗସରଡ଼ା ବିଟ୍ ବନରକ୍ଷୀ ଶ୍ରୀମତୀ କସ୍ତୁରୀ ପ୍ରହରାଜ, କର୍ଲାଘାଟି ବିଟ ବନରକ୍ଷୀ ଶ୍ରୀମତୀ କୁନି କୁସୁଲିଆ, ବନରକ୍ଷୀ କୋମଳ ନାୟକ, ଏନ୍‌ଜିଓରୁ ରମାକାନ୍ତ ଦାଶ, ପାରା କର୍ମଚାରୀ ଦେବରାଜ ରାଜୁ, ଅମୂଲ୍ୟ ମୁଗୁଲି, ରାଜେନ୍ଦ୍ର ହିକାବାଡି ଓ ରମେଶ ଗଗେରେଙ୍ଗା ସମେତ ଗ୍ରାମବାସୀ ଉପସ୍ଥିତ ଥିଲେ।

## ● ୧୦୦୦ ଚାରାରୋପଣ କଲା ଜେକେ କାଗଜ କଳ

ରାୟଗଡା/ଜେକେପୁର: ଆଜି ଜେକେ କାଗଜକଳ ପରିସରରେ ବିଶ୍ୱ ପରିବେଶ ଦିବସ ପାଳନ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବିନୟ ଦ୍ୱିବେଦୀ, କାର୍ଯ୍ୟ ନିର୍ବାହୀ ଉପସଭାପତି (କାର୍ମିକ)ଯୋଗ ଦେଇଥିଲେ। ଚାରାରୋପଣ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ପରେ କାଗଜକଳର କର୍ମଚାରୀମାନେ ୧୦୦୦ ପାଖପାଖି ଚାରା ଲଗାଇ ଥିଲେ। ଏହି ଅବସରରେ କର୍ମଚାରୀଙ୍କୁ ନିଜର ଦୈନନ୍ଦିନ କାର୍ଯ୍ୟରେ ପ୍ଲାଷ୍ଟିକ୍‌ର ଉପଯୋଗ କମ୍ କରିବାକୁ ପରାମର୍ଶ ଦିଆଯାଇଥିଲା। ପ୍ଲାଷ୍ଟିକ କଣିକା ସବୁ ମଣିଷ ଓ ଜୀବଜନ୍ତୁ ଦେହରେ ମଧ୍ୟ ମିଳିଛି। ଆଗାମୀ ଦିନରେ ଏହା ଭୟଙ୍କର ବିପଦ ସୃଷ୍ଟି କରିବ ବାଲି ମତବ୍ୟକ୍ତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ରାୟଗଡ଼ା ଶାଖାର ଆଞ୍ଚଳିକ ଅଧିକାରୀ ଅଶୋକ ଭୋଇ ଓ ରିପୁ ସାହୁ, ଡେପୁଟି ଇଞ୍ଜିନିୟର ,ବିଶ୍ୱଜିତ ଦ୍ୱିବେଦୀ, ଉପ ସଭାପତି ବାଣିଜ୍ୟ ରାଘବେନ୍ଦ୍ର ହାର୍ବର, ଉପ ସଭାପତି, ଉତ୍ପାଦ ପ୍ରମୁଖ ଉପସ୍ଥିତ ଥିଲେ। ସତ୍ୟଜିତ ମହାନ୍ତି, ମହା ପ୍ରବନ୍ଧକ, (ପରିବେଶ, ସୁରକ୍ଷା ଓ ସ୍ୱାସ୍ଥ୍ୟ ) ସ୍ୱାଗତ ଭାଷଣ ଦେଇଥିଲେ ଓ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।




## ● ୱାର୍କର୍ସ କ୍ଲବ୍ ପକ୍ଷରୁ ଚାରାରୋପଣ

ରାୟଗଡ଼ା: ବିଶ୍ୱ ପରିବେଶ ଦିବସ ଅବସରରେ ୱାର୍କର୍ସ କ୍ଲବ୍ ରାୟଗଡ଼ା ଆନୁକୂଲ୍ୟରେ ବାରିଝୋଲା ଗ୍ରାମ ସ୍ଥିତ ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷା କେନ୍ଦ୍ର ପରିସରରେ କ୍ଲବର ଉପଦେଷ୍ଟା ସତ୍ୟବାଦୀ ପତିଙ୍କ ଉପସ୍ଥିତିରେ ସଭାପତି ଦାଶରଥି ରାଜଗୁରୁଙ୍କ ତତ୍ତ୍ୱାବଧାନରେ ଚାରା ରୋପଣ କରାଯାଇଥିଲା। ଏଥିରେ ଶିକ୍ଷାବିତ୍ ଡ. ଦୁଷ୍ମନ୍ତ କୁମାର ମହାନ୍ତି ଶିକ୍ଷା କେନ୍ଦ୍ରର ଛାତ୍ରଛାତ୍ରୀ ତଥା ଉପସ୍ଥିତ ଜନସାଧାରଣଙ୍କୁ ପରିବେଶ ସୁରକ୍ଷା ନିମନ୍ତେ ସଚେତନତା ବାର୍ତ୍ତା ଦେଇଥିଲେ। ଚାରାରୋପଣ କାର୍ଯ୍ୟରେ ସମ୍ପାଦକ ରାଜେନ୍ଦ୍ର କୁମାର ସାହୁ, ବିଶ୍ୱନାଥ ସାହୁ, ଶଙ୍କର୍ଷଣ ମଙ୍ଗରାଜ, ଭାଗିରଥୀ ମାଦଳା, ଜଳନ୍ଧର ପୁସିକା, ବ୍ରଜମୋହନ ମାଦଳା,ବାବୁ ରାଓ ମହାନ୍ତି, କିଶୋର ଚନ୍ଦ୍ର ପଣ୍ଡା, ଉଦୟ ଚନ୍ଦ୍ର ପଣ୍ଡା,ବି କେ ଚୌଧୁରୀ ଓ ସ୍କୁଲ କର୍ତ୍ତୃପକ୍ଷ ପ୍ରମୁଖ ସହଯୋଗ କରିଥିଲେ।

ମାଲକାନଗିରି: ଗୁରୁବାର ଦିନ ନିଶା ଦ୍ରବ୍ୟ ତଥା ଅପମିଶ୍ରିତ ଓ ବିଷାକ୍ତ ମାଦକ ଦ୍ରବ୍ୟ ବିରୋଧରେ ସଚେତନତା ଅଭିଯାନ ଏବଂ ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ବନ ବିଭାଗ ,ଅବକାରୀ ବିଭାଗ ଓ ଜିଲ୍ଲା ଆଇନ ସେବା ପ୍ରାଧିକରଣ ମାଲକାନଗିରିର ମିଳିତ ଆନୁକୁଲ୍ୟରେ ଏକ ଚାରାରୋପଣ କାର୍ଯ୍ୟକ୍ରମ ତଣ୍ଡିକି ଗ୍ରାମପଞ୍ଚାୟତର ବଣ୍ଡିକିଗୁଡ଼ା ଗ୍ରାମରେ ଅନୁଷ୍ଠିତ ହୋଯାଇଅଛି। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସମ୍ପାଦକ ସୁଶ୍ରୀ ସଂଗୀତା ସ୍ୱାଇଁ ମୁଖ୍ୟ ଅତିଥି ଭାବରେ ଯୋଗ ଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଜଙ୍ଗଲ ସୁରକ୍ଷା ,ବୃକ୍ଷରୋପଣ ଓ ପରିବେଶ ସୁରକ୍ଷା ଉପରେ ଗୁରୁତ୍ୱ ଦେବାକୁ ଶ୍ରୀମତୀ ସ୍ୱାଇଁ ଗ୍ରାମବାସୀ ମାନଙ୍କୁ ଅନୁରୋଧ କରିଥିଲେ। ଅନ୍ୟତମ ଅତିଥି ଭାବେ ବନଖଣ୍ଡ ଅଧିକାରୀ ପ୍ରତାପ କୋଟାପଲ୍ଲୀ, ଅବକାରୀ ଅଧୀକ୍ଷକ ବିମ୍ବାଧର ପଣ୍ଡା, ଏସିଏଫ୍ ମାଲକାନଗିରି ପ୍ରମୁଖ ଉପସ୍ଥିତ ଥିଲେ। ଅବକାରୀ ବିଭାଗ ତରଫରୁ ଟଙ୍କଧର ଭୋଇ, ଅବକାରୀ ଉପ ଅଧିକ୍ଷକ ଜିଲ୍ଲାରେ ଚାଲିଥିବା ନିଶା ଦ୍ରବ୍ୟ ତଥା ଅପମିଶ୍ରିତ ମାଦକ ଦ୍ରବ୍ୟ ବିରୋଧର ସଚେତନତା ଅଭିଯାନ ବିଷୟରେ ଆଲୋକପାତ କରିଥିଲେ। ଅତ୍ୟଧିକ ମଦ୍ୟପାନ ଏବଂ ଚୋରା ଓ ବିଷାକ୍ତ ମଦ ପାନ ନ କରିବା ପାଇଁ ଗ୍ରାମବାସୀ ମାନଙ୍କୁ ଅନୁରୋଧ କରିଥିଲେ। ଏହି କାର୍ଯ୍ୟକ୍ରମରେ ସନ୍ତୋଷ କୁମାର ବଳ, ଅବକାରୀ ନିରୀକ୍ଷକ ମାଲକାନଗିରି, ସେକ୍ସନ ଅଫିସର ସ୍ୱଜଳ୍ କୁମାର ମଣ୍ଡଳ, ଅବକାରୀ ଉପ ନିରୀକ୍ଷକ ଅଶେଷ ନାୟକ, ଅମୀୟ କୁମାର ଖଞ୍ଜା, ରମେଶ ଚନ୍ଦ୍ର ସାହୁକାର ଓ ଅନ୍ୟ ଅବକାରୀ ଓ ବନ କର୍ମଚାରୀ ଉପସ୍ଥିତ ଥିଲେ।

ମାଥିଲି: ବିଶ୍ୱ ପରିବେଶ ଦିବସ ଅବସରରେ ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକ ସଦର ମହକୁମା ସରକାରୀ ଉଚ୍ଚ ପ୍ରାଥମିକ ଟିଓଏମ୍‌ଇ ବିଦ୍ୟାଳୟ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁମିତ ବିଶ୍ୱାସ ଯୋଗ ଦେଇଥିଲେ। ମୁଖ୍ୟ ବକ୍ତା ଭାବରେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଛତିଶ ଚନ୍ଦ୍ର ନାୟକ ଯୋଗ ଦେଇଥିଲେ। ଏହା ସହିତ ପରିବେଶ ସୁରକ୍ଷା କରିବା ପାଇଁ ପ୍ରତ୍ୟେକ ମଣିଷ ପ୍ରତି ବର୍ଷ ଅତି କମ୍‌ରେ ଗୋଟିଏ ଲେଖାଏଁ ଗଛ ଲଗାଇବା ପାଇଁ ପରାମର୍ଶ ଦେଇଥିଲେ। ଆଜି ଏହି ଚାରାରୋପଣ କାର୍ଯ୍ୟକ୍ରମରେ ବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରକାର ଚାରାରୋପଣ କରାଯାଇଥିଲା। କାର୍ଯ୍ୟକ୍ରମକୁ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଆର ଭେଙ୍କଟ ରାମଣା ପରିଚାଳନା କରିଥିବା ବେଳେ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟର ବରିଷ୍ଠ କିରାଣୀ ଜଗବନ୍ଧୁ ବିମରି, ସିଆରସିସି ସନ୍ତୋଷ ପୂଜାରୀ, ସତ୍ୟ ଦାସ ଓ ସହକାରୀ ଶିକ୍ଷକ ସୁନୀଲ ଦାସଙ୍କ ସମେତ ବହୁ ଶିକ୍ଷକ ଶିକ୍ଷୟିତ୍ରୀ ଗୋଟିଏ ଗୋଟିଏ ଚାରାରୋପଣ କରିଥିଲେ।




## ● ନାଗାବଳୀ ଲାୟନ୍ସ କ୍ଲବ୍‌ର ଚାରାରୋପଣ

ରାୟଗଡ଼ା: ବିଶ୍ୱ ପରିବେଶ ଦିବସ ଅବସରରେ ନାଗାବଳୀ ଲାୟନ୍ସ କ୍ଲବ ରାୟଗଡ଼ା ତରଫରୁ ଠକ୍କର ବାପା ଆଶ୍ରମ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠାନର ଚାର୍ଟର ଅଧ୍ୟକ୍ଷ ଡ. ଦୁଷ୍ମନ୍ତ କୁମାର ମହାନ୍ତିଙ୍କ ନେତୃତ୍ୱରେ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମରେ ସମସ୍ତ ସଭ୍ୟ/ସଭ୍ୟା ପ୍ଲାଷ୍ଟିକ୍ ପ୍ରଦୂଷଣର ଅନ୍ତ ପାଇଁ ସଚେତନତା ସୃଷ୍ଟି କରିବା ସହ ଆଗାମୀ ବର୍ଷକ ଭିତରେ ରାୟଗଡ଼ା ସହର ସମେତ ଆଖପାଖ ଅଞ୍ଚଳରେ ଅତି କମ୍‌ରେ ୧୦୦୦ ଏକ ହଜାର ଚାରାରୋପଣ କରିବା ସହ ସୁସ୍ଥ ଓ ସବୁଜ ପରିବେଶ ଗଠନ କରିବା ପାଇଁ ଶପଥ ଗ୍ରହଣ କରିଥିଲେ। କାର୍ଯ୍ୟକ୍ରମରେ ଡ. ଦୁଷ୍ମନ୍ତ କୁମାର ମହାନ୍ତିଙ୍କ ସମେତ ସମ୍ପାଦକ ଡଃ ବିପିନ ବିହାରୀ ବିଶ୍ୱାଳ, କୋଷାଧ୍ୟକ୍ଷ ସୁଦର୍ଶନ ପାଢ଼ୀ, ସଭ୍ୟ ମନ୍ମଥ ତୁଳ, ରାଜେନ୍ଦ୍ର ସାହୁ, ଆଇନଜୀବୀ ଅରୁଣ ପାଣିଗ୍ରାହୀ, ସଭ୍ୟା ଶ୍ରୀମତି ଅଞ୍ଜଳି ପଣ୍ଡା ,ଠକ୍କର ବାପା ସେବାଶ୍ରମର ବିଚିତ୍ରାନନ୍ଦ ସାହୁ,କେରଡ଼ା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିଭୀଷଣ ଚିରୁଆଁନ, କୃଷି ଶିକ୍ଷକ ପ୍ରଦୀପ କୁମାର ଚୌଧୁରୀ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ଉତ୍କଳ ଆଲୁମିନା ପକ୍ଷରୁ ୨୫୦ ଚାରାରୋପଣ

ରାୟଗଡ଼ା: ରାୟଗଡ଼ା ଜିଲ୍ଲା କାଶୀପୁର ବ୍ଲକ ଟିକିରି ଅନ୍ତର୍ଗତ ଦୋରାଗୁଡ଼ା ସ୍ଥିତ ଉତ୍କଳ ଆଲୁମିନା ଇଣ୍ଟରନ୍ୟାସନାଲ, ହିଣ୍ଡାଲ୍କୋ ଇଣ୍ଡଷ୍ଟ୍ରିଜ, ଆଦିତ୍ୟ ବିର୍ଲା ଗ୍ରୁପ୍ ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଛି। ପ୍ଲାଷ୍ଟିକ୍ ପ୍ରଦୂଷଣ ବିଷୟବସ୍ତୁକୁ ନେଇ କାରଖାନା ପରିବେଶ ବିଭାଗ ତରଫରୁ ସପ୍ତାହବ୍ୟାପୀ ବିଭିନ୍ନ ସଚେତନାତ୍ମକ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ କାରଖାନା ପରିସର ସମେତ ଉଭୟ ଟାଉନସିପରେ ସଚେତନତାଧର୍ମୀ କାର୍ଯ୍ୟକ୍ରମ ସହ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପରିବେଶ ସୁରକ୍ଷାକୁ ନେଇ ସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ଆଦିତ୍ୟ ବିର୍ଲା ପବ୍ଲିକ ସ୍କୁଲରେ ବିଭିନ୍ନ ପ୍ରତିଯୋଗିତା ଯଥା ଚିତ୍ରାଙ୍କନ ଓ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଗତ ୨ ତାରିଖ ଦିନ ଏହା ଉଦ୍‌ଘାଟନ ହୋଇଥିବା ବେଳେ ଉକ୍ତ କାର୍ଯ୍ୟକ୍ରମରେ କାରଖାନା ପରିସରରେ ଏକ ସଚେତନତାଭିତ୍ତିକ ପଥପ୍ରାନ୍ତ ନାଟକ ପ୍ରଦର୍ଶନ କରଯାଇଥିଲା। ପରିବେଶକୁ ପ୍ଲାଷ୍ଟିକ୍ ପ୍ରଦୂଷଣରୁ ମୁକ୍ତ ରଖିବା ନେଇ କର୍ମଚାରୀଙ୍କ ମଧ୍ୟରେ ଏକ ଶପଥ ପାଠ ଉତ୍ସବ ଅନୁଷ୍ଠିତ ହୋଇଥିଲା। ସମ୍ପ୍ରତି ଆଜି ବିଶ୍ୱ ପରିବେଶ ଦିବସ ପାଳନ ଉପଲକ୍ଷେ ଗଣ ସଚେତନତା ଉଦ୍ଦେଶ୍ୟରେ ଏକ ବିରାଟ ଶୋଭାଯାତ୍ରା ଆୟୋଜିତ ହୋଇଯାଇଛି। ସ୍ଥାନୀୟ ସିସିଆର ବିଲଡିଂ ନିକଟରେ କର୍ମଚାରୀଙ୍କୁ ଉଦ୍‌ବୋଧନ ଦେଇ କାରଖାନା ମୁଖ୍ୟ ରବି ନାରାୟଣ ମିଶ୍ର ପରିବେଶ ସୁରକ୍ଷା ଓ ନାଗରିକଙ୍କ କର୍ତ୍ତବ୍ୟ ସମ୍ପର୍କରେ ମତବ୍ୟକ୍ତ କରିବା ସହ ପ୍ଲାଷ୍ଟିକ ବ୍ୟବହାର ବର୍ଜନ ନିମନ୍ତେ ପରାମର୍ଶ ଦେଇଥିଲେ। ଏହାପରେ ଏକ ସଚେତନତା ରଥକୁ ଉଦ୍‌ଘାଟନ କରାଯିବା ସହ କାରଖାନା ପରିସରରେ ଗଣ ଚାରାରୋପଣ କାର୍ଯ୍ୟକ୍ରମ ଆୟୋଜନ ହୋଇଥିଲା। ଏହି ପରୀପ୍ରେକ୍ଷରେ ୨୫୦ ଚାରା ରୋପଣ କରାଯାଇଛି। ଉକ୍ତ କାର୍ଯ୍ୟକ୍ରମ କାରଖାନା ପରିବେଶ ବିଭାଗ ମୁଖ୍ୟ ସୁବ୍ରମନ୍ୟ କୁଣ୍ଡ ଓ ଦେବୀ ପ୍ରସାଦ ନାୟକଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ହୋଇଥିବାବେଳେ କାରଖାନାର ଅନ୍ୟ ବରିଷ୍ଠ ଅଧିକାରୀ ଯଥା ମାନବ ସମ୍ବଳ ବିଭାଗ ପ୍ରମୁଖ ବିଜୟ କୁମ୍ବରା, ଆଇ ଏବଂ ଇ ବିଭାଗ ମୁଖ୍ୟ ଗିରିଜା ପଣ୍ଡାଙ୍କ ସମେତ ଅନ୍ୟ ବିଭାଗୀୟ ମୁଖ୍ୟ ଉପସ୍ଥିତ ଥିଲେ। ତେବେ ବିଶ୍ୱ ପରିବେଶ ଦିବସ ଉପଲକ୍ଷେ ପରିବେଶ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଆଗାମୀ ୧୦ ତାରିଖ ଯାଏଁ ଚାଲୁ ରହିବ।



## ଏକ ଲକ୍ଷ ଚାରାରୋପଣ କରିବ ବେଦାନ୍ତ ଆଲୁମିନା

ମୁନିଗୁଡ଼ା,୫।୬(ସମିସ): ରାୟଗଡ଼ା ଜିଲ୍ଲା ମୁନିଗୁଡ଼ା ବ୍ଲକ ସୀମାନ୍ତ ଲାଞ୍ଜିଗଡ଼ ବେଦାନ୍ତ ଆଲୁମିନା ପ୍ରକଳ୍ପ ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳନ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଲାଞ୍ଜିଗଡ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁଶାନ୍ତ ଶେଖର ପାତ୍ର , ମୁଖ୍ୟ ବକ୍ତା ଭାବେ ଲାଞ୍ଜିଗଡ ଥାନା ଅଧିକାରୀ ଜୀତେନ୍ଦ୍ର ବିଶ୍ୱାଳ ଯୋଗ ଦେଇଥିଲେ। ସେହିପରି ସମ୍ମାନିତ ଅତିଥି ଭାବେ ମୁନିଗୁଡା ବ୍ଲକ ପାଇକ ରାଣୀପିଣ୍ଡା ସରପଞ୍ଚ ଗୌରୀ ଭୂଇଆ , ଅମ୍ଳାଭଟା ସରପଞ୍ଚ ଗୁରବାରି ଭୋଇ, ବେଦାନ୍ତ କମ୍ପାନୀ ସିଏର୍‌ଆରଓ ବିକ୍ରମ କେଶରୀ ନାୟକ, ହର୍ଷବର୍ଦ୍ଧନ ପଣ୍ଡା, ପ୍ରବୀଣ ନାରାୟଣ ଦାସ , ସଂଗୀତା ପ୍ରମୋଦ ସାଧାଫୁଲେ, ସିକ୍ୟୁରିଟି ହେଡ୍ ବେଦାନ୍ତ ଅଖିଳ ପ୍ରଧାନ, ସିଏସଆର ମୁଖ୍ୟ ଶିଶିର ତରଫଦର, ମୁଖ୍ୟ ଏକ୍ସଟ୍ରନାଲ ଆଫାୟାର ଭଗବାନ ହୋତାଙ୍କ ସମେତ ବେଦାନ୍ତ ଆଲୁମିନା କମ୍ପାନୀର ଅଭିନୟ ପ୍ରତାପ ବଣ୍ଟିରାଣୀ, ରିତୁପୂର୍ଣ୍ଣ, କିରଣ କିଶୋର ପଟ୍ଟନାୟକ, ଓମ୍‌କାର ଶାନ୍ତାନୁ ପ୍ରତୀକ୍ଷା ଶୁଭଶ୍ରୀ ସିମରଣ, ପ୍ରତ୍ୟୁଷ ଆୟୁଷ ରୁସାଲି, ଶ୍ରୀଧର ପେଷ୍ଟିଆ, ମୀନକେତନ, ଲକ୍ଷ୍ମୀ ଚଣ୍ଡୀ, ସୁବାସ ମହାପାତ୍ର, ଚନ୍ଦ୍ର ପେଷ୍ଟିଆ, ସୁବାସ ଅଗ୍ରୱାଲ, ବିନୋଦ ଗୌଡ ପ୍ରମୁଖ ମଞ୍ଚାସୀନ ରହିଥିଲେ। ବେଦାନ୍ତ ପକ୍ଷରୁ ଗୋଟିଏ ନାରା 'ମୋ ଘର ମୋ ପରିବାର' ରହିଥିବା ବେଳେ ଗଛର ଉପକାରିତା , ବିଶ୍ୱ ପରିବେଶ ଦିବସରେ ସମ୍ପ୍ରଦାୟ ବ୍ୟକ୍ତି ବିଶେଷଙ୍କୁ ନିୟୋଜିତ କରିବା, ବିଶ୍ୱ ପରିବେଶ ଦିବସର ମହତ୍ତ୍ୱ ବିଷୟରେ ମଞ୍ଚାସୀନ ଅତିଥି ମାନେ ଅଭିଭାଷଣ ପ୍ରଦାନ କରିବା ସହିତ ବିଭିନ୍ନ ସ୍ଥାନରେ ବୃକ୍ଷ ରୋପଣ କରାଯାଇଥିଲା। କଳାହାଣ୍ଡି ଓ ରାୟଗଡ଼ା ଜିଲ୍ଲାରେ ବେଦାନ୍ତ ପକ୍ଷରୁ ବହୁ ଜନହିତକର କାର୍ଯ୍ୟ ହୋଇ ଆସୁଥିବା ବେଳେ ତିନି ମାସ ମଧ୍ୟରେ ରାୟଗଡ଼ା ଓ କଳାହାଣ୍ଡି ଜିଲ୍ଲାର ବିଭିନ୍ନ ସ୍ଥାନରେ ଏକ ଲକ୍ଷ ବୃକ୍ଷ ରୋପଣ କରାଯିବ ବୋଲି କାର୍ଯ୍ୟକ୍ରମ ଶେଷରେ ବେଦାନ୍ତ ସିଇଓ ପ୍ରଣବ ଭଟ୍ଟାଚାର୍ଯ୍ୟ ଏକ ଅଡିଓ ମାଧ୍ୟମରେ ଜନ ସାଧାରଣଙ୍କୁ ଜଣାଇଥିଲେ। ଏହି କାର୍ଯ୍ୟକ୍ରମରେ ଅଞ୍ଚଳର ଶତାଧିକ ମହିଳା ପୁରୁଷ ମାନେ ଉପସ୍ଥିତ ରହି ବିଶ୍ୱ ପରିବେଶ ଦିବସରେ ବୃକ୍ଷରୋପଣ କରିଥିଲେ।

# ଘାଟିରେ ଓଲଟିଲା ଟ୍ରାକ୍ଟର, ୧୭ ଆହତ



ମାଲକାନଗିରି, ୬।୫(ସମିସ): ଟ୍ରାକ୍ଟର ଯୋଗେ ହାଟକୁ ଯାଉଥିବା ବେଳେ ଦୁର୍ଘଟଣା ଘଟି ୧୭ରୁ ଅଧିକ ଜଣ ଆହତ ହୋଇଛନ୍ତି। ଏପରି ଘଟଣା ଘଟିଛି ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅନ୍ତର୍ଗତ ନାକାମାମୁଡି ପଞ୍ଚାୟତର ବାଇଆପଡ଼ା ଗ୍ରାମ ଘାଟି ନିକଟରେ। ସୂଚନା ଅନୁଯାୟୀ କୁଡୁମୁଲୁଗୁମ୍ମାର ସାପ୍ତାହିକ ହାଟକୁ ଆଖପାଖ ଅଞ୍ଚଳର ଲୋକେ ଏକ ଟ୍ରାକ୍ଟରରେ ଯାଉଥିଲେ। ଏହି ସମୟରେ ହଠାତ୍ ଭାରସ୍ୟାମ ହରାଇ ଟ୍ରାକ୍ଟରଟି ରାସ୍ତା କଡ଼କୁ ଓଲଟି ପଡିଥିଲା। ଟ୍ରାକ୍ଟରରେ ୧୭ରୁ ଅଧିକ ଜଣ ଆହତ ହୋଇଥିବା ବେଳେ ଆହତ ମାନଙ୍କୁ ସ୍ଥାନୀୟ ଲୋକେ ଉଦ୍ଧାର କରି କୁଡୁମୁଲୁଗୁମ୍ମା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ସେଠାରେ ସମସ୍ତଙ୍କ ଚିକିତ୍ସା ଜାରି ରହିଥିବା ବେଳେ କେତେକ ଗୁରୁତରଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଆହତ ମାନଙ୍କ ମଧ୍ୟରେ ହାଟରେ ସଉଦା ବିକ୍ରୟ ପାଇଁ ଯାଉଥିବା କିଛି ବ୍ୟକ୍ତି ରହିଥିବା ବେଳେ କିଛି ସ୍ଥାନୀୟ ଲୋକେ ରହିଛନ୍ତି।

## ଦୁଇ ଛାତ୍ରୀଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର ଘଟଣା

# ଆତ୍ମହତ୍ୟା ଘଟଣା କହି ତଦନ୍ତ ଶେଷ କଲା ପୁଲିସ

କାଲିମେଲା, ୫।୬(ସମିସ):

ମାଲକାନଗିରି ଜିଲ୍ଲା କାଲିମେଲା ବ୍ଲକ୍ ଅନ୍ତର୍ଗତ ଏମ୍‌ଭି-୭୨ ନୋଡାଲ ପ୍ରାଥମିକ ବିଦ୍ୟାଳୟର ଦୁଇ ଛାତ୍ରୀଙ୍କ ଝୁଲନ୍ତା ଶବ ଜଙ୍ଗଲରୁ ଉଦ୍ଧାର ହେବା ଘଟଣାକୁ ଇତି ମଧ୍ୟରେ ୪ ମାସରୁ ଅଧିକ ସମୟ ବିତିଲାଣି। କିନ୍ତୁ ଏହି ଚର୍ଚ୍ଚିତ ସମ୍ବେଦନଶୀଳ ଘଟଣାର ଖୁଲାସା କରିବାରେ ପୁଲିସ ବିଫଳ ହୋଇଛି। ଶ୍ୱାସରୁଦ୍ଧ ଯୋଗୁ ଉଭୟ ଛାତ୍ରୀଙ୍କ ମୃତ୍ୟୁ ହୋଇଥିବା କହି ମାମଲାର ତଦନ୍ତ ସାରିଦେଇଛି ପୁଲିସ। ତେଣୁ ମୃତଙ୍କ ପରିବାର ଲୋକଙ୍କ ସମେତ ବିଭିନ୍ନ ସଙ୍ଗଠନ ପୁଲିସର ଭୂମିକାକୁ ନେଇ ସାଧାରଣରେ ସନ୍ଦେହ ସୃଷ୍ଟି ହୋଇଛି। ଦୁଇ ଛାତ୍ରୀ ନିଖୋଜ ହେବା ଓ ଦୁଇ ଦିନ ପରେ ସ୍ଥାନୀୟ ଜଙ୍ଗଲରୁ ମୁମୂର୍ଷୁ ଅବସ୍ଥାରେ ଉଦ୍ଧାର ହେବା ଘଟଣା ସ୍ଥାନୀୟ ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଥିଲା। ଛାତ୍ରୀ ଦୁହିଙ୍କୁ କେହି ଦୁର୍ବୃତ୍ତ ହତ୍ୟା କରି ଗଛରେ ଝୁଲେଇ ଦେଇଥିବାର ସନ୍ଦେହ ଉପୁଜିଥିବା ବେଳେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ତେବେ ଏହା ଏକ ଯୋଜନାବଦ୍ଧ ହତ୍ୟାକାଣ୍ଡ ବୋଲି ପରିବାର ଲୋକଙ୍କ ସମେତ ବିଭିନ୍ନ ସଙ୍ଗଠନ ଓ ସ୍ଥାନୀୟ ଲୋକ ଦାବି କରି ଆସୁଥିଲେ। ଶବ ବ୍ୟବଚ୍ଛେଦ ରିପୋର୍ଟ ସମସ୍ତଙ୍କୁ ଚକିତ କରିଥିଲା। ଡାକ୍ତରଙ୍କ ଶବ ବ୍ୟବଚ୍ଛେଦ

### ସିବିଆଇ ତଦନ୍ତ ଦାବି କଲେ ପରିବାର ଲୋକେ

ରିପୋର୍ଟ ଓ ସାଇଣ୍ଟିଫିକ୍ ଟିମ୍‌ର ତଦନ୍ତ ରିପୋର୍ଟକୁ ଭିତ୍ତି କରି ଶ୍ୱାସରୁଦ୍ଧ ଯୋଗୁ ଉଭୟ ଛାତ୍ରୀଙ୍କ ମୃତ୍ୟୁ ହୋଇଥିବା ପୁଲିସ୍ କହୁଥିବା ବେଳେ ଏହାକୁ ସହଜରେ ଗ୍ରହଣ କରିପାରିନାହାନ୍ତି ପରିବାର ଲୋକ।

ସୂଚନା ଯୋଗ୍ୟ ଫେବୃଆରୀ ୬ ତାରିଖ ଦିନ ସ୍କୁଲ ଛୁଟି ପରେ ଦୁଇ ଛାତ୍ରୀ କେଉଁ ଆଡ଼େ ଚାଲି ଯାଇଥିଲେ। ଘରକୁ ନ ଫେରିବାରୁ ପରିବାର ଲୋକେ ବହୁ ଖୋଜାଖୋଜି କରିଥିଲେ ବି ସେମାନଙ୍କ ସନ୍ଧାନ ପାଇ ନ ଥିଲେ। ପରେ ଏମ ଭି ୭ ୯ ଥାନାରେ ଅଭିଯୋଗ କରିଥିଲେ। ତେବେ ଦୁଇ ଦିନ ପରେ ସକାଳେ ଏମପିଭି ୪୧ ଗାଁର ନିଛାଟିଆ ସ୍ଥାନରେ ଥିବା ଏକ ଗଛରେ ଉଭୟଙ୍କ ଝୁଲନ୍ତା ମୃତଦେହ ଗାଁ ଲୋକେ ଦେଖିବାକୁ ପାଇଥିଲେ। ତାଙ୍କ ଶରୀରର ବିଭିନ୍ନ ଅଂଶରେ ଦାଗ ରହିଥିଲା ବେଳେ ଜଣେ ଛାତ୍ରୀଙ୍କ ପୋଷାକରେ ରକ୍ତଦାଗ ରହିଥିବା ଏବଂ ଯୌନାଙ୍ଗରେ କ୍ଷତ ହୋଇଥିବା ଅଙ୍ଗନବାଡ଼ି ଦିଦି ଅଭିଯୋଗ ଆଣିଥିଲେ। ଏକାଧିକ ଯୁବକଙ୍କ ସଂପୃକ୍ତିରେ ଦୁଷ୍କର୍ମ ପରେ ହତ୍ୟା କରି ପରେ ଝୁଲାଇ ଦିଆଯାଇଥିବା ସନ୍ଦେହ କରାଯାଇଥିଲା। ଏହାକୁ ନେଇ ବର୍ତ୍ତମାନ ମୃତ ଛାତ୍ରୀଙ୍କ ସାଙ୍ଗସାଥି କହିଛନ୍ତି ଯେ, ସେ ଦିନ ଦୁଇରୁ ତିନି ଯୁବକ ବାଇକ୍ ନେଇ ବିଦ୍ୟାଳୟ ବାହାରେ ଅପେକ୍ଷା କରିଥିଲେ ଏବଂ ସ୍କୁଲ ଛୁଟି ପରେ ଦୁଇ ଛାତ୍ରୀ ଉଭୟଙ୍କ ବାଇକ୍‌ରେ ବସି କେଉଁଆଡ଼େ ଯାଇଥିବା ସେମାନେ ଦେଖିଛନ୍ତି। ଅନ୍ୟପଟେ ବିଦ୍ୟାଳୟ ପରିଚାଳନା କମିଟି ସଦସ୍ୟଙ୍କୁ ଫୋନ୍ କଲ୍ ମାଧ୍ୟମରେ କେହି ଦୁର୍ବୃତ୍ତ ଧମକ ଦେଉଥିବା ଥାନାରେ ଅଭିଯୋଗ ମଧ୍ୟ ହୋଇଥିଲା। ତେବେ ଏଭଳି ପୁଳାପୁଳା ପ୍ରମାଣ ଥିବା ସତ୍ତ୍ୱେ ଏମ୍‌ଭି-୭ ୯ ଓ ମୋଟୁ ପୁଲିସର ତଦନ୍ତ ଉପରେ ନାନା ସନ୍ଦେହ ସୃଷ୍ଟି ହୋଇଛି। ଏହାସହ ବ୍ୟବଚ୍ଛେଦ ରିପୋର୍ଟରେ କିଛି ହେରଫେର କରାଯାଇ ସତ ଲୁଚାଇବାକୁ ଚେଷ୍ଟା କରାଯାଇଥିବା ପରିବାର ଲୋକେ ଅଭିଯୋଗ କରିବା ସହ ଏହାର ସିବିଆଇ ତଦନ୍ତ କରି ଉଚିତ୍ ନ୍ୟାୟ ପ୍ରଦାନ କରିବାକୁ ଦାବି କରିଛନ୍ତି। ବିଗତ ଦିନରେ ବିଜୁ ଜନତା ଦଳ, ସମାଜସେବୀ ଶରତ ବୁରୁଦା ଓ ବିଭିନ୍ନ ସଙ୍ଗଠନ ପକ୍ଷରୁ ଏହି ଘଟଣାକୁ ନେଇ ପ୍ରଶ୍ନ ଉଠାଇବା ସହ ବିକ୍ଷୋଭ କରାଯାଇଥିଲେ ମଧ୍ୟ ବର୍ତ୍ତମାନ ଯାଏଁ ଏହି ଘଟଣାର ପ୍ରକୃତ ସତ୍ୟ ସାମ୍ନାକୁ ଆସି ନଥିବାରୁ ସ୍ଥାନୀୟ ଲୋକ ଓ ପରିବାର ଲୋକଙ୍କୁ ବ୍ୟଥିତ କରିଛି।

# କୁକୁଡ଼ା ଗାଲିରୁ ଛେଳି ଜବତ, ଥାନାରେ ଅଟକ

ମାଲକାନଗିରି, ୫।୬(ସମିସ): ମାଲକାନଗିରି ଜିଲ୍ଲା ଗଉଡଗୁଡା ନିକଟରେ କୁକୁଡ଼ା ଗାଲି ଓ ଜୁଆ ଖେଳ ଚାଲିଥିବା ବେଳେ ମାଲକାନଗିରି ପୁଲିସ ପକ୍ଷରୁ ଚଢ଼ଉ କରି ଗୋଟିଏ ଛେଳିକୁ ଅଟକ ରଖିବା ସହ ଅନେକ ସାମଗ୍ରୀ ଜବତ କରାଯାଇଥିବା ସୂଚନା ମିଳିଛି। ସୂଚନା ଅନୁଯାୟୀ ମାଲକାନଗିରି ସଦର ଥାନା ଅନ୍ତର୍ଗତ ଗଉଡଗୁଡ଼ା ନିକଟରେ ଆଜି କୁକୁଡା ଗାଲି ତଥା କୁକୁଡ଼ା ଲଢେଇ ଖେଳ ଓ ଜୁଆ ଖେଳ ଚାଲିଥିଲା। ଏହି ଖେଳରେ ବିଜୟ ଲାଭ କରିବା ବ୍ୟକ୍ତିଙ୍କୁ ଛେଳି ପୁରସ୍କାର ଆକାରରେ ଦିଆଯିବାକୁ ଏକ ଛେଳି ରଖା ଯାଇଥିଲା। ତେବେ ଏହି ଖେଳ ଚାଲିବା ବେଳେ ବିଶେଷ ସୂତ୍ରରୁ ଖବର ମାଲକାନଗିରି ଏସଡିପିଓଙ୍କ ନେତୃତ୍ୱରେ ଏକ ଟିମ୍ ସେଠାରେ ଚଢ଼ଉ କରିଥିଲେ। ପୁଲିସକୁ ଦେଖି ସମସ୍ତେ ସେଠାରୁ ଦୌଡ଼ି ପଳାଇଥିଲେ। ତେବେ ଘଟଣା ସ୍ଥଳରେ ବିଜେତାଙ୍କୁ ଦେବା ପାଇଁ ରଖା ଯାଇଥିବା ଛେଳି, ୭ଟି ମୋଟର ସାଇକଲ୍ ଓ ଅନ୍ୟାନ୍ୟ ସାମଗ୍ରୀ ଗୁଡିକୁ ପୁଲିସ ଜବତ କରିଥିଲା। ଛେଳିଟିକୁ ମାଲକାନଗିରି ଥାନାରେ ବାନ୍ଧି ରଖା ଯାଇଥିବା ବେଳେ ଘଟଣାର ତଦନ୍ତ ଜାରି ରହିଥିବା ଜଣା ପଡିଛି।

## ● ୧୪ ହୋଟେଲ ରେସ୍ତୁରାଁରେ ଚଢ଼ଉ

# ୫୦ ଘରୋଇ ଗ୍ୟାସ୍ ସିଲିଣ୍ଡର ଜବତ

ରାୟଗଡ଼ା,୫।୬(ସମିସ): ରାୟଗଡ଼ା ଉପଜିଲ୍ଲାପାଳ ରମେଶ କୁମାର ଜେନାଙ୍କ ନିର୍ଦ୍ଦେଶ କ୍ରମେ ଉପଖଣ୍ଡ ସ୍ତରୀୟ ଯୋଗାଣ ବିଭାଗ ଏନ୍ଫୋର୍ସମେଣ୍ଟ ସ୍କ୍ୱାର୍ଡ ଆଜି ରାୟଗଡା ସହର ଏବଂ ଜେକେପୁରର ହୋଟେଲ ରେଷ୍ଟୁରାଣ୍ଟରେ ଚଢ଼ଉ କରି ୫୦ଟି ଘରୋଇ ଗ୍ୟାସ ସିଲିଣ୍ଡର ଜବତ କରିଛି। ଯାହାକି ବେନିୟମ ଭାବେ ବ୍ୟବସାୟିକ ଉଦ୍ଦେଶ୍ୟରେ ବ୍ୟବହୃତ କିମ୍ବା ଗଚ୍ଛିତ ଥିବା ଅବସ୍ଥାରେ ରଖାଯାଇଥିଲା। ରାୟଗଡ଼ା ସହରର ହୋଟେଲ ଖୁସି ଦି ରୋଷାଇ, ହୋଟେଲ ଭାନୁତେଜା, ସାହୁ ହୋଟେଲ, ହୋଟେଲ ବିଜୟ, ହୋଟେଲ ପୂଜା , ହୋଟେଲ ଅଗ୍ନି ଗଙ୍ଗାମା, ହୋଟେଲ ଚିପକେଟ ସମେତ ଜେକେପୁର ସ୍ଥିତ ହୋଟେଲ ଅମ୍ବର, ହୋଟେଲ ଦୀପକ, ନାୟକ ଫାଷ୍ଟ ଫୁଡ଼, ହୋଟେଲ ସନ୍ତୋଷୀ, ହୋଟେଲ ମା ତାରାତାରିଣୀ, ହୋଟେଲ ଏସଏସ ରେସଟୁରାଣ୍ଟ, ଗୁରୁ ଓମିତ ରେଷ୍ଟୁରାଣ୍ଟ ଆଦି ୧୪ଟି ସ୍ଥାନରେ ସ୍କ୍ୱାର୍ଡ ଦ୍ୱାରା ଚଢ଼ଉ କରାଯାଇଥିଲା। ଏହି ଚଢ଼ଉ ସମୟରେ ସହକାରୀ ଯୋଗାଣ ଅଧିକାରୀ ସୁହାଂଶୁ ଭୋଇ, ମାନସ ରଞ୍ଜନ ସୁନା, ଯୋଗାଣ ନିରୀକ୍ଷକ, ରାୟଗଡା ବ୍ଲକ, ପ୍ରଭଞ୍ଜନ ମହାନ୍ତି, ଯୋଗାଣ ନିରୀକ୍ଷକ, ରାୟଗଡା ମୁନିସିପାଲିଟି,



ମହେନ୍ଦ୍ର ରାୟ, ଏମଆଇ ରାୟଗଡା ସହଯୋଗ କରିଥିଲେ। ତେବେ ଏତେ ସଂଖ୍ୟକ ଘରୋଇ ଗ୍ୟାସ ସିଲିଣ୍ଡର କିଭଳି ଭାବେ କଳା ବଜାରୀ ହେଉଛି ତାହା ତଦନ୍ତ ସାପେକ୍ଷ।

# ଗୋଲାପ ଫୁଲ ଦେଇ ସଡକ ସୁରକ୍ଷା ସଚେତନତା

ଡାବୁଗାଁ, ୫।୬(ସମିସ): ନବରଙ୍ଗପୁର ଜିଲ୍ଲା ଡାବୁଗାଁ ବ୍ଲକର ଡାବୁଗାଁ ପାପଡ଼ାହାଣ୍ଡି ମୁଖ୍ୟ ରାସ୍ତାର ଚାରିଛକଠାରେ ଡାବୁଗାଁ ଥାନା ତରଫରୁ ସଡ଼କ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ହେଲମେଟ ପିନ୍ଧିବା, ୨ ଚକିଆ ଗାଡ଼ିରେ ୨ ଜଣରୁ ଅଧିକ ନ ବସିବା, ସିଟ ବେଲ୍ଟ ଲଗାଇ ଗାଡ଼ି ଚଳାଇବା, ମଦ୍ୟପାନ କରି, ମୋବାଇଲ ଧରି କିମ୍ବା ଅନ୍ୟ ମନସ୍କ ହୋଇ ଗାଡ଼ି ନ ଚଳାଇବା କହି ଗୋଲାପ ଫୁଲ ଦେଇ ଗାଡ଼ି ଚାଳକ ମାନଙ୍କୁ ସଚେତନ କରାଯାଇଥିଲା। ଏଥିରେ ଥାନା ଆଇଆଇସି ଗୋପାଳକୃଷ୍ଣ ଆଗୁପାତ୍ରଙ୍କ ନିର୍ଦ୍ଦେଶ କ୍ରମେ ସବ୍ ଇନ୍ସପେକ୍ଟର ଚନ୍ଦନ ସାହୁ, ବିକ୍ରମ କିଶୋର ସାହୁ, ଏଏସଆଇ ଗୋପାଳକୃଷ୍ଣ ହାଲୱା, ଚନ୍ଦ୍ରଶେଖର ହଜାରୀ ଓ ସସ୍ମିତା ଦାଶ, ହାବିଲଦାର ଶିବଶଙ୍କର ଭଞ୍ଜ ଏବଂ ପୁଲିସ କର୍ମଚାରୀ ମାନେ ଉପସ୍ଥିତ ଥିଲେ।

# ନିଖିଳ ଉତ୍କଳ ଜିଲ୍ଲା ପ୍ରାଥମିକ ଶିକ୍ଷକ ସଂଘର ସମ୍ବର୍ଦ୍ଧନା ଉତ୍ସବ



ମାଲକାନଗିରି, ୬।୫(ସମିସ): ନିଖିଳ ଉତ୍କଳ ଜିଲ୍ଲା ପ୍ରାଥମିକ ଶିକ୍ଷକ ମାଲକାନଗିରି ତରଫରୁ ଜିଲ୍ଲା ପ୍ରାଥମିକ ଶିକ୍ଷକ ସଂଘ ସଭାପତି ତାରକ ମଣ୍ଡଳଙ୍କ ତତ୍ତ୍ୱାବଧାନରେ ବିଭିନ୍ନ ବ୍ଲକରୁ ଆସିଥିବା ଶିକ୍ଷକ ଶିକ୍ଷୟିତ୍ରୀଙ୍କ ସହ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ ନୂତନ ଭାବରେ କାର୍ଯ୍ୟରେ ଯୋଗ ଦେଇଥିବା ଜିଲ୍ଲା ଶିକ୍ଷା ଅଧିକାରୀ ଚିତ୍ତରଞ୍ଜନ ପାଣିଗ୍ରାହୀଙ୍କୁ ସ୍ୱାଗତ କରିବା ସହ ଫୁଲ ତୋଡ଼ା ପ୍ରଦାନ କରି ସମ୍ବର୍ଦ୍ଧନା ଦିଆଯାଇଛି। ଏହି କାର୍ଯ୍ୟକ୍ରମରେ ରାଜ୍ୟ ସଂଘର ଉପସଭାପତି ରଞ୍ଜିତ କୁମାର ନାୟକ ମାଲକାନଗିରି ଓ କୋରକୁଣ୍ଡା ବ୍ଲକର ସଭାପତି ଦ୍ୱୟ ରାମ ପ୍ରସାଦ ପାଢ଼ୀ ଓ ଅରବିନ୍ଦ ପ୍ରସାଦ ଜେନା, ବ୍ଲକ ସମ୍ପାଦକ ଗୁରୁପଦ ସରକାର, ମନୋରଞ୍ଜନ ବେହେରା, ସୁକାନ୍ତ ସାହୁ, କଳ୍ପତରୁ ନାୟକ, ସାଧନା ମଣ୍ଡଳ ଓ ଉପଦେଷ୍ଟା ଅବସରପ୍ରାପ୍ତ ଶିକ୍ଷକ ଗଣେଶ ଚନ୍ଦ୍ର ଜେନା ଓ ମନୋରଞ୍ଜନ ସେଠୀ ପ୍ରଭୃତି ଉପସ୍ଥିତ ଥିଲେ।

# ବିଭିନ୍ନ ସ୍ଥାନରେ ବିଶ୍ୱ ପରିବେଶ ଦିବସ

## ● ରାୟଗଡ଼ା ବନଖଣ୍ଡ




ରାୟଗଡ଼ା,୫।୬(ସମିସ) : ଓଡ଼ିଶା ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ଓ ରାୟଗଡ଼ା ବନଖଣ୍ଡ ଆନୁକୂଲ୍ୟରେ ରାୟଗଡ଼ା ବନଖଣ୍ଡ ଅଧିକାରୀ (ଡିଏଫଓ) ସଚିନ ଆନ୍ନା ସାହେବ ଓହୋଲଙ୍କ ଅଧ୍ୟକ୍ଷତାରେ ରାୟଗଡ଼ା ବନଖଣ୍ଡ କାର୍ଯ୍ୟାଳୟର ଏ.ଜେ.ୱାଇ ସମ୍ମିଳନୀ କକ୍ଷରେ ୫୨ତମ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ଚଳିତ ବର୍ଷର ବିଷୟବସ୍ତୁ "ପ୍ଲାଷ୍ଟିକ ପ୍ରଦୁଷଣକୁ ବନ୍ଦ କରିବା'ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ରାୟଗଡ଼ା ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ସୁବ୍ରତ ଆଚାର୍ଯ୍ୟ, ମୁଖ୍ୟବକ୍ତା ଭାବେ ୱାଇଲ୍ଡ ଲାଇଫ ୱାର୍ଡେନ ଗୌରାଙ୍ଗ ଚରଣ ରାଉତ ଯୋଗ ଦେଇ ଦୀପ ପ୍ରଜ୍ୱଳ ପୂର୍ବକ କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଏସିଏଫ ଅଶୋକ ପ୍ରଧାନ, ସନ୍ଦୀପ ପୃଷ୍ଟି, ସତୀଶ କୁମାର ଧାରୁଆ,ପ୍ୟାନେଲ ଓକିଲ ପ୍ରମୁଖ ଉପସ୍ଥିତ ରହିଥିଲେ। ସମସ୍ତ ଅତିଥିମାନେ ପ୍ଲାଷ୍ଟିକର ବହୁଳ ବ୍ୟବହାର ଦ୍ୱାରା ପରିବେଶ ସନ୍ତୁଳନ ଉପରେ ପଡୁଥିବା ପ୍ରଭାବ ଏବଂ ଏହାର ନିରାକରଣ ଦିଗରେ ସମସ୍ତେ ସଚେତନ ହେବା ସହ ପ୍ରକୃତି ନିମନ୍ତେ ନିଜର ଦାୟିତ୍ୱକୁ ସୂଚାରୁ ରୂପେ ବହନ କରିବାକୁ ପଡିବ ବୋଲି ମତବ୍ୟକ୍ତ କରିଥିଲେ। ଏହି ଅବସରରେ ୩ଜଣଙ୍କୁ ପ୍ରକୃତି ବନ୍ଧୁ ଭାବେ ସମ୍ମାନୀତ କରାଯାଇ ଆର୍ଥିକ ରାଶି ପୁରସ୍କୃତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ରାୟଗଡା ବନାଚଂଳ ଅଧିନ ବିଭିନ୍ନ ସେକ୍ସନର ବହୁ ବନ ସୁରକ୍ଷା ସମିତିର ସଭାପତି,ସଂପାଦକ ଓ ସଭ୍ୟମାନେ ଅଂଶଗ୍ରହଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ରାୟଗଡା ବନାଂଚଳ ଅଧିକାରୀ କାମେଶ୍ୱର ଆଚାରୀ ପରିଚାଳନା କରିଥିବା ବେଳେ ବିଭିନ୍ନ ସେକ୍ସନର ବନପାଳ,ବନ ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ରହି ସହଯୋଗ କରିଥିଲେ। ସେହିପରି ଅପରାହ୍ନରେ ଗୁମ୍ମା ସେକ୍ସନର କୋଦାପାଡୁ ସଂରକ୍ଷିତ ଜଙ୍ଗଲ ଅଂଚଳରେ "ମା ନାମରେ ଗଛଟିଏ' ବୃକ୍ଷରୋପଣ କାର୍ଯ୍ୟକ୍ରମ ବନ ବିଭାଗ ଦ୍ୱାରା ଆୟୋଜିତ ହୋଇଥିବା ବେଳେ ଏଥିରେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧ୍ୟକ୍ଷ ତଥା ଜିଲ୍ଲା ଦୌରାଜଜ୍ ସତ୍ୟ ନାରାୟଣ ଷଡଙ୍ଗୀ ନିଜ ମା ଶ୍ରୀମତି ସ୍ନେହଲତା ଷଡଙ୍ଗୀ ଏବଂ ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ସୁବ୍ରତ ଚୌଧୁରୀ ନିଜ ମା ଶ୍ରୀମତି ବାସନ୍ତି ଆଚାର୍ଯ୍ୟଙ୍କ ନାମରେ ଗୋଟିଏ ଗୋଟିଏ ଲେଖାଁଏ ବୃକ୍ଷ ରୋପଣ କରିଥିଲେ।

## ● ପ୍ରାକୃତିକ ସମ୍ପଦ ସମାବେଶ



ଟିକିରି,୫।୬(ସମିସ): ଆଜି ରାୟଗଡା ଜିଲା କାଶୀପୁର ବ୍ଲକ ଶୁଙ୍ଗେର ନିକଟ କଣ୍ଡାମାଲ ଠାରେ ମା' ମାଟି,ମାଳି ସୁରକ୍ଷା ମଞ୍ଚ ପକ୍ଷରୁ ବିଶ୍ୱ ପରିବେଷ ଦିବସ ପ୍ରାକୃତିକ ସମ୍ପଦ ସମାବେଶ ଅନୁଷ୍ଠିତ ହୋଇଯାଇଛି। ଏହି ସମାବେଶରେ ଯୋଗଦେଲେ ପ୍ରଫୁଲ ସାମନ୍ତରା ଓ ଲିଙ୍ଗରାଜ ଆଜାଦଙ୍କ ସମେତ ସିଜିମାଳି, ମଞ୍ଜିଙ୍ଗମାଳୀ, କୁଡୁରୁମାଳି, ଖଣ୍ଡୁଆଳ ମାଳି ଓ ନିୟମଗିରି ଅଞ୍ଚଳରୁ ସଂଗ୍ରାମୀ ନେତା। ସମାବେଶରେ ପରିବେଶବିତ୍ ପ୍ରଫୁଲ ସାମନ୍ତରା ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଉପରେ ବାର୍ଷିଥିଲେ। ଏପରି କାର୍ଯ୍ୟକ୍ରମ ଅନେକ ସ୍ଥାନରେ ଆୟୋଜନ କରିବାକୁ ସରକାର ନିବେଦନ କରୁଥିବା ବେଳେ ଏଠାରେ କିନ୍ତୁ ତାର ଓଲଟା ଦେଖିବାକୁ ମିଳିଛି। ଗତକାଲିଠାରୁ ଏଠାରେ ସମାବେଶ କରାଯିବ ବୋଲି ଘୋଷଣା କରାଯିବା ଶୁଣି ରାତାରାତି ୧୪୪ ଧାରା ଲଗାଯାଇ ଗଣତନ୍ତ୍ରକୁ ହତ୍ୟା କରାଯାଇଛି ବୋଲି ସେମାନେ କହିଛନ୍ତି।

## ● ଗ୍ରୀନ ରାୟଗଡ଼ା



ରାୟଗଡ଼ା,: ବିଶ୍ୱପରିବେଶ ଦିବସ ଅବସରରେ ରାୟଗଡ଼ା ଜିଲ୍ଲାର ଏକ ଅଗ୍ରଣୀ ସାମାଜିକ ସଂଗଠନ ଗ୍ରୀନ ରାୟଗଡ଼ା ପକ୍ଷରୁ ବିଶ୍ୱ ପରିବେଶ ଦିବସ ପାଳନ କରାଯାଇଛି। ଏହି ଅବସରରେ ଗ୍ରୀନ ରାୟଗଡ଼ା ଅନୁଷ୍ଠାନର ସଭାପତି ଯୋଗେଶ୍ୱର ଦାସ ଏବଂ ସମ୍ପାଦକ କୃଷ୍ଣ କାନ୍ତ ଜେନାଙ୍କ ନେତୃତ୍ୱରେ ପ୍ରଥମେ ରାୟଗଡ଼ା ରେଳ ଷ୍ଟେସନ ସମ୍ମୁଖ ଚାରା ରୋପଣ କରାଯାଇ ମୁଖ୍ୟ ରାସ୍ତାର ଦୁଇ ପାଶ୍ୱର୍ରେ ଲାଗିଥିବା ଗଛ ଗୁଡ଼ିକରେ ଜଳ ଦେବା ସହ ସହରର ବିଭିନ୍ନ ବସ୍ତି ଏବଂ ରାସ୍ତା କଡ଼ରେ ଚାରାରୋପଣ କରାଯାଇଥିଲା। ଏହି ମହତ କାର୍ଯ୍ୟକ୍ରମରେ ଗ୍ରୀନ ରାୟଗଡ଼ା ଦୀର୍ଘ ୧୮ ବର୍ଷ ଧରି ରାୟଗଡ଼ା ସହରକୁ ପଲିଥିନ ମୁକ୍ତ କରିବା , ବୃକ୍ଷ ଚାରା ରୋପଣ କରି ତାର ଯତ୍ନ ନେବା, ନିଜ ଜନ୍ମ ଦିନରେ ଗଛଟି ଲଗାଇବା ସହ ତାର ଯତ୍ନ କିପରି ନିଆଯିବ, ପଲିଥିନ ବ୍ୟବହାରକୁ କିପରି ଦୂରେଇ ରଖାଯିବ ସେ ନେଇ ସଚେତନତା ସୃଷ୍ଟି କରାଯାଉଥିବା ଅନୁଷ୍ଠାନର ସଭାପତି ଶ୍ରୀ ଦାସ ଏବଂ ସମ୍ପାଦକ ଶ୍ରୀ ଜେନା ପ୍ରକାଶ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ରାୟଗଡ଼ା ଜିଲ୍ଲା ସାମ୍ବାଦିକ ମହା ସଂଘର ସଭାପତି ଦିପକ କୁମାର ପୃଷ୍ଟି , ବରିଷ୍ଠ ଆଇନଜୀବୀ ବୀରଜା ପାତ୍ର , ସମାଜସେବୀ ପି .ଗୌରୀ , ଚୀନାରି ବିଜୟ ମହନ, ଡ଼ି ପି ବାପୁ, ମାତୃଶକ୍ତିରୁ କୁମାରୀ ବାଡତିଆ, ରାୟଗଡ଼ା ଜିସିଡ଼ି ୱାକର୍ସ କ୍ଲବ୍ , ଭାରତୀୟ ମଜଦୁର ସଂଘର କାର୍ଯ୍ୟକର୍ତ୍ତା , ରେଳବାଇ ସୁରକ୍ଷା ବଳଙ୍କ ସହ ସହରର ବିଭିନ୍ନ ଅନୁଷ୍ଠାନର ନେତୃବୃନ୍ଦ ଏବଂ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗ ଦେଇ ଗ୍ରୀନ୍ ରାୟଗଡାର ଏପରି କାର୍ଯକ୍ରମକୁ ପ୍ରଶଂସା କରିଥିଲେ।

## ● ଶାଲାର ଫାଉଣ୍ଡେସନ




ରାୟଗଡ଼ା: ରାୟଗଡା ବ୍ଲକର ପୀତାମହଲ ଗ୍ରାମପଞ୍ଚାୟତ ଅନ୍ତର୍ଗତ ଜଗନ୍ନାଥପୁର ଗ୍ରାମରେ ଆଜି ଶାଲାର ଫାଉଣ୍ଡେସନ ତରଫରୁ ବିଶ୍ୱ ପରିବେଶ ଦିବସ ପାଳିତ ହୋଇଯାଇଛି। ଆଜିର ଏହି କାର୍ଯ୍ୟକ୍ରମଟିକୁ ଜଗନ୍ନାଥପୁର ଗ୍ରାମର ବିଦ୍ୟାଳୟ ଛାତ୍ରଛାତ୍ରୀ, ସ୍ୱୟଂସହାୟକ ଦଳର ମା'ମାନଙ୍କୁ ନେଇ ଶାଲାର ଫାଉଣ୍ଡେସନ ଆୟୋଜନ କରିଥିଲେ। ପ୍ଲାଷ୍ଟିକ ଜିନିଷ ବର୍ଜନ କରିବାକୁ ଫାଉଣ୍ଡେସନ ତରଫରୁ ବୈଠକରେ ଉପସ୍ଥିତ ସମସ୍ତଙ୍କୁ ବୁଝାଇଥିଲେ। ପ୍ଲାଷ୍ଟିକ ଜିନିଷର ବହୁଳ ବ୍ୟବହାର ଦ୍ୱାରା କିପରି ଆମର ମାଟି ମା'କୁ ଆମେ ପ୍ରଦୂଷିତ କରୁଛୁ ଏବଂ ଏହା ଦ୍ୱାରା ଆମର ପରିବେଶ ଉପରେ ପଡୁଥିବା କୁପ୍ରଭାବ ବିଷୟରେ ବୁଝାଇଥିଲେ। ଏହା ସହ ଜୈବିକ ଚାଷ ଆପଣେଇବାକୁ କହିଥିଲେ। ଆଜିର ଏହି କାର୍ଯ୍ୟକ୍ରମକୁ ଶାଲାର ଫାଉଣ୍ଡେସନର ସ୍ୱେଚ୍ଛାସେବୀ ଧର୍ମା ମଣ୍ଡାଙ୍ଗି, ଅଭି ମାଝୀ ଏବଂ ଅନ୍ୟମାନେ ପରିଚାଳନା କରିଥିଲେ।

## ● ତାଲୁକ୍ ଆଇନ୍ ସେବା କମିଟି



ବିଷମ କଟକ: ରାୟଗଡ଼ା ଜିଲ୍ଲା ବିଷମ କଟକ ତାଲୁକ୍ ଆଇନ୍ ସେବା କମିଟି ଦ୍ୱାରା ବିଶ୍ୱ ପରିବେଶ ଦିବସ ପାଳନ କରାଯାଇଛି। ଏହି ଅବସରରେ ଏକ ଆଇନ ସଚତନତା ଶିବିର ସ୍ଥାନୀୟ ହଜାରିଡାଙ୍ଗ ପଞ୍ଚାୟତର ବରଡ଼ାଗୁଡା ଗ୍ରାମରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ସ୍ଥାନୀୟ କୋର୍ଟର ଅତିରିକ୍ତ ଜିଲ୍ଲା ଏବଂ ଦୌରା ଜଜ୍ ସିଦ୍ଧାର୍ଥ ସାହୁ ଏବଂ ସ୍ଥାନୀୟ କୋର୍ଟର ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ଦଣ୍ଡାଧିକାରୀ ଅଶ୍ୱିନୀ କୁମାର ସାହୁ ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଷମକଟକ ବନ୍ୟାଞ୍ଚଳର କର୍ମଚାରୀବୃନ୍ଦ ତଥା ବହୁ ସଂଖ୍ୟକ ସ୍ଥାନୀୟ ଗ୍ରାମବାସୀ ଯୋଗଦାନ କରି କାର୍ଯ୍ୟକ୍ରମକୁ ସାଫଲ୍ୟ ମଣ୍ଡିତ କରିଥିଲେ। ଏହି କାର୍ଯ୍ୟକ୍ରମରେ ସରକାରଙ୍କର ବନ୍ୟ ସଂରକ୍ଷଣ ଅଧିନିୟମ ଏବଂ ପ୍ରଦୂଷଣ ମୁକ୍ତ ପରିବେଶ ପାଇଁ କିପରି ବୃକ୍ଷରୋପଣ ଅପରିହାର୍ଯ୍ୟ ସେ ବିଷୟରେ ଲୋକମାନଙ୍କୁ ପୁଙ୍ଖାନୁପୁଙ୍ଖ ବୁଝାଯାଇଥିଲା।

## ● ଦଲବେଡା ବାଳିକା ଉଚ୍ଚ ବିଦ୍ୟାଳୟକୁ ପ୍ରକୃତି ମିତ୍ର ପୁରସ୍କାର




ଚନ୍ଦାହାଣ୍ଡି, ୫।୬(ସମିସ): ନବରଙ୍ଗପୁର ଜିଲ୍ଲାର ଉପାନ୍ତ ଅଞ୍ଚଳ ଚନ୍ଦାହାଣ୍ଡି ବ୍ଲକରେ ଅବସ୍ଥିତ ସରକାରୀ (ଏସଏସଡି) ବାଳିକା ଉଚ୍ଚ ବିଦ୍ୟାଳୟ ଦଲବେଡା। ଏହିବିଦ୍ୟାଳୟ ପରିସର ତଥା ଦୁଇ ପାଶ୍ୱର୍ରେ ଅବସ୍ଥିତି ସବୁଜିମା ଭରା ବୃକ୍ଷ ଲତା । ଅତି ସୁନ୍ଦର ପର୍ବତ ସାଙ୍ଗକୁ ପାଶ୍ୱର୍ରେ କୁଳୁ କୁଳୁ ହୋଇ ବହିଯାଉଛି ଗୋଟିଏ ଝରଣା। ପକ୍ଷୀ ମାନଙ୍କର କିଚିରି ମିଚିରି ଶବ୍ଦ ସହ ପ୍ରକୃତିର ଅନନ୍ୟ ସୌନ୍ଦର୍ଯ୍ୟ ଘେରା ପରିବେଶ ମଧ୍ୟରେ ଓଡ଼ିଶା ସରକାରଙ୍କ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗର ଏହି ଆବାସିକ ବିଦ୍ୟାଳୟ। ଏଠାରେ ଷଷ୍ଠରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ୩୫୦ ଜଣ ଛାତ୍ରୀ ହଷ୍ଟେଲରେ ପାଠ ପଢନ୍ତି। ଏଠାରେ ୧୦ ଜଣ ଶିକ୍ଷକ ଶିକ୍ଷୟିତ୍ରୀ ଓ ୫ ଜଣ ସେବାୟତ କାର୍ଯ୍ୟରତ ଅଛନ୍ତି। ବିଦ୍ୟାଳୟରେ ପାଠ୍ୟ ପୁସ୍ତକ ଶିକ୍ଷା ଦାନ ସହିତ କମ୍ପ୍ୟୁଟର, ସଙ୍ଗୀତ, ନୃତ୍ୟ, ଜୀବନ କୌଶଳ , ଆସ ରକ୍ଷା ,କୃଷି କାର୍ଯ୍ୟ ପ୍ରଶିକ୍ଷଣ ଦିଆଯାଏ। ବିଦ୍ୟାଳୟର ଇକୋ କ୍ଲବ୍ ସହାୟତାରେ ବୃକ୍ଷ ରୋପଣ, ବନମହୋତ୍ସବ ପାଳନ, ଶକ୍ତି ସଂରକ୍ଷଣ , ଆବର୍ଜନା ପରିଚାଳନା , ଜଳ ସଂରକ୍ଷଣ , ଜନ ସଚତନତା ଆଦି ବିଭିନ୍ନ କାର୍ଯ୍ୟକ୍ରମ କରାଯାଏ। ପ୍ରଧାନ ଶିକ୍ଷକ ହୃଷିକେଶ ସାହୁଙ୍କ ବଳିଷ୍ଠ ନେତୃତ୍ୱରେ ଝରିଗାଁ ବନାଞ୍ଚଳ ନର୍ସରୀରୁ ବିଭିନ୍ନ ବୃକ୍ଷ ଯଥା ଚମ୍ପା , ଶାଗୁଆନ, ଅଁଳା, ହରିଡା, ବାହାଡ଼ା,କୃଷ୍ଣ ଚୁଡ଼ା , ରାଧା ଚୁଡ଼ା, ଆମ୍ବ, ଜମୁ କୋଳି , ପଣସ , ଲେମ୍ବୁ, କମଳା,ଆଦି ରୋପଣ କରି ବିଦ୍ୟାଳୟକୁ ସୁସ୍ଥ, ସୁନ୍ଦର, ସବୁଜିମା ଭରା ଏକ ଆକର୍ଷଣୀୟ ପରିବେଶ ସୃଷ୍ଟି କରାଯାଇ ପାରିଛି। ୨୦୨୪-୨୫ ଶିକ୍ଷା ବର୍ଷରେ ରାଜ୍ୟ ସ୍ତରୀୟ ବିଶ୍ୱ ପରିବେଶ ଦିବସ ଓ ପ୍ରକୃତି ମିତ୍ର ପୁରସ୍କାର ବିତରଣ ଉତ୍ସବ ଭୁବନେଶବରସ୍ଥିତ ଓୟୁଏଟି ବିଶ୍ୱ ବିଦ୍ୟାଳୟ ଠାରେ ଏହି ବିଦ୍ୟାଳୟ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ଜଙ୍ଗଲ, ପରିବେଶ ଓ ଜଳ ବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂଖୁଣ୍ଟିଆଙ୍କ ଠାରୁ ପ୍ରକୃତି ମିତ୍ର ପୁରସ୍କାର ଲାଭ କରି ଏହି ଅଞ୍ଚଳ ପାଇଁ ସୁନାମ ଅର୍ଜନ କରିଛି। ଏହି ସଫଳତା ପାଇଁ ବିଦ୍ୟାଳୟ ପରିଚାଳନା କମିଟି ସଭାପତି ତଥା ପୂର୍ବତନ ଚନ୍ଦାହାଣ୍ଡି ବ୍ଲକ ଅଧ୍ୟକ୍ଷ ନୃସିଂହ ମାଝୀ ଏବଂ ଦଲବେଡା ଗ୍ରାମବାସୀ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ସାଧୁବାଦ ଜଣାଇଛନ୍ତି। ବିଦ୍ୟାଳୟର ପ୍ରଧାନ ଶିକ୍ଷକ ହୃଷିକେଶ ସାହୁ, ବିଜ୍ଞାନ ଶିକ୍ଷକ ଦେବେନ୍ଦ୍ର ନାଥ ନାୟକ, ବରିଷ୍ଠ ଇଂରାଜୀ ଶିକ୍ଷୟିତ୍ରୀ ଜୟଶ୍ରୀ ସାମଲ, ଓଡ଼ିଆ ଶିକ୍ଷକ ମନ କୁମର ମାଳି, ବିଜ୍ଞାନ ଶିକ୍ଷୟିତ୍ରୀ ଶାଶ୍ୱତୀ ପଣ୍ଡାଙ୍କ ଅକ୍ଳାନ୍ତ ପରିଶ୍ରମ ଓ ସାଧୁ ଉଦ୍ୟମ ଯୋଗୁଁ ବିଦ୍ୟାଳୟ ଏହି ସଫଳତା ଅର୍ଜନ କରିପାରିଛି। ଜିଲ୍ଲା ମଙ୍ଗଳ ଅଧିକାରୀ ନବରଙ୍ଗପୁର ପାଲକା ରବୀନ୍ଦ୍ରଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନ ପାଇଁ ଏହି ସଫଳତା ପାଇଥିବା ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଶ୍ରୀ ସାହୁ ପ୍ରକାଶ କରିଛନ୍ତି । ବିଦ୍ୟାଳୟକୁ ପ୍ରକୃତି ମିତ୍ର ପୁରସ୍କାର ନିମନ୍ତେ ଚୟନ କରିଥିବାରୁ ଝରିଗାଁ ବନାଞ୍ଚଳ ଅଧିକାରୀ ଓ ନବରଙ୍ଗପୁର ଜିଲ୍ଲା ବନଖଣ୍ଡ ଅଧିକାରୀଙ୍କୁ ଧନ୍ୟବାଦ ଜଣାଇଛନ୍ତି।

## ଶିକ୍ଷକ ବଦଳି ପାଇଁ ନେତାଙ୍କ ଘରେ ଗହଳି

# ଗଣେଶ୍ୱରଙ୍କ ପରେ ଅସନ୍ତୋଷ ଝାଡ଼ିଲେ ତାରା

ଭୁବନେଶ୍ୱର,୫।୬(ସମିସ): ସୁପାରିସ୍ ଆଧାରରେ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ ବଦଳି କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ବିଜ୍ଞପ୍ତି ପରେ ଅଡୁଆରେ ପଡ଼ିଛନ୍ତି ବିଧାୟକ ଓ ସାଂସଦ। ସକାଳୁ ସକାଳୁ ଘରେ ଲାଗୁଛି ଲମ୍ବା ଲାଇନ୍। ଶହଶହ ଅନୁରୋଧପତ୍ର ଟେବୁଲ୍ ଉପରେ ଗଦା ହେଲାଣି। ତନ୍ମଧ୍ୟରୁ କେଉଁ ୧୫ ଜଣଙ୍କୁ ବଦଳି ପାଇଁ ସୁପାରିସ୍ କରିବେ ସେନେଇ ଜନପ୍ରତିନିଧିମାନେ ଅଡ଼ୁଆରେ ପଡ଼ିଛନ୍ତି। ଫଳରେ ବିଧାୟକଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବା ସହ ସରକାର ଏହାର ପୁନଃବିଚାର କରିବାକୁ ଦାବି କରୁଛନ୍ତି। ବିଜେଡି ବିଧାୟକ ଗଣେଶ୍ୱର ବେହେରାଙ୍କ ପରେ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତି ଏନେଇ ସରକାରଙ୍କୁ ପ୍ରଶ୍ନ କରିଛନ୍ତି।

ବିଜେଡି ବିଧାୟକ ଗଣେଶ୍ୱର ବେହେରା କହିଛନ୍ତି ଯେ ୧୫ଜଣ ଶିକ୍ଷକ ବଦଳି କ୍ଷମତା ବିଧାୟକଙ୍କୁ ବୁମେରାଂ ହେବ। ଅନେକ ଶିକ୍ଷକ ବଦଳି ସୁପାରିସ ପାଇଁ ଧାଡ଼ି ବାନ୍ଧୁଥିବାରୁ ସମସ୍ୟା ବଢ଼ିଛି। ଯେଉଁମାନେ ସୁପାରିସ ନ ପାଇବେ ସେମାନେ କେବେ କ୍ଷମା ଦେବେନି। ସହଯୋଗ ନ କରିବାକୁ ପରୋକ୍ଷରେ ମଧ୍ୟ ଧମକ ଦେଉଛନ୍ତି। ଗୋଟେ ବର୍ଷରେ ଏହି ସମସ୍ୟା, ପାଞ୍ଚ ବର୍ଷରେ ଅନେକ ଶତ୍ରୁ ବାହାରିବେ। ସରକାରଙ୍କ ସୁପାରିସ ବ୍ୟବସ୍ଥା ସାଙ୍ଘାତିକ ଅବସ୍ଥା ସୃଷ୍ଟି କରିଛି। ଏଥିପାଇଁ ବଦଳି ସୁପାରିସ କ୍ଷମତା ପ୍ରତ୍ୟାହାର କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀଙ୍କୁ ସେ ଚିଠି ଲେଖିଛନ୍ତି। ଅନ୍ୟ ବିଧାୟକମାନେ ଯଦି ଏକମତ ନୁହନ୍ତି, ତା'ହାଲେ ତାଙ୍କଠାରୁ ଏହି କ୍ଷମତା ଫେରାଇ ନିଅନ୍ତୁ ବୋଲି ବିଧାୟକ ଶ୍ରୀ ବେହେରା କହିଛନ୍ତି। ଯେଉଁ ଶିକ୍ଷକଙ୍କର ପ୍ରକୃତରେ ସମସ୍ୟା ଅଛି, ସେମାନଙ୍କ କଥା ବିଚାର କରାଯାଉ ଏବଂ ସରକାର ବଦଳି ନୀତିରେ ପରିନବର୍ତ୍ତନ କରନ୍ତୁ ବୋଲି ସେ ଦାବି କରିଛନ୍ତି।

### କେଭି, ଓଏଭି ଭଳି ସ୍ୱତନ୍ତ୍ର ନିୟମ ଆଣିବାକୁ ଶିକ୍ଷକ ସଂଘର ଦାବି

ସେହିପରି କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତି କହିଛନ୍ତି ଯେ ଶିକ୍ଷକ ବଦଳି ସୁପାରିସ ପାଇଁ ବିଧାୟକମାନଙ୍କୁ କ୍ଷମତା ଦେବା ସରକାରଙ୍କ ଏକ କଦର୍ଯ୍ୟ ନିଷ୍ପତ୍ତି। ପ୍ରାୟ ୫ଶହ ଶିକ୍ଷକ ବଦଳି ପାଇଁ ତାଙ୍କୁ ଅନୁରୋଧ କଲେଣି। ସମସ୍ତ ଆବେଦନକାରୀ ସମସ୍ତେ ନିଜର, ତାଙ୍କ ନିର୍ବାଚନମଣ୍ଡଳୀର। ଏପରିକି ସମ୍ପର୍କୀୟମାନେ ମଧ୍ୟ ଅନୁରୋଧ କରୁଛନ୍ତି। ତନ୍ମଧ୍ୟରୁ କେଉଁ ୧୫ ଜଣଙ୍କୁ କେଉଁ ଆଧାରରେ ସେ ସୁପାରିସ କରିବେ ବୋଲି ପ୍ରଶ୍ନ କରିବା ସହ ଗୋଟିଏ ମଧ୍ୟ ସୁପାରିସ କରିବେ ନାହିଁ ବୋଲି କହିଛନ୍ତି। ସରକାର ଏହାର ପୁନର୍ବିଚାର କରିବାକୁ ସେ ଦାବି କରିଛନ୍ତି। ଅପରପକ୍ଷରେ ବର୍ଷେ ମଧ୍ୟରେ ବିଭାଗୀୟ ମନ୍ତ୍ରୀ ପ୍ରାୟ ୫ ହଜାର ବଦଳି କରିଥିବା ଏବଂ ଏହା ସ୍ୱାଧୀନତା ଇତିହାସରେ ଏହା ବିରଳ ବୋଲି କହିଛନ୍ତି। ମନ୍ତ୍ରୀ ଯଦି ୫ହଜାର ବଦଳି କରିପାରୁଛନ୍ତି, ତା'ହେଲେ ବିଧାୟକଙ୍କୁ ମଧ୍ୟ ୫ଶହ ଶିକ୍ଷକଙ୍କୁ ବଦଳି କରିବା ପାଇଁ କ୍ଷମତା ଦିଅନ୍ତୁ ବୋଲି ସେ କହିଛନ୍ତି। ଅବିଭକ୍ତ କୋରାପୁଟ ଜିଲ୍ଲାରେ ନିଯୁକ୍ତି ପାଇଥିବା ଶିକ୍ଷକମାନେ ସେମାନଙ୍କ ଜିଲ୍ଲାକୁ ପଳାଇଲେଣି। ପୁଣି ଶିକ୍ଷକ ପଦ ଖାଲି ପଡ଼ିବ। ପୁଣି ସେହି ପଦରେ ନିଯୁକ୍ତି ଦେଇ ବଦଳି କରିବେ। ଏହା ଏକ ବ୍ୟବସାୟରେ ପରିଣତ ହୋଇଛି। ଏହାକୁ ବନ୍ଦ କରାଯାଉ। ୧୫ଜଣଙ୍କୁ ବଦଳି କରିବା ପାଇଁ ସୁପାରିସ ମଧ୍ୟ ସରକାରଙ୍କ ଏକ ଚାଲ୍ ବୋଲି ଶ୍ରୀ ବାହାନୀପତି କହିଛନ୍ତି। କାରଣ ୧୫ଜଣଙ୍କ ସୁପାରିସ କରି ୧୫ଶହ ଶିକ୍ଷକଙ୍କ ଆକ୍ରୋଶର ଶିକାର ହେବେ। ବିଜେପି ନେତାମାନେ କିନ୍ତୁ ଭିତିରିଆ ବହୁ ଅଧିକ ବଦଳି କରିବେ ବୋଲି ସେ ଆଶଙ୍କା ପ୍ରକାଶ କରିଛନ୍ତି।

ଅନ୍ୟପକ୍ଷରେ ଓଡ଼ିଶା ସିବିଟି ଶିକ୍ଷକ ସଙ୍ଘ ସଭାପତି ରାଜେନ୍ଦ୍ର ମଲ୍ଲିକ କହିଛନ୍ତି ଯେ କେନ୍ଦ୍ରୀୟ ବିଦ୍ୟାଳୟ ଓ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପରି ଗଣଶିକ୍ଷା ବିଭାଗ ମଧ୍ୟ ଶିକ୍ଷକ ବଦଳି ପାଇଁ ନିର୍ଦ୍ଦିଷ୍ଟ ନିୟମ ଆଣିବାର ଆବଶ୍ୟକ ରହିଛି। ବର୍ତ୍ତମାନର ବଦଳି ନିୟମ ଶିକ୍ଷକଙ୍କ ହିତରେ ଆସୁନାହିଁ। ରାଜ୍ୟକୁ ଅର୍ବାନ, ସେମିଅର୍ବାନ, ଗ୍ରାମୀଣ ଓ ଉପାନ୍ତ କ୍ଲଷ୍ଟର ଭାବେ ବିଭକ୍ତ କରାଯାଇ ଶିକ୍ଷକ ବଦଳି କରାଯିବା ଉଚିତ୍। ପ୍ରତି କ୍ଲଷ୍ଟରରେ ଜଣେ ଶିକ୍ଷକ ପାଞ୍ଚବର୍ଷ କାମ କରିବାର ପ୍ରାବଧାନ ରହିଲେ ସେମାନେ ଚାପଗ୍ରସ୍ତ ହେବେନାହିଁ। ନୀତି ନିର୍ଦ୍ଧାରଣ ପୂର୍ବରୁ ଶିକ୍ଷକଙ୍କ ସହ ବ୍ୟାପକ ଆଲୋଚନା କରିବାକୁ ମଧ୍ୟ ସେ ଦାବି କରିଛନ୍ତି।

ସେହିପରି ଓଡ଼ିଶା ସରକାରୀ ହାଇସ୍କୁଲ ଶିକ୍ଷକ ସଙ୍ଘ ସଭାପତି ଶୁଭ୍ରଜିତ ପ୍ରତିହାରୀ କହିଛନ୍ତି ଯେ ସୁପାରିସ୍ କ୍ଷମତା ଲୋକପ୍ରତିନିଧିଙ୍କୁ ନିହାତି ଅଡୁଆରେ ପକାଇବ। ଗରିବ ଶ୍ରେଣୀର, ରୋଗଗ୍ରସ୍ତ, ମାଆବାପାଙ୍କଠାରୁ ଦୂରରେ ରହୁଥିବା କିମ୍ବା ପରିବାରଠାରୁ ୫ଶହ କିଲୋମିଟର ଦୂରରେ ରହୁଥିବା ଶିକ୍ଷକଶିକ୍ଷୟିତ୍ରୀମାନଙ୍କୁ ଅଗ୍ରାଧିକାର ଦେଇ ବଦଳି କରାଯାଉ। ଫଳରେ ଶିକ୍ଷକ ଖୁସି ହେବେ ଓ ଶିକ୍ଷାର ମାନ ମଧ୍ୟ ବୃଦ୍ଧି ହେବ ବୋଲି ସେ ମତ ଦେଇଛନ୍ତି। ସୂଚନାଯୋଗ୍ୟ, ଗତ ମେ ୧୩ ତାରିଖରେ ନିଜ ନିର୍ବାଚନ ମଣ୍ଡଳୀରସର୍ବାଧିକ ୧୫ଜଣ ଲେଖାଏଁ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ ଅନ୍ୟତ୍ର ବଦଳି ପାଇଁ ବିଧାୟକ ଓ ସାଂସଦମାନେ ସୁପାରିସ କରିବେ ବୋଲି ବିଜ୍ଞପ୍ତି ପ୍ରକାଶ ପାଇଥିଲା।

## ଡିଏସ୍‌ପିଙ୍କ କାର୍ ଧକ୍କାରେ ଶ୍ରମିକ ମୃତ



ଦେଓଗାଁ, ୫।୬ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଅଧୀନ ଦେଓଗାଁ ବଙ୍ଗଳା ନିକଟ ୨୬ନଂ ଜାତୀୟ ରାଜପଥରେ ଗୁରୁବାର ସନ୍ଧ୍ୟାରେ ଜଣେ ଶ୍ରମିକ ସାଇକଲରେ ଯାଉଥିବା ବେଳେ କାର୍ ଧକ୍କାରେ ତାଙ୍କର ମୃତ୍ୟୁ ଘଟିଛି। ମୃତ ଶ୍ରମିକ ହେଲେ, ସଇଁନ୍ତଳା ଥାନା ଅଧୀନ ଜଲିଆ ଗାଁର ଭକ୍ତି ସାହୁ। ପରେ ଉତ୍ତ୍ୟକ୍ତ ଲୋକେ କାର୍ ଚାଳକଙ୍କୁ ଅଟକ ରଖି କ୍ଷତିପୂରଣ ଦାବିରେ ଦୀର୍ଘ ୪ ଘଣ୍ଟା ଜାତୀୟ ରାଜପଥକୁ ଅବରୋଧ କରିଥିଲେ। ଘଟଣାସ୍ଥଳରେ ଦେଓଗାଁ ପୁଲିସ ପହଞ୍ଚି କାର୍ ଚାଳକ ଲୋକନାଥ ସାହୁଙ୍କୁ ଉଦ୍ଧାର କରି ଥାନାରେ ଅଟକ ରଖି ତଦନ୍ତ ଜାରି ରଖିବା ସହ ଲୋକଙ୍କୁ ବୁଝାସୁଝା କରିଥିଲେ। କାର୍ ଚାଳକ କଳାହାଣ୍ଡି ଜିଲ୍ଲା ପୁଲିସ ବିଭାଗରେ ଡିଏସ୍‌ପି ଭାବେ କାର୍ଯ୍ୟରତ ଥିବା ଜଣାପଡ଼ିଛି। ପରେ କ୍ଷତିପୂରଣ ଦେବାର ପ୍ରତିଶ୍ରୁତି ଦେବା ପରେ ପରିସ୍ଥିତି ସ୍ୱାଭାବିକ ହୋଇଥିଲା। ସଦର ଏସ୍‌ଡିପିଓ ସରୋଜ ଉପାଧ୍ୟାୟଙ୍କ ସମେତ ଦେଓଗାଁ, ତୁଷୁରା ସଇଁନ୍ତଳା ଓ ଟାଉନ ଥାନା ଅଧିକାରୀ ଓ ୨ ପ୍ଲାଟୁନ୍ ଫୋର୍ସ ପରିସ୍ଥିତିକୁ ଆୟତ୍ତ କରିଥିଲେ।

## ଦଇତାପତି ନିଯୋଗ ପାଇଁ ୨.୨୫ କୋଟିର ସ୍ୱତନ୍ତ୍ର ଅର୍ଥରାଶି

ଭୁବନେଶ୍ୱର, ୫।୬(ସମିସ): ଆସନ୍ତା ରଥଯାତ୍ରାକୁ ଶୃଙ୍ଖଳିତ ଭାବେ ପରିଚାଳନା କରିବା ପାଇଁ ଆଇନ ବିଭାଗ ତତ୍ପର ହୋଇଉଠିଛି। ଆସନ୍ତା ରଥଯାତ୍ରାରେ ନୀତିକାନ୍ତିକୁ ଶୃଙ୍ଖଳିତ ଭାବେ ପରିଚାଳନା ପାଇଁ ସରକାର ଦଇତାପତି ନିଯୋଗକୁ ପୁରସ୍କାର ଭାବେ ଅର୍ଥରାଶି ପ୍ରଦାନ କରିବେ। ଏଥିପାଇଁ ମୋଟ ୨କୋଟି ୨୫ ଲକ୍ଷ ଟଙ୍କାର ସ୍ୱତନ୍ତ୍ର ଅର୍ଥରାଶିକୁ ବିଭାଗ ପକ୍ଷରୁ ଅନୁମୋଦନ କରାଯାଇଛି। ବିଭାଗ ପକ୍ଷରୁ ଏନେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କୁ ଚିଠି ଲେଖାଯାଇ ଅବଗତ କରାଯାଇଛି। ଦଇତାପତି ନିଯୋଗକୁ ସ୍ୱତନ୍ତ୍ର ଭାବେ ଏହି ରାଶି ପ୍ରଦାନ କରିବାକୁ ଆଇନ ବିଭାଗ ଅନୁମୋଦନ କରିଛି। ଏନେଇ ପୂର୍ବରୁ ଶ୍ରୀମନ୍ଦିର ପ୍ରସାସନ ପକ୍ଷରୁ ଆଇନ ବିଭାଗକୁ ଚିଠି ଲେଖାଯାଇ ପ୍ରସ୍ତାବ ଦିଆଯାଇଥିଲା। ଏହି ରାଶି ଶ୍ରୀମନ୍ଦିର ପ୍ରଶାସନ ପାଣ୍ଠିରୁ ପ୍ରଦାନ କରାଯାଇପାରିବ ବୋଲି ଚିଠିରେ ଦର୍ଶାଯାଇଛି। ପରେ ସେହି ଅର୍ଥକୁ ରାଜ୍ୟ ସରକାର ଅତିରିକ୍ତ ବଜେଟରେ ଶ୍ରୀମନ୍ଦିର ପ୍ରଶାସନକୁ ପ୍ରଦାନ କରିବେ ବୋଲି ଚିଠିରେ ଉଲ୍ଲେଖ ରହିଛି।

■ ସେଲ୍‌ଫି ହେଲା କାଳ

## ଦେବୀ ନଦୀ ପୋଲରୁ ଖସି ପଡ଼ି ଯୁବକ ନିଖୋଜ



ନାଉଗାଁ,୫।୬(ସମିସ): ସେଲ୍‌ଫି ନେବା ବେଳେ ଦେବୀ ନଦୀକୁ ଖସି ଜଣେ ଯୁବକ ନିଖୋଜ ହୋଇଯାଇଛନ୍ତି। ନିଖୋଜ ଯୁବକ ହେଲେ, ନାଉଗାଁ ଥାନା ଅନ୍ତର୍ଗତ ବଛାଳ ପଞ୍ଚାୟତ ବଛାଳ ଗ୍ରାମର ଟୁକୁନା ଲେଙ୍କାଙ୍କ ପୁଅ ସୂର୍ଯ୍ୟକାନ୍ତ ଲେଙ୍କା। ସୂର୍ଯ୍ୟକାନ୍ତ ଆଜି ଶିଖର ଦେବୀନଦୀ ପୋଲ ଉପରେ ସେଲ୍‌ଫି ଉଠାଉଥିବା ବେଳେ ନଦୀକୁ ଖସି ପଡ଼ିଥିଲେ। ନାଉଗାଁ ଅଗ୍ନିଶମ ବାହିନୀ ଓ ସ୍ଥାନୀୟ ଲୋକ ବହୁ ଖୋଜାଖୋଜି କରିଥିଲେ ହେଁ ତାଙ୍କର ସନ୍ଧାନ ମିଳିନଥିଲା। ଶେଷ ଖବର ଲେଖା ହେବା ବେଳକୁ ଜଗତସିଂହପୁର ଓଡ୍ରାଫ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ଖୋଜାଖୋଜି କରୁଥିବା ଜଣାପଡ଼ିଛି। ଅପରପକ୍ଷେ, ସ୍ଥାନୀୟ ବିଧାୟକ ଅମରେନ୍ଦ୍ର ଦାସ ମଧ୍ୟ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି।

**ରାଜ୍ୟସ୍ତରୀୟ ବିଶ୍ୱ ପରିବେଶ ଦିବସ**

# ଏ ବର୍ଷ ରାଜ୍ୟରେ ଲାଗିବ ୭.୫ କୋଟି ଗଛ

ଭୁବନେଶ୍ୱର,୫।୬(ସମିସ): ଏ ବର୍ଷ ରାଜ୍ୟରେ ୭.୫ କୋଟି ବୃକ୍ଷ ରୋପଣ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି। ଗୁରୁବାର ଭୁବନେଶ୍ୱରସ୍ଥିତ ଓୟୁଏଟି କୃଷି ଶିକ୍ଷା ସଦନ ଠାରେ ଆୟୋଜିତ ରାଜ୍ୟସ୍ତରୀୟ ବିଶ୍ୱ ପରିବେଶ ଦିବସ କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ନିଜ ଅଭିଭାଷଣରେ କହିଥିଲେ ଯେ, ପରିବେଶ ସଂରକ୍ଷଣ ଏବଂ ଜଳବାୟୁ ପରିବର୍ତ୍ତନ ସମ୍ବନ୍ଧରେ ସଚେତନତା ବିସ୍ତାର କରିବା ପାଇଁ ଆଜିର ଦିନଟି ଉତ୍ସର୍ଗୀକୃତ। ପ୍ରଦୂଷିତ ପୃଥିବୀର ଭୟାବହତାକୁ ହୃଦୟଙ୍ଗମ କରି ଅଧିକରୁ ଅଧିକ ସବୁଜ ପରିବେଶ ସୃଷ୍ଟି କରିବା ଏବଂ ପ୍ରକୃତିର ସଂରକ୍ଷଣ କରିବା ଏକାନ୍ତ ଅପରିହାର୍ଯ୍ୟ ହୋଇପଡିଛି। ତେଣୁ ପ୍ଲାଷ୍ଟିକ ବର୍ଜନ ଏକ ଗଣଆନ୍ଦୋଳନ ହେବା ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ସରକାର ସିଙ୍ଗିଲ୍ ୟୁଜ୍ ପ୍ଲାଷ୍ଟିକ ନିଷେଧ ସହ ଏହାର ଦୀର୍ଘସ୍ଥାୟୀ ବିକଳ୍ପକୁ ପ୍ରୋତ୍ସାହନ ଏବଂ ବର୍ଜ୍ୟ ପରିଚାଳନା ପ୍ରଣାଳୀକୁ ସଶକ୍ତ କରିବା ପାଇଁ ସରକାର ସକ୍ରିୟ ପଦକ୍ଷେପ ନେଇଛନ୍ତି।



ସମାଜରେ ପ୍ରକୃତ ପରିବର୍ତ୍ତନ ଆଣିବାକୁ ହେଲେ ଏହା ପ୍ରଥମେ ନିଜ ଓ ନିଜ ପରିବାରଠାରୁ ଆରମ୍ଭ ହେବା ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। 'ଏକ୍ ପେଡ୍ ମା' କେ ନାମ୍' ଅଭିଯାନରେ ରାଜ୍ୟ ସରକାର ପ୍ରାୟ ସାଢ଼େ ୬ କୋଟିରୁ ଅଧିକ ଗଛ ଲଗାଇ ଏହି ଅଭିଯାନକୁ ସଫଳ କରିଛନ୍ତି। ଫଳରେ ରାଜ୍ୟରେ ଜଙ୍ଗଲ ଓ ବୃକ୍ଷ ଆବରଣରେ ପାଖାପାଖି ୫୬୦ ବର୍ଗ କିଲୋମିଟର ନେଟ୍ ବୃଦ୍ଧି ହୋଇଛି। ଯାହା ସମସ୍ତ ରାଜ୍ୟ ମଧ୍ୟରେ ଚତୁର୍ଥ ସର୍ବାଧିକ। ଜନସାଧାରଣ ଓ ଅନୁଷ୍ଠାନ ଗୁଡିକ ପ୍ରାୟ ୨ କୋଟିରୁ ଊର୍ଦ୍ଧ୍ୱ ଚାରା ରୋପଣ କରି ରେକର୍ଡ ସୃଷ୍ଟି କରିଛନ୍ତି। ପରିଶେଷରେ ରାଜ୍ୟରେ ପରିବେଶ ସୁରକ୍ଷା ତଥା ଏହାର ସଂରକ୍ଷଣ କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ କରିଥିବା ବିଭିନ୍ନ ଜିଲ୍ଲାର ୧୮୫ 'ପ୍ରକୃତି ମିତ୍ର' ଏବଂ ୨୧୧ 'ପ୍ରକୃତି ବନ୍ଧୁ' ପୁରସ୍କାର ପ୍ରାପ୍ତ ଅନୁଷ୍ଠାନ ତଥା

### ଏକ ସୁସ୍ଥ ସମାଜ ପାଇଁ ଏକ ସୁସ୍ଥ ପରିବେଶ ଦରକାର: ମୁଖ୍ୟମନ୍ତ୍ରୀ

ବ୍ୟକ୍ତିଙ୍କୁ ମୁଖ୍ୟମନ୍ତ୍ରୀ ଅଭିନନ୍ଦନ ଜଣାଇଛନ୍ତି। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂହ ଖୁଣ୍ଟିଆ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା 'ଏକ ପେଡ୍ ମା' କେ ନାମ୍' କାର୍ଯ୍ୟକ୍ରମରେ କୃଷି ଶିକ୍ଷା ସଦନଠାରେ ବୃକ୍ଷରୋପଣ କରିଥିଲେ। ଏହି ଅବସରରେ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ଆସିଥିବା ଛାତ୍ରଛାତ୍ରୀଙ୍କ ଦ୍ୱାରା ପରିବେଶ ଦିବସ ଉପଲକ୍ଷେ ଏକ ପ୍ରଦର୍ଶନୀ ହୋଇଥିଲା।

# ବିଶ୍ୱ ବାଣିଜ୍ୟ

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୫.୭୫
- ପାଉଣ୍ଡ ୧୧୬.୬୯
- ୟୁରୋ ୯୮.୨୫
- ୟେନ୍ ୦.୬୦


### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୧,୩୦୦ (ନୂଆଦିଲ୍ଲୀ)
- ରୁପା : ୧,୦୪,୧୦୦ (କେଜି)

### ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୧,୪୪୨.୦୦
- ନିଫ୍ଟି ୨୪,୭୫୦.୦୦



### ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



**ଭାରତ-ଆମେରିକା ବାଣିଜ୍ୟ ଚୁକ୍ତି**

## ଭାରତ ଆସିବ ଆମେରିକାର ଉଚ୍ଚସ୍ତରୀୟ କମିଟି



ନୂଆଦିଲ୍ଲୀ, ୫।୬(ଏଜେନ୍ସି): ଭାରତ-ଆମେରିକା ମଧ୍ୟରେ ପ୍ରସ୍ତାବିତ ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ଉପରେ ଆଲୋଚନା ସମ୍ପର୍କରେ ଏକ ବଡ଼ ସୂଚନା ଆସିଛି। ଆମେରିକୀୟ ଅଧିକାରୀଙ୍କ ଏକ ଉଚ୍ଚସ୍ତରୀୟ କମିଟି ଖୁବ୍ ଶୀଘ୍ର ଭାରତ ଗସ୍ତ କରିପାରନ୍ତି, ଯାହା ଦ୍ୱାରା ଜୁଲାଇ ୯ ପୂର୍ବରୁ ଚୁକ୍ତିର ପ୍ରଥମ ପର୍ଯ୍ୟାୟ ଆଲୋଚନା ଚୂଡ଼ାନ୍ତ ହେବ ବୋଲି କୁହାଯାଉଛି। ଆମେରିକା ଏକ ଟିମ୍ ଭାରତ ଆସୁଛି, ଯାହା ଦ୍ୱାରା ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ଉପରେ ଆଲୋଚନା ଶୀଘ୍ର ହୋଇପାରିବ। ଭାରତୀୟ ପକ୍ଷର ନେତୃତ୍ୱ ବାଣିଜ୍ୟ ବିଭାଗର ସ୍ୱତନ୍ତ୍ର ସଚିବ ରାଜେଶ ଅଗ୍ରୱାଲ ନେଉଛନ୍ତି, ଯିଏ କି ସମ୍ପ୍ରତି ୱାଶିଂଟନରେ ୪ ଦିନ ଧରି ଆମେରିକୀୟ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି।

### ଜୁଲାଇ ୯ ପୂର୍ବରୁ ପ୍ରଥମ ପର୍ଯ୍ୟାୟ ଆଲୋଚନା ଚୂଡ଼ାନ୍ତ

କେନ୍ଦ୍ର ବାଣିଜ୍ୟ ମନ୍ତ୍ରୀ ପୀୟୂଷ ଗୋୟଲ ଆମେରିକା ଗସ୍ତ ସମୟରେ ଦୁଇଥର ଆମେରିକୀୟ ବାଣିଜ୍ୟ ସଚିବ ହାୱାର୍ଡ ଲୁଟନିକଙ୍କୁ ମଧ୍ୟ ଭେଟିଛନ୍ତି। ସୂଚନାଯୋଗ୍ୟ ଯେ, ଆମେରିକା ଏପ୍ରିଲ ୨ ରେ ଭାରତ ଉପରେ ୨୬% ପାରସ୍ପରିକ ଶୁଳ୍କ ଲାଗୁ କରିଥିଲା, କିନ୍ତୁ ଏହାକୁ ୯୦ ଦିନ ପାଇଁ ସ୍ଥଗିତ ରଖାଯାଇଛି। ଏହି ସ୍ଥଗିତାଦେଶ ଜୁଲାଇ ୯ ରେ ଶେଷ ହେଉଛି - ଏହା ପୂର୍ବରୁ ଉଭୟ ଦେଶ ଏକ ମଧ୍ୟବର୍ତ୍ତୀକାଳୀନ ଚୁକ୍ତି ଆଲୋଚନା ଉପରେ ପହଞ୍ଚିବାକୁ ଚେଷ୍ଟା କରୁଛନ୍ତି। ଭାରତ ଦାବି କରୁଛି ଯେ ୨୬% ପାରସ୍ପରିକ ଶୁଳ୍କକୁ ସମ୍ପୂର୍ଣ୍ଣ ଭାବରେ ହଟାଯାଉ, ଯେତେବେଳେ କି ଆମେରିକା ପୂର୍ବରୁ ୧୦% ମୂଳ ଶୁଳ୍କ ଲାଗୁ କରୁଛି। ଆମେରିକା ଲଗାତାର ଚତୁର୍ଥ ବର୍ଷ ପାଇଁ ଭାରତର ସର୍ବବୃହତ ବାଣିଜ୍ୟିକ ଅଂଶୀଦାର ହୋଇଛି। କିନ୍ତୁ ଭାରତ ସହିତ ବଢ଼ୁଥିବା ବାଣିଜ୍ୟ ନିଅଣ୍ଟକୁ ନେଇ ଆମେରିକା ଚିନ୍ତା ପ୍ରକଟ କରିଛି। ଉଭୟ ଦେଶ ୨୦୩୦ ସୁଦ୍ଧା ଦ୍ୱିପାକ୍ଷିକ ବାଣିଜ୍ୟକୁ ୫୦୦ ବିଲିୟନ ଡଲାରକୁ ନେବାକୁ ଚାହୁଁଛନ୍ତି। ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ଏହି ଦିଗରେ ପ୍ରଥମ କଠିନ ପଦକ୍ଷେପ ହୋଇପାରେ, ଯାହା ୨୦୨୫ (ସେପ୍ଟେମ୍ବର-ଅକ୍ଟୋବର) ସୁଦ୍ଧା ପର୍ଯ୍ୟାୟ ୧ରେ ସମାପ୍ତ ହୋଇପାରିବ। ସାମଗ୍ରିକ ଭାବରେ ଭାରତ ଏବଂ ଆମେରିକା ଏବେ ଏକ ମଧ୍ୟବର୍ତ୍ତୀକାଳୀନ ବାଣିଜ୍ୟ ଚୁକ୍ତି ପାଇଁ ଆଲୋଚନାର ଶେଷ ପର୍ଯ୍ୟାୟ ଆଡକୁ ଅଗ୍ରସର ହେଉଛନ୍ତି। ଜୁଲାଇ ୯ ପୂର୍ବରୁ ପାରସ୍ପରିକ ଶୁଳ୍କ ହଟାଇବା ଏବଂ ବାଣିଜ୍ୟ ପ୍ରକ୍ରିୟାକୁ ସହଜ କରିବା ସମ୍ପର୍କରେ ଏକ ଦୃଢ଼ ଘୋଷଣା ଆଶା କରାଯାଉଛି। ଏହା ଆମେରିକା ପାଇଁ ଭାରତ ସହିତ ବାଣିଜ୍ୟ ବିସ୍ତାର କରିବା ପାଇଁ ଏକ ରଣନୈତିକ ସୁଯୋଗ ହୋଇପାରେ, ଯେତେବେଳେ କି ଭାରତ ପାଇଁ ଏହା ରପ୍ତାନି ବୃଦ୍ଧି ଏବଂ ବାଣିଜ୍ୟ ଅସନ୍ତୁଳନ ହ୍ରାସ କରିବାର ଏକ ସୁଯୋଗ।

## ଆଜିଠୁ 'ଉତ୍କଳ ଗ୍ରାଣ୍ଡ ପ୍ରପର୍ଟି ସେଲ୍ କାର୍ଣ୍ଣିଭାଲ୍'

ଭୁବନେଶ୍ୱର,୫।୬(ସିମସ): ୩୫ ବର୍ଷର ଅଟଳ ବିଶ୍ୱାସ, ଅଗ୍ରଣୀ ପ୍ରକଳ୍ପ ଏବଂ ସ୍ଥାପତ୍ୟ ଉତ୍କର୍ଷତା ପାଳନ ଅବସରରେ ଉତ୍କଳ ବିଲ୍ଡର୍ସ ଜୁନ୍ ୬ ରୁ ୮ ପର୍ଯ୍ୟନ୍ତ ଭୁବନେଶ୍ୱରସ୍ଥିତ ହୋଟେଲ ଲାଇଫ୍‌ରେ ଉତ୍କଳ ଗ୍ରାଣ୍ଡ ପ୍ରପର୍ଟି ସେଲ୍ କାର୍ଣ୍ଣିଭାଲ ଆରମ୍ଭ କରିଛି। ଏହି ତିନିଦିନିଆ କାର୍ଯ୍ୟକ୍ରମ 'ଉତ୍କଳ'ର ଯାତ୍ରାର ଭିନ୍ନ ଏକ ମାଇଲଖୁଣ୍ଟ, ଯାହା- ପ୍ରଥମଥର ପାଇଁ ପ୍ରିମିୟମ୍ ଆବାସିକ ଆପାର୍ଟମେଣ୍ଟ, ଉଚ୍ଚ ସମ୍ଭାବନା ଥିବା ବାଣିଜ୍ୟିକ କାର୍ଯ୍ୟାଳୟ ଏବଂ ଦୋକାନ ଗୃହକୁ ଗୋଟିଏ ଛାତ ତଳେ ଏକତ୍ରିତ କରିବ। ଆଗ୍ରହୀ ଗ୍ରାହକମାନେ ସ୍ୱତନ୍ତ୍ର ସ୍ପଟ୍ ଅଫର୍, ଆଶ୍ଚର୍ଯ୍ୟଜନକ ଉପହାର ଓ ଆକର୍ଷଣୀୟ ସୁବିଧା ନେଇ ଓଡିଶାର ସବୁଠାରୁ ସମ୍ମିତ ଡେଭଲପର ଦ୍ୱାରା ପ୍ରସ୍ତୁତ ସମିତିର ମାଲିକ ହୋଇପାରିବେ।

**ଉତ୍କଳ ବିଲ୍ଡର୍ସର ୩୫ତମ ଗୌରବମୟ ବର୍ଷ**




"ଗତ ସାଢ଼େ ତିନି ଦଶନ୍ଧି ଧରି ଉତ୍କଳ ତାର ଗୁଣବତ୍ତା, ସ୍ଥିରତା, ବିଶ୍ୱସନୀୟତା ପାଇଁ ଗ୍ରାହକ ମହଲରେ ପ୍ରସିଦ୍ଧି ଲାଭ କରିଛି। ଏହି ଅବସରରେ ଉତ୍କଳ ବିଲ୍ଡର୍ସର ପରିଚାଳନା ନିର୍ଦ୍ଦେଶକ ଶରଦ ବୈଦ କୁହନ୍ତି, ଏହି କାର୍ଣ୍ଣିଭାଲ୍ ସେହି ଅତୁଟ ବିଶ୍ୱାସ ପ୍ରତି ଉତ୍ସର୍ଗୀକୃତ ଏବଂ ଭବିଷ୍ୟତ ପାଇଁ ଏକ ନିମନ୍ତ୍ରଣ।" ଭୁବନେଶ୍ୱରରେ ଉତ୍କଳ ଦ୍ୱାର ପ୍ରସ୍ତୁତ ଅନେକ ଗୁଡିଏ ଆବାସିକ ଏବଂ ବାଣିଜ୍ୟିକ ପ୍ରକଳ୍ପ ବର୍ତ୍ତମାନ ସମାପ୍ତ ହୋଇ ଉପଭୋକ୍ତାମାନଙ୍କୁ ପ୍ରଦାନ କରାଯିବ। ଆମେ ଉପଭୋକ୍ତାମାନଙ୍କ ପାଇଁ ଏକ ବିଶ୍ୱସନୀୟ ଏବଂ ବିରଳ ୱିଣ୍ଡୋ ସୃଷ୍ଟି କରିବା ପାଇଁ ସଫଳ ହୋଇପାରିଛୁ ବୋଲି କମ୍ପାନୀର ଅନ୍ୟତମ ନିର୍ଦ୍ଦେଶକ ଅମିତ ବୈଦ କହିଛନ୍ତି। ଘୋଷଣା ପରଠାରୁ ଚମତ୍କାର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ଏହା ପ୍ରକୃତରେ ଆଗରୁ କେବେ ଦେଖାଯାଇନି। ଏହା ଉପଭୋକ୍ତାମାନଙ୍କ ପାଇଁ ନିବେଶର ପ୍ରକୃଷ୍ଟ ସମୟ। ଏହି ଅବସରରେ ଉତ୍କଳ ବିଲ୍ଡର ପକ୍ଷରୁ ୨୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ରିଆତି ସୁଯୋଗ ରହିଛି।

## ଟିପିସିଓଡିଏଲ୍ ମେଗା 'ବିଲ୍ ପେ ଆଣ୍ଡ ୱିନ୍'କାର୍ଯ୍ୟକ୍ରମ

ଭୁବନେଶ୍ୱର,୫।୬ମ(ସମିସ): ଟାଟା ପାୱାର ଓ ଓଡ଼ିଶା ସରକାରଙ୍କ ଏକ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ୍ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ଭୁବନେଶ୍ୱରର ଏମ୍‌ଡିସି ଅଡିଟୋରିୟମ୍‌ରେ ମେଗା 'ବିଲ୍ ପେ ଆଣ୍ଡ ୱିନ୍' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ନିୟମିତ ଭାବେ ସଠିକ୍ ସମୟରେ ଏବଂ ଅନଲାଇନ୍ ମାଧ୍ୟମରେ ନିଜର ବିଦ୍ୟୁତ ବିଲ୍ ପଇଠ କରୁଥିବା ଗ୍ରାହକମାନଙ୍କୁ ରିୱାର୍ଡ ପ୍ରଦାନ କରାଯାଇଛି। ଏକ ଡ୍ର' ଜରିଆରେ ଭୁବନେଶ୍ୱର ସର୍କଲ୍‌ରୁ ୮୦ ଜଣ ଭାଗ୍ୟଶାଳୀ ଉପଭୋକ୍ତାଙ୍କୁ ଚୟନ କରାଯାଇଥିଲା ଏବଂ ସେମାନଙ୍କୁ ମୋବାଇଲ୍ ଓ ଅନ୍ୟାନ୍ୟ ଆକର୍ଷଣୀୟ ଉପହାର ଦିଆଯାଇଥିଲା। ୨୦୨୪-୨୫ ଆର୍ଥିକ ବର୍ଷର 'ବିଲ୍ ପେ ଆଣ୍ଡ ୱିନ୍' ସ୍କିମ୍ ଅଧୀନରେ ସମଗ୍ର ଟିପିସିଓଡିଏଲ୍ ସର୍କଲ୍‌ରେ ୯ ଜଣ ଭାଗ୍ୟଶାଳୀ ବିଜେତାଙ୍କୁ ମେଗା ପୁରସ୍କାର ଭାବେ ଆଇଫୋନ୍ ପ୍ରଦାନ କରାଯାଇଥିଲା। ଏହି ସ୍କିମ୍‌ରେ ଶୂନ ବକେୟା ରଖୁଥିବା ଏବଂ ଟିପିସିଓଡିଏଲ୍‌ର ଅନ୍‌ଲାଇନ୍ ପ୍ଲାଟଫର୍ମକୁ ବ୍ୟବହାର କରି ଧାର୍ଯ୍ୟ ତାରିଖ ଭିତରେ ନିଜର ବିଦ୍ୟୁତ୍ ବିଲ୍ ପଇଠ କରୁଥିବା ଉପଭୋକ୍ତାମାନଙ୍କୁ ପ୍ରୋତ୍ସାହନ ପ୍ରଦାନ କରାଯାଉଥିବା ଟିପିସିଓଡିଏଲ୍‌ର ସିଇଓ ଅରଭିନ୍ଦ୍ ସିଂହ କହିଛନ୍ତି।

## ରାଜଧାନୀରେ ଓବେନ୍ ଇଲେକ୍ଟ୍ରି ବାଇକ୍‌ର ନୂଆ ଶୋ'ରୁମ୍

ଭୁବନେଶ୍ୱର, ୫।୬(ସିମସ): ଘରୋଇ ଇଲେକ୍ଟ୍ରିକ୍ ବାଇକ୍ ନିର୍ମାତା ଓବେନ୍ ଇଲେକ୍ଟ୍ରିକ୍ ଭୁବନେଶ୍ୱରରେ ଏହାର ଶୋ'ରୁମ୍ ଏବଂ ସର୍ଭିସ୍ ସେଣ୍ଟର୍‌ର ଉନ୍ମୋଚନ ସହ ପୂର୍ବ ଭାରତରେ ନିଜର ଉପସ୍ଥିତି ଜାହିର କରିଛି। ଓବେନ୍ ଇଲେକ୍ଟ୍ରିକ୍ ଏହାର ସମ୍ପ୍ରସାରଣ ଯୋଜନାରେ ଭାରତର ୨୬ଟି ସହରରେ ୩୭ଟି ଶୋ'ରୁମ୍ ଖୋଲିଛି। ବର୍ଷ ଶେଷ ସୁଦ୍ଧା ଦେଶରେ ୧୦୦ରୁ ଅଧିକ ଶୋ'ରୁମ୍ ଏବଂ ସେବା କେନ୍ଦ୍ର ପ୍ରତିଷ୍ଠା କରିବା ପାଇଁ କମ୍ପାନୀର ଲକ୍ଷ୍ୟ ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ।



ଏହି ନୂତନ ଶୋ'ରୁମ୍‌ର ମୁଖ୍ୟ ଆକର୍ଷଣ ହେଉଛି ଏକ ଉଚ୍ଚ-କ୍ଷମତା ସମ୍ପନ୍ନ ଇଲେକ୍ଟ୍ରିକ୍‌ବାଇକ୍ ଓବେନ୍ ରୋର ଇଜେଡ୍ ଯାହା ଏକ ଶକ୍ତିଶାଳୀ, ନିର୍ଭରଯୋଗ୍ୟ ଏବଂ ସ୍ଥାୟୀ ସହର ଯାତାୟାତ ଅଭିଜ୍ଞତା ପ୍ରଦାନ କରେ। ସମ୍ପୂର୍ଣ୍ଣ ଭାରତରେ ଡିଜାଇନ୍ ଏବଂ ନିର୍ମିତ, ରୋର ଇଜେଡ୍ ତିନୋଟି ବ୍ୟାଟେରୀ ପ୍ରକାରରେ ଉପଲବ୍ଧ –୨.୬ କେଡବ୍ଲ୍ୟୁଏଚ୍, ୩.୪ କେଡବ୍ଲ୍ୟୁଏଚ୍ ଏବଂ ୪.୪ କେଡବ୍ଲ୍ୟୁଏଚ୍ ଏବଂ ଉଚ୍ଚ ପ୍ରଦର୍ଶନ ସମ୍ପନ୍ନ ଏଲଏଫପି (ଲିଥିୟମ୍ ଆଇରନ୍ ଫସଫେଟ୍) ବ୍ୟାଟେରୀ ପ୍ରଯୁକ୍ତିବିଦ୍ୟା ସହିତ ସଜ୍ଜିତ ଯାହା ୫୦% ଅଧିକ ଉତ୍ତାପ ପ୍ରତିରୋଧ ଏବଂ ୨ଗୁଣା ବ୍ୟାଟେରୀ ଜୀବନକାଳ ସୁନିଶ୍ଚିତ କରେ। ରୋର ଇଜେଡ୍ ୯୯,୯୯୯ ଟଙ୍କା(ଏକ୍ସ-ଶୋରୁମ୍) ର ପ୍ରାରମ୍ଭିକ ମୂଲ୍ୟରେ ଏବଂ ମାତ୍ର ୭,୯୯୯ ଟଙ୍କାର ସହଜ ଡାଉନ୍ ପେମେଣ୍ଟ ସହିତ ଉପଲବ୍ଧ। ଭୁବନେଶ୍ୱରସ୍ଥିତ ଶୋ'ରୁମରେ ପ୍ରଥମ ମାସ ମଧ୍ୟରେ ଓବେନ୍ ରୋର ଇଜେଡ୍ କ୍ରୟ କରୁଥିବା ଗ୍ରାହକମାନେ ଏକ ସ୍ୱତନ୍ତ୍ର ଲଞ୍ଚ ଅଫରର ଅଂଶ ସ୍ୱରୂପ ଏକ ମାଗଣା ସ୍ୱର୍ଣ୍ଣ ମୁଦ୍ରା ପାଇବେ ବୋଲି ଓବେନ୍ ଇଲେକ୍ଟ୍ରିକ୍‌ର ପ୍ରତିଷ୍ଠାତା ଏବଂ ସିଇଓ ମଧୁମିତା ଅଗ୍ରୱାଲ୍ କହିଛନ୍ତି।

## ସାତ୍ତ୍ୱିକ ସୋଲାର ପକ୍ଷରୁ ଓଡ଼ିଶାରେ ସୋଲାର୍ ସେଲ୍, ମଡ୍ୟୁଲ୍ ପ୍ଲାଣ୍ଟର ଶିଳାନ୍ୟାସ

ଭୁବନେଶ୍ୱର,୫।୬(ସିମସ): ସାତ୍ତ୍ୱିକ ଗ୍ରୀନ୍ ଏନର୍ଜି ଲିମିଟେଡ୍ (ଏସ୍‌ଜିଇଏଲ୍)ର ସମ୍ପୂର୍ଣ୍ଣ ସହାୟକ ସଂସ୍ଥା ସାତ୍ତ୍ୱିକ ସୋଲାର ଇଣ୍ଡଷ୍ଟ୍ରିଜ୍ ପ୍ରାଇଭେଟ୍ ଲିମିଟେଡ୍ (ଏସ୍‌ଏସ୍‌ଆଇଓପିଏଲ୍) ପକ୍ଷରୁ ଓଡ଼ିଶାର ଗଞ୍ଜାମ ଜିଲ୍ଲାର ଗୋପାଳପୁରରେ ଥିବା ଟାଟା ଷ୍ଟିଲ୍ ସ୍ପେସିଆଲ୍ ଇକୋନମିକ୍ ଜୋନ୍ ଲିମିଟେଡ୍‌ର (ଟିଏସ୍‌ଏସ୍‌ଇଜେଡ୍‌ଏଲ୍) ଗୋପାଳପୁର ଶିଳ୍ପ ପାର୍କରେ ୫୭ ଏକର ଜମିରେ ୪.୦୦ ଗିଗାୱାଟ୍ ସୋଲାର ପିଭି ମଡ୍ୟୁଲ୍ ଉତ୍ପାଦନ କାରଖାନାର ଶିଳାନ୍ୟାସ କରାଯାଇଛି। ଏସ୍‌ଜିଇଏଲ୍‌ର ସମ୍ପୂର୍ଣ୍ଣ ସହାୟକ କମ୍ପାନି ଏସ୍‌ଏସ୍‌ଆଇପିଏଲ୍ ଅଧୀନରେ ଯୋଜନା କରାଯାଇଥିବା ଏହି ପ୍ରକଳ୍ପ ଏସ୍‌ଜିଇଏଲ୍‌ର ସମ୍ପ୍ରସାରଣ ରଣନୀତିରେ ଏକ ଗୁରୁତ୍ୱପୂର୍ଣ୍ଣ କେନ୍ଦ୍ର ଭାବେ ଉଭା ହେବ। ଓଡ଼ିଶାରେ ଏକ ୪.୮୦ ଗିଗାୱାଟ୍‌ର ସମନ୍ୱିତ ସେଲ୍ ଓ ୪.୦୦ ଗିଗାୱାଟ୍‌ର ମଡ୍ୟୁଲ୍ ଉତ୍ପାଦନ କାରଖାନା ସ୍ଥାପନ କରିବାର ଅଗ୍ରଣୀ ପର୍ଯ୍ୟାୟରେ ଆମେ ରହିଛୁ ଯାହା ଯଥାକ୍ରମେ ୨୦୨୭ ଆର୍ଥିକ ବର୍ଷ ଓ ୨୦୨୬ ଆର୍ଥିକ ବର୍ଷରେ କାର୍ଯ୍ୟକ୍ଷମ ହେବ ବୋଲି ଆଶା କରାଯାଉଛି। ଆମେ ଅମ୍ବାଲାରେ ଥିବା ଆମ ମଡ୍ୟୁଲ୍ ଉତ୍ପାଦନ କାରଖାନରେ ୧.୦୦ ଗିଗାୱାଟ୍ କ୍ଷମତା ଯୋଗ କରିବା ପ୍ରକ୍ରିୟାରେ ରହିଛୁ ଯାହା ୨୦୨୬ ଆର୍ଥିକ ବର୍ଷର ପ୍ରଥମ ତ୍ରୈମାସିକରେ କାର୍ଯ୍ୟକ୍ଷମ ହେବା ଆଶା କରାଯାଉଛି। କ୍ଷମତାରେ ଏହି ସମ୍ପ୍ରସାରଣ ପରେ ଉଭୟ ଅମ୍ବାଲା ଓ ଓଡ଼ିଶାରେ ଆମର କ୍ଷମତା ୪.୮୦ ଗିଗାୱାଟ୍ ସେଲ୍ ଓ ୪.୮୦ ଗିଗାୱାଟ୍‌ର ଉଭୟ ସେଲ୍ ଓ ମଡ୍ୟୁଲ୍ ଉତ୍ପାଦନକୁ ବୃଦ୍ଧି ପାଇବ ବୋଲି ଆମେ ଆଶା କରୁଛୁ ବୋଲି ଏସ୍‌ଜିଇଏଲ୍‌ର ସିଇଓ ପ୍ରଶାନ୍ତ ମାଥୁର କହିଛନ୍ତି।

# ବେଙ୍ଗାଲୁରୁ ଦଳାଚକଟା | ପୁଲିସ କମିସନରର ସସ୍‌ପେଣ୍ଡ, ଗିରଫ ହେବେ ଆୟୋଜକ

■ ଏସିପି, ଡିସିପି ମଧ୍ୟ ସସ୍‌ପେଣ୍ଡ
■ ରିପୋର୍ଟ ମାଗିଲେ ହାଇକୋର୍ଟ

ବେଙ୍ଗାଲୁରୁ, ୫।୬ (ଏଜେନ୍ସି): ଆରସିବିର ଆଇପିଏଲ୍ ବିଜୟ ଉତ୍ସବ ପାଳନ ବେଳେ ବେଙ୍ଗାଲୁରୁ ଷ୍ଟାଡିୟମରେ ହୋଇଥିବା ଦଳାଚକଟା ପାଇଁ ଦାୟୀ କିଏ? କେଉଁ ପରିସ୍ଥିତିରେ ଏଭଳି ଅଘଟଣ ଘଟିଲା? ଏହାକୁ ରୋକି ହୋଇ ପାରିଥାଆନ୍ତା କି? ଏଭଳି ପ୍ରଶ୍ନକୁ ନେଇ ଛାନଭିନ ଆରମ୍ଭ ହୋଇଥିବା ବେଳେ ରାଜ୍ୟ ସରକାର ଆଜି ବେଙ୍ଗାଲୁରୁ ପୁଲିସ କମିସନର, ଡିସିପି ଏବଂ ଏସିପିଙ୍କ ସମେତ ଅନ୍ୟ କେତେକ ପୁଲିସ ଅଧିକାରୀଙ୍କୁ ସସପେଣ୍ଡ କରିଛନ୍ତି। ଏହି ସୂଚନା ଦେଇ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା କହିଛନ୍ତି, ଦଳାଚକଟା ପାଇଁ ଦାୟୀ ଆରସିବି (ରୟାଲ ଚାଲେଞ୍ଜର୍ସ ବେଙ୍ଗାଲୁରୁ), କର୍ଣ୍ଣାଟକ କ୍ରିକେଟ ଆସୋସିଏସନ ଏବଂ ଉତ୍ସବ ଆୟୋଜନର ଦାୟିତ୍ୱ ନେଇଥିବା ଡିଏନ୍ଏ ଏଣ୍ଟରଟେନମେଣ୍ଟର କର୍ମକର୍ତ୍ତାଙ୍କୁ ଗିରଫ କରାଯିବ। ଏହି ଘଟଣାର ତଦନ୍ତ ଦାୟିତ୍ୱ ସିଆଇଡିକୁ ଦିଆଯାଇଥିବା ସେ କହିଛନ୍ତି।

ଏହାପୂର୍ବରୁ ଆଜି ଆଇପିଏଲ୍ ଟ୍ରଫି ବିଜେତା ଆରସିବି ବିରୋଧରେ ଏଫଆଇଆର ଦାଖଲ କରିଥିଲା ବେଙ୍ଗାଲୁରୁ ପୁଲିସ। ଆରସିବି ସହିତ କର୍ଣ୍ଣାଟକ କ୍ରିକେଟ ଆସୋସିଏସନ୍ ଏବଂ ଉତ୍ସବର ଆୟୋଜନ ଦାୟିତ୍ୱ ନେଇଥିବା ଡିଏନ୍ଏ ଏଣ୍ଟରଟେନମେଣ୍ଟ ବିରୋଧରେ ମଧ୍ୟ ଏଫ୍ଆଇଆର ଦାଖଲ ହୋଇଛି। ଭାରତୀୟ ନ୍ୟାୟସଂହିତାର ୫ଟି ଦଫାରେ ଏହି ମାମଲା ରୁଜୁ ହୋଇଛି। ମାମଲାର ତଦନ୍ତ ଦାୟିତ୍ୱ ନେଇଥିବା ଜିଲ୍ଲା ମାଜିଷ୍ଟ୍ରେଟ୍ କହିଛନ୍ତି ଯେ କର୍ଣ୍ଣାଟକ କ୍ରିକେଟ ଆସୋସିଏସନ୍, ଆରସିବି ଏବଂ ବେଙ୍ଗାଲୁରୁ ମେଟ୍ରୋକୁ ମଧ୍ୟ ନୋଟିସ ଜାରି କରାଯିବ। କୁହାଯାଉଛି ଯେ ଉତ୍ସବ ପୂର୍ବରୁ ଆରସିବିର କେତେକ ଅଧିକାରୀ ସାମାଜିକ ଗଣମାଧ୍ୟମରେ ଯେଉଁ ସୂଚନା ଦେଇଥିଲେ ତାହା ହେଉଛି ଦଳାଚକଟାର ଅନ୍ୟତମ କାରଣ। ଏଥିରେ ସୂଚନା ଦିଆଯାଇଥିଲା ଯେ ଚିନ୍ନାସ୍ୱାମୀ ଷ୍ଟାଡିୟମରେ ସାଧାରଣ ବିଜୟ ଉତ୍ସବ ପାଳନ କରାଯିବ ଏବଂ ଷ୍ଟାଡିୟମରେ ପ୍ରବେଶକୁ ଶୁଳ୍କ ମୁକ୍ତ କରାଯାଇଛି। ଏହି ସୂଚନା ପାଇବା ପରେ ଲୋକଙ୍କ ଭିଡ଼ ଅସମ୍ଭାଳ ହୋଇପଡ଼ିଥିଲା। ଯେଉଁଥିପାଇଁ ଦଳାଚକଟା ହୋଇ ୧୧ ଜଣ ପ୍ରାଣ ହରାଇଥିଲେ ଏବଂ ୫୦ରୁ ଅଧିକ ଆହତ ହୋଇଥିଲେ। ସାମାଜିକ ଗଣମାଧ୍ୟମରେ ଏଭଳି ସୂଚନା ଦେଇଥିବା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ପୁଲିସ ପକ୍ଷରୁ କୁହାଯାଇଛି।

ଇତିମଧ୍ୟରେ କର୍ଣ୍ଣାଟକ ହାଇକୋର୍ଟ ମାମଲାରେ ହସ୍ତକ୍ଷେପ କରିବା ସହିତ ସରକାରଙ୍କ ଠାରୁ ରିପୋର୍ଟ ତଲବ କରିଛନ୍ତି। ଆସନ୍ତା ଜୁନ୍ ୧୦ ତାରିଖ ସୁଦ୍ଧା ରିପୋର୍ଟ ଦାଖଲ କରିବାକୁ କୁହାଯାଇଛି। ଆଜି ମାମଲାର ଶୁଣାଣି ବେଳେ ଆଡଭୋକେଟ ଜେନେରାଲ ଆରସିବି ଅଧିକାରୀଙ୍କୁ ଦୋଷ ଦେଇ କହିଲେ ଯେ ତାଙ୍କର ସୋସିଆଲ ମିଡିଆ ପୋଷ୍ଟ ଯୋଗୁଁ ଦଳାଚକଟା ହୋଇଛି। ଯେଉଁମାନେ ଦୋଷୀ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ। ସେ କହିଲେ ଯେ ଆଉ କେଉଁ କାରଣ ପାଇଁ ଏଭଳି ଦୁଃଖଦ ଘଟଣା ଘଟିଲା, ତାହାର ଯାଞ୍ଚ କରାଯିବ। ଭବିଷ୍ୟତରେ ଯେମିତି ଏହାର ପୁନରାବୃତ୍ତି ନହୁଏ ସେଥିଲାଗି ଉଦ୍ୟମ କରାଯିବ।

ତେବେ ଗତକାଲିର ଅଘଟଣକୁ ନେଇ ଦୋଷ ଲଦାଲଦି ଜାରି ରହିଛି। ସରକାର ଏଥିପାଇଁ ଆରସିବି ଏବଂ କ୍ରିକେଟ ଆସୋସିଏସନକୁ ଦାୟୀ କରିଛନ୍ତି। ଅନ୍ୟପକ୍ଷରେ ମିଳିଥିବା ସୂଚନା ଅନୁଯାୟୀ ରାଜ୍ୟ ପୁଲିସ ପ୍ରଶାସନ ସରକାରଙ୍କ ଆଡ଼କୁ ଦୋଷ ଠେଲିବାକୁ ଚେଷ୍ଟା କରିଛି। ଜଣେ ପୁଲିସ ଅଧିକାରୀ କହିଛନ୍ତି ଯେ ଏହି ବିଜୟ ଉତ୍ସବ ରବିବାର ପାଳନ କରିବା ଲାଗି ପୁଲିସ ପକ୍ଷରୁ କୁହାଯାଇଥିଲା। କିନ୍ତୁ ସରକାର ପୁଲିସ କଥା ନଶୁଣି ଉତ୍ସବ ପାଇଁ ଅନୁମତି ଦେଇଦେଲେ। ଅନ୍ୟପକ୍ଷରେ ଅଘଟଣ ପାଇଁ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କୁ ଦାୟୀ କରିଛି ବିଜେପି। ମୁଖ୍ୟମନ୍ତ୍ରୀଙ୍କୁ ଗିରଫ କରାଯାଉ ବୋଲି ଦଳ ଦାବି କରିଛି।

ଗତକାଲିର ଏହି ଦୁଃଖଦ ଘଟଣା ନେଇ ଆରସିବି ଶୋକ ପ୍ରକାଶ କରିବା ସହିତ ମୃତ ବ୍ୟକ୍ତିଙ୍କ ପରିବାରକୁ ୧୦ ଲକ୍ଷ ଟଙ୍କା ଲେଖାଏଁ ଆର୍ଥିକ ସହାୟତା ଦେବାକୁ ଘୋଷଣା କରିଛି।



## ଗାଜା ଅସ୍ତ୍ରବିରତିରେ ଆମେରିକାର ଭିଟୋ

ୱାଶିଂଟନ, ୫।୬(ଏଜେନ୍ସି): ଆମେରିକା ଜାତିସଂଘ ସୁରକ୍ଷା ପରିଷଦ (ୟୁଏନ୍ଏସ୍‌ସି)ରେ ଗାଜାରେ ଅସ୍ତ୍ରବିରତି ଲାଗୁ କରିବା ନେଇ ଆଗତ ହୋଇଥିବା ପ୍ରସ୍ତାବ ଉପରେ ଭିଟୋ ଲଗାଇଛି। ୟୁଏନ୍ଏସ୍‌ସିରେ ବୁଧବାର ଏନେଇ ମତଦାନ ହୋଇଥିଲା। ଏଥିରେ ୧୫ଟି ଦେଶରୁ ୧୪ଟି ଦେଶ ଗାଜାରେ ଅସ୍ତ୍ରବିରତି ପକ୍ଷରେ ମତ ଦେଇଥିଲେ। ଏକମାତ୍ର ଦେଶ ଭାବେ ଆମେରିକାର ଏହି ପ୍ରସ୍ତାବି ବିରୋଧରେ ଭୋଟ୍ ଦେଇଥିଲା। ଏହି ପ୍ରସ୍ତାବରେ ସବୁ ବନ୍ଦୀମାନଙ୍କୁ ମୁକ୍ତି କରିବା ଓ ମାନବୀୟ ସହାୟତା ନେଇ ଲାଗୁ ହୋଇଥିବା ସବୁପ୍ରକାର ପ୍ରତିବନ୍ଧକକୁ ହଟାଇବା ନେଇ ଦାବି କରାଯାଇଥିଲା। କିନ୍ତୁ ଆମେରିକା ଏହି ପ୍ରସ୍ତାବ ବିରୋଧରେ ଖୋଲାଖୋଲି ମତ ଦେଇଥିଲା। ଏହାକୁ ରୋକିବା ପାଇଁ ଆମେରିକା ତା'ର ଭିଟୋ କ୍ଷମତାର ବ୍ୟବହାର କରିଥିଲା। ଏହି ପ୍ରସ୍ତାବ ଅସ୍ତ୍ରବିରତି ନେଇ ଚାଲିଥିବା 'କୂଟନୈତିକ ପ୍ରୟାସ'କୁ ଦୁର୍ବଳ କରିବ ବୋଲି ଆମେରିକାର ରାଜଦୂତ ଡୋରୋଥି ଶିଆ କହିଛନ୍ତି। ସୁରକ୍ଷା ପରିଷଦରେ ୧୦ଟି ଦେଶ ଯଥା, ଆଲଜେରିଆ, ଡେନମାର୍କ, ଗ୍ରୀସ୍, ଗୁଏନା, ପାକିସ୍ତାନ, ପାନାମା, କୋରିଆ ଗଣରାଜ୍ୟ, ସିଏରା ଲିଓନ, ସ୍ଲୋଭେନିଆ ଓ ସୋମାଲିଆ ଏହି ପ୍ରସ୍ତାବକୁ ପ୍ରସ୍ତୁତ୍ କରିଥିଲେ। ଏହାକୁ ବ୍ରିଟେନ, ଫ୍ରାନ୍ସ, ରୁଷ ଓ ଚୀନ୍ ଭଳି ବିକଶିତ ଦେଶ ସମର୍ଥନ କରିଥିଲେ। ଏନେଇ ମତଦାନ ଆରମ୍ଭ ହେବା ପୂର୍ବରୁ ଆମେରିକା ଏହ ପ୍ରସ୍ତାବକୁ ସମର୍ଥନ କରୁନାହିଁ ଓ ନିଜକୁ ରକ୍ଷା କରିବାକୁ ଇସ୍ରାଏଲ୍‌ର ପୂରା ଅଧିକାର ରହିଛି ବୋଲି ଆମେରିକାର କାର୍ଯ୍ୟକାରୀ ରାଜଦୂତ ଡୋରେଥି ଶିଆ ସ୍ପଷ୍ଟ କରିଥିଲେ। ଉଲ୍ଲେଖଥାଉ କି, ଇସ୍ରାଏଲ୍ ଓ ହମାସ ମଧ୍ୟ ଚାଲିଥିବା ଏହି ଯୁଦ୍ଧରେ ଏପର୍ଯ୍ୟନ୍ତ ୫୫ ହଜାର ପାଲେଷ୍ଟାଇନ୍ ନାଗରିକ ପ୍ରାଣ ହରାଇଛନ୍ତି। ୨୦୨୩ ଅକ୍ଟୋବର ୭ରେ ଇସ୍ରାଏଲ୍‌ରେ ହମାସର ଆକ୍ରମଣ ପରେ ଏହି ସଂଘର୍ଷ ଚାଲୁରହିଛି।

## ପାକିସ୍ତାନରେ ଅହମ୍ମଦିଆଙ୍କୁ ଇଦ୍ ପାଳନ ମନା

ଇସ୍ଲାମାବାଦ୍, ୫।୬(ଏଜେନ୍ସି): ପାକିସ୍ତାନର ସିନ୍ଧ୍ ଓ ପଞ୍ଜାବ ପ୍ରଦେଶରେ ଅହମ୍ମଦିଆ ମୁସଲମାନଙ୍କ ଉପରେ ପୁଣିଥରେ ବୈମାତୃକ ମନୋଭାବ ପୋଷଣ କରାଯାଉଥିବା ଦେଖିବାକୁ ମିଳିଛି। ଏହି ଦୁଇଟି ରାଜ୍ୟରେ ଅହମ୍ମଦିଆ ମୁସଲମାନଙ୍କୁ ଇଦ୍ ପାଳନ କରିବାକୁ ବାରଣ କରାଯାଇଛି। ଏଥିପାଇଁ ସେମାନଙ୍କଠାରୁ ଜୋର ଜବରଦସ୍ତି ଆଫିଡେଭିଟ୍ କାଗଜରେ ଦସ୍ତଖତ ନିଆଯାଉଛି। ପଞ୍ଜାବରେ ଯଦି ଅହମ୍ମଦିଆମାନେ ଇଦ୍ ପାଳନ କରନ୍ତି ତେବେ ସେମାନଙ୍କଠାରୁ ୫ ଲକ୍ଷ ଟଙ୍କା ଜରିମାନା ଆଦାୟ କରାଯିବ ବୋଲି ତାଗିଦ୍ କରାଯାଇଛି। ପଞ୍ଜାବ ଓ ସିନ୍ଧ୍‌ରେ ଏମାନଙ୍କୁ ସେମାନଙ୍କ ଘରେ ମଧ୍ୟ କୌଣସି ଧାର୍ମିକ କାର୍ଯ୍ୟ କରିବାକୁ ବାରଣ କରାଯାଇଛି। ଏପରିକି ପୁଲିସ୍ ମଧ୍ୟ ଅହମ୍ମଦିଆ ମୁସଲମାନଙ୍କୁ ଗିରଫ୍ କରି ସେମାନଙ୍କଠାରୁ ଧମକ ଦେଇ ଆଫିଡେଭିଟ୍‌ରେ ଦସ୍ତଖତ କରାଇନେଉଛି ବୋଲି ଗଣମାଧ୍ୟମରେ ପ୍ରକାଶିତ ରିପୋର୍ଟରୁ ଜଣାଯାଇଛି। ଉଲ୍ଲେଖଥାଉ କି, ପାକିସ୍ତାନରେ ୨୦ ଲକ୍ଷ ଅହମ୍ମଦିଆ ବସବାଦ କରୁଛନ୍ତି ଓ ଏମାନେ ଧାର୍ମିକ ଉତ୍ପିଡନର ଶିକାର ହେଉଛନ୍ତି। ପାକିସ୍ତାନରେ ଏମାନେ ସବୁବେଳେ କଟରପନ୍ଥୀଙ୍କ ଟାର୍ଗେଟ୍‌ରେ ରହିଆସିଛନ୍ତି। ପଞ୍ଜାବରେ ଅତିକମ୍‌ରେ ୩୬ଜଣ ଅହମ୍ମଦିଆଙ୍କୁ ଗରିଫ କରିବା ସହ ସେମାନଙ୍କ ଇଦ୍ ପାଳନ ପାଇଁ ବାରଣ କରାଯାଉଛି। ୧୯୭୪ରେ ସମ୍ବିଧାନ ସଂଶୋଧନ କରାଯାଇ ଏମାନଙ୍କୁ ମୁସଲମାନ ଭାବେ ପରିଗଣିତ କରାଯାଉନାହିଁ। ସେମାନଙ୍କୁ କୁରାନ ପଢ଼ିବାକୁ, ନମାଜ ପଢ଼ିବାକୁ ଓ ଅନ୍ୟ ଧାର୍ମିକ କାର୍ଯ୍ୟ ପାଳନ କରିବାକୁ ବାରଣ କରାଯାଇଛି।



# ୧୨ ଦେଶର ନାଗରିକଙ୍କ ଆମେରିକା ପ୍ରବେଶ ଉପରେ କଟକଣା

■ ଆତଙ୍କବାଦୀ ଆକ୍ରମଣ ପରେ ଟ୍ରମ୍ପଙ୍କ କାର୍ଯ୍ୟାନୁଷ୍ଠାନ
■ ବାଦ୍ ପଡ଼ିଲା ପାକିସ୍ତାନ

ୱାଶିଂଟନ, ୫।୬(ଏଜେନ୍ସି): ଆମେରିକାରେ ୧୨ଟି ଦେଶର ନାଗରିକଙ୍କୁ ପ୍ରବେଶ କରିବା ପାଇଁ ବାରଣ କରାଯାଇଛି। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୧୨ଟି ଦେଶର ନାଗରିକଙ୍କ ପ୍ରବେଶ ଉପରେ ସମ୍ପୂର୍ଣ୍ଣ ଭାବେ ନିଷେଧାଦେଶ ଜାରି କରିଛନ୍ତି। ଆମେରିକାର ନିରାପତ୍ତା ଓ ନାଗରିକଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ଏପରି ଚରମ ପଦକ୍ଷେପ ନିଆଯାଇଛି ବୋଲି ସେ କହିଛନ୍ତି। ଏହାକୁ ବାଦ୍ ଦେଲେ ୭ଟି ଦେଶର ନାଗରିକଙ୍କୁ ଆମେରିକାର ପ୍ରବେଶ ପାଇଁ ଆଂଶିକ ଭାବେ ବାରଣ କରାଯାଇଛି। ତେବେ ଆତଙ୍କବାଦର ଗଡ଼ ପାକିସ୍ତାନ ଆଶ୍ଚର୍ଯ୍ୟଜନକ ଭାବେ ଏଥିରୁ ବାଦ୍ ପଡ଼ିଛି।

ଏହି ନିୟମ ଇମିଗ୍ରେସନ ଓ ନନ୍ ଇମିଗ୍ରେସନ ଦୁଇ ପ୍ରକାର ଭିସା ଉପରେ ଲାଗୁ ହେବ। 'ଆମେରିକାକୁ ଏଭଳି ବିଦେଶୀମାନଙ୍କଠାରୁ ସୁରକ୍ଷିତ ରଖିବାର ଆବଶ୍ୟକତା ରହିଛି' ଯେଉଁମାନେ ଆତଙ୍କବାଦୀ ଆକ୍ରମଣ ଓ ରାଷ୍ଟ୍ରୀୟ ସୁରକ୍ଷାକୁ ବିପଦରେ ପକାଉଛନ୍ତି, ଘୃଣାଭାବ ସୃଷ୍ଟି କରିବା ସହ ଏହାର ପ୍ରଚାର କରୁଛନ୍ତି। ଏମାାନେ ଅପ୍ରବାସ ନିୟମର ଭୁଲ ଫାଇଦା ଉଠାଉଛନ୍ତି ବୋଲି ଟ୍ରମ୍ପ କହିଛନ୍ତି। କେବଳ ସେତିକି ନୁାହେଁ, ଭିସା ପ୍ରଦାନ କରିବାବେଳେ ସାବଧାନତା ଅବଲମ୍ବନ କରିବାକୁ ସେ କଡ଼ାକଡ଼ି ଭାବେ ପରାମର୍ଶ ଦେଇଛନ୍ତି। ଯେଉଁମାନେ ଆମେରିକାର ସ୍ୱାର୍ଥରେ କ୍ଷତି ପହଞ୍ଚାଇବାର ଆଶଙ୍କା ରହିଛି, ସେମାନଙ୍କୁ ଭିଜା ଦେବା ଉଚିତ ନୁହଁ ଓ ଏଭଳି ବ୍ୟକ୍ତିଙ୍କୁ ଆମେରିକାର ଆବଶ୍ୟକ କରେନାହିଁ। ଆତଙ୍କବାଦକୁ ରୋକିବା ପାଇଁ ଏହି ପ୍ରତିବନ୍ଧ ନିହାତି ଜରୁରୀ ବୋଲି ସେ କହିଛନ୍ତି। ଆଫଗାନିସ୍ତାନ ଓ ମ୍ୟାନମାନର ନେଇ ଆମେରିକା ସଫେଇ ଦେଇଛି। ଆଫଗାନିସ୍ତାନରେ ତାଲିବାନ ଭଳି ଆତଙ୍କବାଦୀ ସଂଗଠନ ଶାସନ କରୁଛି। ପୁଣି ମ୍ୟାନମାର ନାଗରିକଙ୍କ ଭିଜା ଅବଧି ଶେଷ ହୋଇଥିଲେ ମଧ୍ୟ ସେମାନେ ଆମେରିକାର ଛାଡୁ ନାହାନ୍ତି। ତେଣୁ ବାସନ୍ଦ ତାଲିକାରେ ଏହି ଦୁଇଦେଶକୁ ସାମିଲ କରାଯାଇଛି ବୋଲି କୁହାଯାଇଛି। ରିପୋର୍ଟ ଅନୁସାରେ ମ୍ୟାନମାରର ବି୧ ଓ ବି୨ ଭିଜା ପାଇଥିବା ୨୭.୦୭ ପ୍ରତିଶତ ଏବଂ ଏଫ୍, ଏମ୍, ଜେ ଭିଜା ପାଇ ଆମେରିକାର ଆସିଥିବା ୪୨.୧୭ ପ୍ରତିଶତ ନାଗରିକ ନିର୍ଦ୍ଧାରିତ ସମୟଶେଷ ହୋଇଥିଲେ ମଧ୍ୟ ଅଧିକ ସମୟ ରହୁଛନ୍ତି। ପୁଣି ମ୍ୟାନମାର ସରକାର ନିଜ ନାଗରିକଙ୍କୁ ଫେରାଇ ନେବା ପ୍ରକ୍ରିୟାରେ ସହଯୋଗ କରୁନାହିଁ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି।

### ୭ ମୁସଲମାନ ବହୁଳ ଦେଶ ୨୦୧୭ରେ ବ୍ୟାନ୍ ହୋଇଥିଲେ

ଟ୍ରମ୍ପଙ୍କ ଏଭଳି କଟକଣା ଆମେରିକାର ପାଇଁ ନୂଆନୁହେଁ। ଟ୍ରମ୍ପ ତାଙ୍କର ପ୍ରଥମ କାର୍ଯକାଳରେ ୨୦୧୭ରେ ଏଭଳି ଟ୍ରାଭେଲ ବ୍ୟାନ ଲଗାଇଥିଲେ। ଏହାକୁ ସାଧାରଣତଃ ମୁସ୍‌ଲିମ ବ୍ୟାନ୍ ବୋଲି କୁହାଯାଇଥାଏ। ଏଥିରେ ଅଧିକାଂଶ ମୁସ୍‌ଲିମ୍ ଦେଶଗୁଡିକ ସାମିଲ ଥିଲେ। ସେତେବେଳେ ସେ ୭ଟି ଦେଶକୁ ଆମେରିକାର ପ୍ରବେଶ ପାଇଁ ସମ୍ପୂର୍ଣ୍ଣ ଭାବେ ବ୍ୟାନ୍ କରିଥିଲେ। ଏହି ଦେଶ୍‌ଗୁଡିକ ହେଲା ଇରାକ, ଇରାନ, ଲିବିଆ, ସୋମାଲିଆ, ସୁଦାନ, ସିରିଆ ଓ ୟେମେନ। ଅବଶ୍ୟ ପରେ ଏଥିରେ ପରିବର୍ତ୍ତନ କରାଯାଇ ଇରାକକୁ ଏହି ତାଲିକାରୁ ବାଦ୍ ଦିଆଯାଇଥିଲା। ସେହିପରି ସୁଦାନକୁ ହଟାଇ ଚାଦ୍‌କୁ ସାମିଲ କରାଯାଇଥିଲା। ପୁଣି ଉତ୍ତର କୋରିଆ ଓ ଭେନେଜୁଏଲା ଭଳି ଅଣ-ମୁସ୍‌ଲିମ ଦେଶ ଦ୍ୱୟକୁ ସାମିଲ କରାଯାଇଥିଲା। ଧାର୍ମିକ ଭେଦଭାବ ଭଳି ଅପବାଦକୁ ଦୃଷ୍ଟିରେ ରଖି ଏହି ଦୁଇ ଦେଶକୁ ସାମିଲ କରିଥିଲା। ସମ୍ପୂର୍ଣ୍ଣ ଭାବେ ବାସନ୍ଦ ହୋଇଥିବା ୧୨ ଦେଶ- ଆଫଗାନିସ୍ତାନ, ମ୍ୟାନମାର, ଚାଦ୍, କଙ୍ଗୋ, ଏରିଟ୍ରିଆ, ହାଇତି, ଇରାନ, ଲିବିଆ, ସୋମାଲିଆ, ସୁଦାନ ଓ ୟେମେନ। ଆଂଶିକ ଭାବେ ବାରଣ ହୋଇଥିବା ଦେଶ- ବୁରୁଣ୍ଡି, କ୍ୟୁବା, ଲାଓସ, ସିଏରା ଲିଓନ, ଟୋଗୋ, ତୁର୍କମେନିସ୍ତାନ ଓ ଭେନେଜୁଏଲା।

# ଭାରତରେ ନିର୍ମାଣ ହେବ ରାଫେଲ୍ ଯନ୍ତ୍ରାଂଶ

■ ଇତିହାସରେ ପ୍ରଥମଥର ଫ୍ରାନ୍ସ ବାହାରେ ହେବ ଉତ୍ପାଦନ
■ ଦାସଲ୍ଟ ଏଭିଏସନ୍-ଟାଟା ଆଡ୍‌ଭାନ୍ସଡ ସିଷ୍ଟମ ଲିମିଟେଡ୍ ଚୁକ୍ତି
■ ହାଇଦ୍ରାବାଦରେ ପ୍ରତିଷ୍ଠା ହେବ ପ୍ଲାଣ୍ଟ



ନୂଆଦିଲ୍ଲୀ, ୫।୬(ଏଜେନ୍ସି): ପ୍ରତିରକ୍ଷା କ୍ଷେତ୍ରରେ ଭାରତକୁ ମିଳିଛି ଆଉ ଏକ ବଡ଼ ସଫଳତା। ଫ୍ରାନ୍ସରୁ ଅଣାଯାଇଥିବା ରାଫେଲ୍ ଯୁଦ୍ଧ ବିମାନର ଯନ୍ତ୍ରାଂଶ ଏବେ ଭାରତରେ ତିଆରି ହେବ। ଏହା ପ୍ରସ୍ତାବିତ ହାଇଦ୍ରାବାଦ ପ୍ଲାଣ୍ଟରେ ନିର୍ମାଣ ହେବ, ଯାହାକୁ 'ଫ୍ୟୁଜଲାଜ୍' କୁହାଯାଉଛି। ଏ ନେଇ ରାଫେଲ୍ ବିମାନର ନିର୍ମାତା ଦାସଲ୍ଟ ଏଭିଏସନ ଟାଟା ଆଡ୍‌ଭାନ୍ସଡ ସିଷ୍ଟମ ଲିମିଟେଡ୍ (ଟିଏଏସଏଲ୍) ସହିତ ଚୁକ୍ତି ସ୍ୱାକ୍ଷର କରିଛି। ଭାରତୀୟ ବଜାର ସହିତ ବିଶ୍ୱ ବଜାର ପାଇଁ ଏଠାରୁ ଯୁଦ୍ଧ ବିମାନର ବଡି ତିଆରି କରାଯିବ। ତେବେ ଏଥିରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଇତିହାସରେ ପ୍ରଥମ ଥର ପାଇଁ ରାଫେଲ ଯୁଦ୍ଧ ବିମାନର ବଡି ଫ୍ରାନ୍ସ ବାହାରେ କୌଣସି ଦେଶରେ ନିର୍ମାଣ ହେବାକୁ ଯାଉଛି।


ଦାସଲ୍ଟ ଓ ଟିଏଏସଏଲ୍ ଦ୍ୱାରା ହୋଇଥିବା ଚୁକ୍ତି ଅନୁସାରେ ଉଭୟ କମ୍ପାନୀ ମଧ୍ୟରେ ୪ଟି ପ୍ରଡକ୍ସନ ଟ୍ରାନ୍ସଫର ଏଗ୍ରିମେଣ୍ଟ (ଉତ୍ପାଦନ ସ୍ଥାନାନ୍ତର ଚୁକ୍ତିନାମା) ସ୍ୱାକ୍ଷରିତ ହୋଇଛି। ପ୍ରଥମ ବଡି ପାର୍ଟ ନିର୍ମାଣ ସେକ୍ସନଗୁଡ଼ିକ ୨୦୨୮ ଆର୍ଥିକ ବର୍ଷ ସୁଦ୍ଧା କାର୍ଯ୍ୟକ୍ଷମ ହେବ ବୋଲି ଆଶା କରାଯାଉଛି। ଯାହାର ଉତ୍ପାଦନ କ୍ଷମତା ପ୍ରତି ମାସରେ ଦୁଇଟି ସମ୍ପୂର୍ଣ୍ଣ ବଡି ନିର୍ମାଣ କରାଯିବ। ହାଇଦ୍ରାବାଦରେ ବିମାନର ପ୍ରମୁଖ ଗଠନାତ୍ମକ ଅଂଶ ନିର୍ମାଣ ପାଇଁ ଏକ ସ୍ୱତନ୍ତ୍ର ପ୍ଲାଣ୍ଟ ପ୍ରତିଷ୍ଠା କରାଯିବ, ଯେଉଁଥିରେ ସେଣ୍ଟ୍ରାଲ ଫ୍ୟୁଜେଲେଜ୍, ପଛ ଭାଗ, ପାର୍ଶ୍ୱ ପଛ ସେଲ୍ ଏବଂ ସମ୍ମୁଖ ଅଂଶ ଆଦି ତିଆରି ହେବ। 'ମେକ୍ ଇନ୍ ଇଣ୍ଡିଆ' ଏବଂ ଆତ୍ମନିର୍ଭର ଭାରତ ପଦକ୍ଷେପ ଅନ୍ତର୍ଗତ ଭାରତର ରଣନୈତିକ ଲକ୍ଷ୍ୟ ସହିତ ସମନ୍ୱିତ ରକ୍ଷା କରି ଏହି ଚୁକ୍ତି କରାଯାଇଛି। ଦାସଲ୍ଟ ଆଭିଏସନ୍‌ର ଅଧ୍ୟକ୍ଷ ଏବଂ ସିଇଓ ଏରିକ୍ ଟ୍ରାପିଅର୍ କହିଛନ୍ତି ଯେ ଏହି ସହଭାଗିତା ଭାରତରେ ଆମର ଯୋଗାଣ ଶୃଙ୍ଖଳାକୁ ସୁଦୃଢ଼ କରିବା ପାଇଁ ଏକ ନିର୍ଣ୍ଣାୟକ ପଦକ୍ଷେପ ହେବ। ଉଲ୍ଲେଖଯୋଗ୍ୟ ଯେ ଟିଏଏସଏଲ୍ ଭଳିଭାରତୀୟ ଏରୋସ୍ପେସ୍ କମ୍ପାନୀଗୁଡ଼ିକ ସହିତ ସହଯୋଗିତା କରିବା ପାଇଁ କମ୍ପାନୀର ଏହା ଦୀର୍ଘକାଳୀନ ରଣନୀତି ବୋଲି କୁହାଯାଉଛି। ଟିଏଏସଏଲ୍‌ର ସିଇଓ ଏବଂ ଏମ୍‌ଡି ସୁକରଣ ସିଂହ ଏହି ସହଭାଗିତାକୁ ଭାରତର ମହାକାଶ ଯାତ୍ରାରେ ଏକ ମାଇଲ୍‌ଖୁଣ୍ଟ ବୋଲି କହିଛନ୍ତି।

## ଶର୍ମିଷ୍ଠାଙ୍କୁ ଅନ୍ତରୀଣ ଜାମିନ୍



କୋଲକାତା, ୫।୬(ଏଜେନ୍ସି): ଇନଷ୍ଟାଗ୍ରାମ୍ ଇନ୍‌ଫ୍ଲୁଏନ୍ସର ଶର୍ମିଷ୍ଠା ପାନୋଲିଙ୍କୁ ଅନ୍ତରୀଣ ଜାମିନ୍ ମିଳିଛି। କୋଲକାତା ହାଇକୋର୍ଟ ଗୁରୁବାର ତାଙ୍କୁ ଜାମିନ ପ୍ରଦାନ କରିଛନ୍ତି। ଅପରେସନ୍ ସିନ୍ଦୂରକୁ ନେଇ ସେ ସାମାଜିକ ଗଣମାଧ୍ୟମରେ ଏକ ଆପତ୍ତିଜନକ ତଥା ସାମ୍ପ୍ରଦାୟିକ ପୋଷ୍ଟ କରି ଚର୍ଚ୍ଚାକୁ ଆସିଥିଲେ। ୧୦ ହଜାର ଟଙ୍କା ମୁଚାଲିକାରେ ତାଙ୍କୁ ସର୍ତ୍ତମୂଳକ ଭାବେ ଏହି ଜାମିନ ପ୍ରଦାନ କରାଯାଇଛି। କୋର୍ଟ ଗତ ୩ ତାରିଖରେ କିନ୍ତୁ ତାଙ୍କ ଜାମିନ ଆବେଦନକୁ ଖାରଜ୍ କରିଥିଲେ। ତାଙ୍କୁ ନିରାପତ୍ତା ତଥା ସୁରକ୍ଷା ଯୋଗାଇଦେବା ପାଇଁ ପୁଲିସ୍‌କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଜାମିନ ଦେବା ସହ କୋର୍ଟ ତାଙ୍କ ପାଇଁ କେତୋଟି ସର୍ତ୍ତ ଲାଗୁ କରିଛନ୍ତି। ସେ ଦେଶ ଛାଡି ବାହାରକୁ ଯାଇପାରିବେ ନାହିଁ। ବିଦେଶକୁ ଯିବାକୁ ହେଲେ ତାଙ୍କୁ ଚିଫ୍ ଜୁଡିସିଆଲ ମାଜିଷ୍ଟ୍ରେଟ୍ (ସିଜେଏମ୍)ଙ୍କ ଅନୁମତି ନେବାକୁ ହେବ। ପୁଣି ତାଙ୍କୁ ନିଜର ପାସକୋର୍ଟ ଦାଖଲ କରିବାକୁ ହେବ। ଶର୍ମିଷ୍ଠା ତଦନ୍ତରେ ସହଯୋଗ କରିବା ସହ ତାଙ୍କୁ ବେଲ୍ ବଣ୍ଡ ଉପରେ ସ୍ୱାକ୍ଷର କରିବାକୁ ହେବ। ଉଲ୍ଲେଖଥାଉ କି, ୨୨ ବର୍ଷୀୟା ଶର୍ମିଷ୍ଠାଙ୍କୁ ଗତ ମେ ୩୦ରେ ଗୁରୁଗ୍ରାମ୍‌ରେ ଗିରଫ କରାଯାଇଥିଲା। କୋର୍ଟ ତାଙ୍କୁ ୧୪ ଦିନିଆ ବିଚାରବିଭାଗୀୟ ହାଜତକୁ ପଠାଇଥିଲେ। ସେ ପୋଷ୍ଟ କରିଥିବା ନିଜ ଭିଡିଓରେ ଇସ୍‌ଲାମ ଧର୍ମ ଉପରେ ଅପମାନଜନକ ମନ୍ତବ୍ୟ ଦେଇଥିବା ଅଭିଯୋଗ ହୋଇଥିଲା। ତେବେ ସମାଲୋଚନା ପରେ ସେ ଏହି ଭିଡିଓକୁ ହଟାଇ ଦେଇଥିଲେ।

## ରାହୁଲଙ୍କ 'ନରେନ୍ଦର ସରେଣ୍ଡର' ଏବଂ ଥରୁରଙ୍କ ପ୍ରତିକ୍ରିୟା



ନୂଆଦିଲ୍ଲୀ, ୫।୬(ଏଜେନ୍ସି): ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ହସ୍ତକ୍ଷେପ ପରେ ପ୍ରଧାନମନ୍ତ୍ରୀ ମୋଦୀ ଅପରେସନ ସିନ୍ଦୂରକୁ ବନ୍ଦ କରିଦେଲେ ବୋଲି ବିରୋଧୀ ଦଳର ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ଦେଇଥିବା ମନ୍ତବ୍ୟ ନେଇ ପ୍ରତିକ୍ରିୟା ପ୍ରକାଶ କରିଛନ୍ତି ତାଙ୍କ ଦଳର ସାଂସଦ ଶଶୀ ଥରୁର। ଥରୁର କହିଛନ୍ତି ଯେ ଭାରତ କାହାରି ଚାପରେ ସାମରିକ କାର୍ଯ୍ୟାନୁଷ୍ଠାନ ବନ୍ଦ କରିନାହିଁ। ଅପରେସନ ସିନ୍ଦୂର ସଂପର୍କରେ ବିଶ୍ୱ ନେତାମାନଙ୍କୁ ଅବଗତ କରିବା ଉାଦ୍ଦେଶ୍ୟରେ ଆମେରିକା ଗସ୍ତରେ ଭାରତୀୟ ପ୍ରତିନିଧି ମଣ୍ଡଳୀର ନେତୃତ୍ୱ ନେଉଥିବା ସାଂସଦ ଶଶୀ ଥରୁର ରାହୁଲ ଗାନ୍ଧୀଙ୍କ 'ନରେନ୍ଦର ସରେଣ୍ଡର' ମନ୍ତବ୍ୟକୁ ପରୋକ୍ଷରେ ନାପସନ୍ଦ କରିଛନ୍ତି। ଅପରେସନ ସିନ୍ଦୂର ବେଳେ ଟ୍ରମ୍ପଙ୍କ ଚାପରେ ମୋଦୀ ଆତ୍ମସମର୍ପଣ କରିଥିଲେ ଓ ଅସ୍ତ୍ରବିରତି ପାଇଁ ରାଜି ହୋଇଥିଲେ ବୋଲି ରାହୁଲ କହିଥିଲେ। କିନ୍ତୁ ଥରୁର ଏହାକୁ ପରୋକ୍ଷରେ ଖଣ୍ଡନ କରିଛନ୍ତି। ଭାରତ କାହାର ପରାମର୍ଶ ବା ମଧ୍ୟସ୍ଥତା ଆବଶ୍ୟକ କରୁନାହିଁ ବୋଲି ସେ କହିଥିଲେ। ସେ କହିଲେ ଯେ ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ପ୍ରତି ମୋର ଯଥେଷ୍ଟ ସମ୍ମାନ ରହିଛି। ସେ ପାକିସ୍ତାନକୁ କ'ଣ କହିଛନ୍ତି ଆମକୁ ଜଣାନାହିଁ। କିନ୍ତୁ ଆମକୁ କାହାର ପରାମର୍ଶ ଲୋଡା ନାହିଁ ବୋଲି ସେ ରାହୁଲଙ୍କ ନାମ ନ ନେଇ ଜବାବ୍ ଦେଇଛନ୍ତି। ସୂଚନାଯୋଗ୍ୟ ଯେ କଂଗ୍ରେସ ସହ ବିନା ପରାମର୍ଶରେ ସରକାର ଥରୁରଙ୍କୁ ପ୍ରତିନିଧି ଦଳର ନେତା କରିଥିଲେ। ଏହାକୁ କଂଗ୍ରେସ ବିରୋଧ କରିଥିବା ବେଳେ ଥରୁର ଗୌରବାନ୍ୱିତ ମନେ କରୁଛନ୍ତି ବୋଲି କହିଥିଲେ।

## ରନଥାମ୍ବୋର ବ୍ୟାଘ୍ର ଅଭୟାରଣ୍ୟରେ ଖଣି ଖନନକୁ ବ୍ୟାନ୍ କଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୫।୬(ଏଜେନ୍ସି): ଏକ୍ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇ ସୁପ୍ରିମେକୋର୍ଟ ରାଜସ୍ଥାନର ରନଥାମ୍ବୋର ବ୍ୟାଘ୍ର ଅଭୟାରଣ୍ୟରେ ସବୁ ପ୍ରକାର ଖଣି ଖନନକୁ ବ୍ୟାନ କରିଛନ୍ତି। ପ୍ରଧାନ ବିଚାରପତି ବିଆର ଗଭାଇ, ବିଚାରପତି ଅଗଷ୍ଟିନ ଜର୍ଜ ମାସି ଓ ଏଏସ୍ ଚନ୍ଦୁରକରଙ୍କୁ ନେଇ ଗଠିତ ଖଣ୍ଡପୀଠ ଅଭୟାରଣ୍ୟରେ ସୃଷ୍ଟି ସମସ୍ୟା ନେଇ ହୋଇଥିବା ଆବେଦନର ଶୁଣାଣି କରି ଏହି ନିର୍ଦ୍ଦେଶ ଦେଇଛନ୍ତି। ବ୍ୟାଘ୍ର ଅଭୟାରାଣ୍ୟର କେନ୍ଦ୍ର ଅଞ୍ଚଳରେ ସୃଷ୍ଟି ହୋଇଥିବା ମାନବୀୟ କାର୍ଯ୍ୟକଳାପ ଏକାଧିକ ସମସ୍ୟା ସୃଷ୍ଟି କରୁଛି ବୋଲି ଅଭିଯୋଗ ହୋଇ ଆସୁଥିଲା। ଏ ସଂକ୍ରାନ୍ତରେ ସୃଷ୍ଟି ହେଉଥିବା ଅନ୍ୟ ସମସ୍ୟାଗୁଡିକ ଉପରେ ନଜର ରଖିବା ପାଇଁ ସୁପ୍ରିମକୋର୍ଟ ଏକ ୩ ଜଣିଆ କମିଟି ଗଠନ କରିଛନ୍ତି। ଶୁଣାଣିରେ ୫ଟି ସମସ୍ୟା ଉପରେ ଆଲୋଚନା ହୋଇଥିଲା। ଆବେଦନକରୀ ବ୍ୟକ୍ତିଙ୍କ ଦ୍ୱାରା ଉଠାଯାଇଥିବା ଏହି ସମସ୍ୟାଗୁଡିକ ହେଲା ରିଜର୍ଭ ମଧ୍ୟରେ ରହିଥିବା ତ୍ରିନେତ୍ର ମନ୍ଦିରରେ ଲୋକଙ୍କ ଭିଡ, ରିଜର୍ଭରେ ଅବୈଧ ଖଣି ଖନନ, ଅବୈଧ ନିର୍ମାଣ ଓ ବ୍ୟବସାୟିକ ଗତିବିଧି, ବ୍ୟାଘ୍ର ଅଭୟାରଣ୍ୟରେ ସ୍ଥିତିର ସମ୍ବେଦନଶୀଳତାକୁ ସୂଚନା ଦେବାରେ ହେଉଥିବା ବିଳମ୍ବ ଏବଂ ରିଜର୍ଭ ମଧ୍ୟରେ ଐତିହାସିକ ସଂରଚନାଗୁଡିକର ସଂଯକ୍ଷଣ। ବ୍ୟାଘ୍ର ଅଭୟାରଣ୍ୟ ସହ ତ୍ରିନେତ୍ର ମନ୍ଦିର ଭକ୍ତଙ୍କ ହିତକୁ ଧ୍ୟାନ ରଖିବା ନେଇ ପରାମର୍ଶ ଦେବା ସହ ସନ୍ତୁଳନ ରକ୍ଷା କରିବାକୁ ସୁପ୍ରିମକୋର୍ଟ କମିଟିକୁ ନିର୍ଦ୍ଦେଶ ଦେଇଛନ୍ତି।

# ୧୦୦ କୋଟି ଟଙ୍କାର ଦୁର୍ନୀତି | ବୀମା ଅର୍ଥ ପାଇଁ ହତ୍ୟା; ୫୨ ଗିରଫ

ସମ୍ଭଲ, ୫।୬(ଏଜେନ୍ସି): ଉତ୍ତରପ୍ରଦେଶର ସମ୍ଭଲ ଜିଲ୍ଲାରେ ଏକ ବଡ଼ ବୀମା ଦୁର୍ନୀତି ପଦାକୁ ଆସିଛି। ୧୦୦ କୋଟି ଟଙ୍କର ଏହି ଠକେଇ ଓ ବୀମା ଦୁର୍ନୀତିରେ ନକଲି ଦସ୍ତାବିଜ ବ୍ୟବହାର, କପଟତାପୂର୍ଣ୍ଣ ନୀତି ଓ ହତ୍ୟା ଭଳି ଜଘନ୍ୟ ଅପରାଧ ଘଟାଇଥିବାର ପ୍ରମାଣ ମିଳିଛି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଏ ନେଇ ଛାନଭିନ୍ ଆରମ୍ଭ କରିଛି। ସ୍ଥାନୀୟ ପୁଲିସଠାରୁ ଏ ସଂକ୍ରାନ୍ତରେ ଇଡି ଏଫ୍ଆଇଆର କପି ଓ ସମ୍ପର୍କିତ ଦସ୍ତାବିଜ୍ ମାଗିଛି। ଏହି ଘଟଣାରେ ଏପର୍ଯ୍ୟନ୍ତ ୫୨ଜଣକୁ ଗରିଫ କରାଯାଇଛି ଓ ୫୦ ଜଣ ଅଭିଯୁକ୍ତ ଫେରାର ଅଛନ୍ତି। ୩ ଜଣଅଭିଯୁକ୍ତ କୋର୍ଟରେ ଆତ୍ମସମର୍ପଣ କରିଛନ୍ତି।

ଅଭିଯୁକ୍ତମାନେ ଯୁବକମାନଙ୍କୁ ଟାର୍ଗେଟ କରୁଥିଲେ ଓ ବୀମା ଅର୍ଥ ପାଇଁ କେତେକ କ୍ଷେତ୍ରରେ ସେମାନଙ୍କୁ ହତ୍ୟା କରିବାକୁ ପଛାଉ ନଥିଲେ। ଏହି ଦୁର୍ନୀତିର ଜାଲ ୧୨ଟି ରାଜ୍ୟକୁ ବ୍ୟାପିଛି ଓ ଏପର୍ଯ୍ୟନ୍ତ ୧୭ଟି ଏଫ୍ଆଇଆର ହୋଇଛି ବୋଲି କୁହାଯାଇଛି। ଏହି ହତ୍ୟା ମାମଲାଗୁଡିକରେ ବୀମା ପଲିସି ଧାରକମାନଙ୍କ ସଡକ ଦୁର୍ଘଟଣାରେ ମୃତ୍ୟୁ ଘଟିଛି। ଟଙ୍କା ପାଇଁ ଷଡ଼ଯନ୍ତ୍ରପୂର୍ବକ ସେମାନଙ୍କୁ ହତ୍ୟା କରାଯାଇଛି ବୋଲି ଅନୁମାନ କରାଯାଉଛି ବୋଲି ସମ୍ଭଲ ଏଏସ୍‌ପି(ଦକ୍ଷିଣ) ଅନୁକ୍ରିତ୍ ଶର୍ମା କହିଛନ୍ତି। କେତୋଟି ମାମଲାରେ ଏଫ୍ଆଇଆରକୁ କ୍ଲୋଜ୍ ମଧ୍ୟ କରାଯାଇଛି। କିନ୍ତୁ କେତେକ ଅନିୟମିତତାକୁ ଦୃଷ୍ଟିରେ ରଖି ପୁଲିସ୍ ଏହା ମାମାଲଗୁଡିକୁ ରି ଓପନ କରିଛି। ଏଥିରେ ୨୯ଟି ନକଲି ମୃତ୍ୟୁ ପ୍ରମାଣପତ୍ରର ବ୍ୟବହାର ହୋଇଛି ଓ ଆଉ କେତୋଟି ମାମଲରେ ସତରେ ମୃତ୍ୟୁ ଘଟିଥିଲେ ମଧ୍ୟ ବୀମା ପାଇବା ପାଇଁ ତାରିଖରେ ବେନିୟମ ଭାବେ ବଦଳ କରାଯାଇଛି। ଏହି ଦୁର୍ନୀତ କେବଳ ସମ୍ଭଳ ଜିଲ୍ଲାରେ ସୀମିତ ରହିନାହିଁ। ଏହା ଅମରୋହା, ବଦାୟୁଁ ଓ ମୋରାଦାବାଦ ଭଳି ପାଖବର୍ତ୍ତୀ ଜିଲ୍ଲାକୁ ଲମ୍ବିଛି। ଏହି ଦୁର୍ନୀତି ୧୦୦ କୋଟି ଟଙ୍କାକୁ ଟପିଛି ଓ ତଦନ୍ତ ପ୍ରକ୍ରିୟା ଆଗକୁ ଚାଲିଥିରେ ଏହି ପରିମାଣରେ ଆହୁରି ବୃଦ୍ଧି ଘଟିବ ବୋଲି ପୁଲିସ କହିଛି। ବିଭିନ୍ନ ବୀମା କମ୍ପାନୀଗୁଡିକଠାରୁ ସବିଶେଷ ତଥ୍ୟ ମଗା ଯାଇଛି ଓ ଅନ୍ୟ ସନ୍ଦୀଗ୍ଧଙ୍କୁ ଗିରଫ କରିବା ପାଇଁ ଏବେ ରେକର୍ଡ ସବୁକୁ ଯାଞ୍ଚ କରାଯାଉଛି। ଏହି ମାମଲାରେ ବିଭିନ୍ନ ଆଶାକର୍ମୀ, ସ୍ୱାସ୍ଥ୍ୟ ବିଭାବା ଓ ବୀମା କମ୍ପାନୀରେ କାର୍ଯ୍ୟ କରୁଥିବା ବ୍ୟକ୍ତିମାନେ ସାମିଲ ରହିଛନ୍ତି। ତଦନ୍ତ ପ୍ରକ୍ରିୟା ଆଗକୁ ବଢ଼ିଲେ ଗିରଫ୍ ସଂଖ୍ୟାରେ ଆହୁରି ବୃଦ୍ଧି ଘଟିବ ବୋଲି ଶର୍ମା କହିଛନ୍ତି।

# କ୍ରୀଡ଼ା

ସକାଳ
THE SAKALA
www.sakalaepaper.com

## ଫ୍ରେଞ୍ଚ ଓପନ୍ ଫାଇନାଲରେ ସାବାଲେଙ୍କା



**ପ୍ୟାରିସ, ୫।୬ (ଏଜେନ୍ସି):** ବିଶ୍ୱର ଏକ ନମ୍ବର ଖେଳାଳି ବେଲାରୁଷର ଆରିନା ସାବାଲେଙ୍କା ଏଠାରେ ଚାଲିଥିବା ବର୍ଷର ଦ୍ୱିତୀୟ ଗ୍ରାଣ୍ଡସ୍ଲାମ ଫ୍ରେଞ୍ଚ ଓପନ୍‌ର ଫାଇନାଲରେ ପ୍ରବେଶ କରିଛନ୍ତି। ଗୁରୁବାର ସନ୍ଧ୍ୟାରେ ଅନୁଷ୍ଠିତ ମହିଳା ଏକକ ସେମିଫାଇନାଲ ମୁକାବିଲାରେ ସାବାଲେଙ୍କା ୭-୬ (୭/୧), ୪-୬, ୬-୦ ସେଟ୍‌ରେ ୪ଥର ତଥା ଡିଫେଣ୍ଡିଂ ଚାମ୍ପିଅନ ପୋଲାଣ୍ଡର ଇଗା ସ୍ୱିଆଟେକଙ୍କୁ ହରାଇଥିଲେ। କ୍ୟାରିୟରର ପ୍ରଥମ ଫ୍ରେଞ୍ଚ ଓପନ୍ ଜିତିବା ଲକ୍ଷ୍ୟରେ ରହିଥିବା ସାବାଲେଙ୍କା ଫାଇନାଲରେ କୋକୋ ଗଫ୍ କିମ୍ବା ଘରୋଇ ଖେଳାଳି ଲୋଇସ ବୋଇସନଙ୍କୁ ଭେଟିବେ।

ଅପରପକ୍ଷରେ ତିନିଥରର ଚାମ୍ପିଅନ ସର୍ବିଆର ନୋଭାକ ଜୋକୋଭିଚ୍ ପୁରୁଷ ଏକକ ସେମିଫାଇନାଲରେ ପହଞ୍ଚିଛନ୍ତି। କ୍ୱାର୍ଟର ଫାଇନାଲରେ ୬ଷ୍ଠ ସିଡ୍ ଜୋକୋଭିଚ୍ ୪-୬, ୬-୩, ୬-୨, ୬-୪ ସେଟ୍‌ରେ ଜର୍ମାନୀର ଆଲେକ୍ସଜାଣ୍ଡର ଜ୍ୱେରେଭଙ୍କୁ ମାତ୍ ଦେଇଥିଲେ। ସେମିଫାଇନାଲରେ ଜୋକୋଭିଚ୍ ଟପ୍ ସିଡ୍ ଇଟାଲୀର ଜାନିକ ସିନ୍ନରଙ୍କୁ ଭେଟିବେ। ୩୮ ବର୍ଷୀୟ ଜୋକୋଭିଚ୍ ଯଦି ଏଠାରେ ଚାମ୍ପିଅନ ହୁଅନ୍ତି ତେବେ କ୍ୟାରିୟରର ରେକର୍ଡ ୨୫ତମ ଗ୍ରାଣ୍ଡସ୍ଲାମ ବିଜୟୀ ହେବେ।

## ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ ୨୦ରୁ

# ‘ରୋହିତ, ବିରାଟଙ୍କ ଅନୁପସ୍ଥିତି ଚାପ ପକାଇବନି’

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):**

ଇଂଲଣ୍ଡ ସହ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ଖେଳିବାକୁ ଭାରତର ହେଡ୍ କୋଚ୍ ଗୌତମ ଗମ୍ଭୀର ଓ ନୂଆ ଅଧିନାୟକ ଶୁବମନ ଗିଲଙ୍କ ସହ ବାକି ଖେଳାଳି ଗୁରୁବାର ଲଣ୍ଡନ ଅଭିମୁଖେ ଯାତ୍ରା କରିଛନ୍ତି। ଭାରତ ଛାଡ଼ିବା ପୂର୍ବରୁ ଉଭୟ କୋଚ୍ ଓ ଅଧିନାୟକ ଏକାଧିକ ପ୍ରଶ୍ନର ଉତ୍ତରରେ ସେମାନଙ୍କ ମନୋଭାବ, ଯୋଜନା, ଖେଳାଳି ସମୀକରଣ ଆଦି ଉପରେ ସ୍ପଷ୍ଟ ସୂଚନା ଦେଇଛନ୍ତି। ଏହି ସିରିଜ୍‌ରେ ଭାରତର ଦୁଇ କିଂବଦନ୍ତୀ ଖେଳାଳି ରୋହିତ ଶର୍ମା ଓ ବିରାଟ କୋହଲି ଖେଳିବେ ନାହିଁ। ଠିକ୍ ସିରିଜ୍ ପୂର୍ବରୁ ଉଭୟ ଖେଳାଳି ଟେଷ୍ଟ କ୍ରିକେଟ୍‌ରୁ ଅବସର ନେଇଥିଲେ। ସେମାନଙ୍କ ଅନୁପସ୍ଥିତି ଭାରତ ଉପରେ କି ପ୍ରଭାବ ପକାଇବ ବୋଲି ପ୍ରଶ୍ନ କରାଯାଇଥିଲା। ଉତ୍ତରରେ କୋଚ୍ ଗମ୍ଭୀରଙ୍କ ମତ ହେଲା ଆମେ ଉଭୟ ଖେଳାଳିଙ୍କୁ ଇଂଲଣ୍ଡ ଟୁର୍‌ରେ ମିସ୍ କରିବୁ। ଇଂଲଣ୍ଡ ପରିବେଶରେ ସେମାନଙ୍କର ବେଶ ଅଭିଜ୍ଞତା ରହିଥିଲା। କିନ୍ତୁ ଉଭୟଙ୍କ ଅନୁପସ୍ଥିତି ଆମକୁ ଅଧିକ ଚାପରେ ରଖିବ ନାହିଁ ବୋଲି ଗମ୍ଭୀର କହିଛନ୍ତି।

ଇଂଲଣ୍ଡ ଗସ୍ତରେ ଭାରତ ଏକ ଅନଭିଜ୍ଞ ଦଳକୁ ନେଇ ଖେଳିବ। ଏଠାରେ କିମ୍ବା ଟେଷ୍ଟ କ୍ରିକେଟରେ ଖେଳିବାର ଅଭିଜ୍ଞତା ଥିବା ଖେଳାଳିଙ୍କୁ ନିଶ୍ଚିତ ସୁଯୋଗ ମିଳିବ। ୨୦୧୬ରେ ଇଂଲଣ୍ଡ ବିପକ୍ଷରେ ୩୦୩ ରନ୍ କରିବା ପରେ କରୁନ ନାୟରଙ୍କୁ ଟିମ୍‌ରୁ ବାଦ୍ ଦିଆଯାଇଥିଲା। ଏହା ପରେ ଟେଷ୍ଟ ଦଳକୁ ଫେରିବା ଲାଗି ତାଙ୍କୁ ୮ ବର୍ଷ ସମୟ ଲାଗିଥିଲା। ଏହା କହିବା ସହ ଗମ୍ଭୀର ଟେଷ୍ଟ ଏକାଦଶରେ ନାୟାରଙ୍କୁ ଖେଳିବାକୁ ସୁଯୋଗ ଦେବେ ବୋଲି ସୂଚନା ଦେଇଥିଲେ। ସେହିପରି ଶ୍ରେୟସ ଆୟରଙ୍କୁ କାହିଁକି ବାଦ୍ ଦିଆଗଲା ବୋଲି ପ୍ରଶ୍ନକୁ ସେ ଚତୁରତାର ସହ ଏଡାଇଯାଇଥିଲେ। ଇଂଲଣ୍ଡ ପରିବେଶରେ ଶ୍ରେୟସ ବେଶ ପ୍ରଭାବଶାଳୀ ସାବ୍ୟସ୍ତ ହୋଇଥାନ୍ତେ। ଏ ସମ୍ପର୍କରେ ଗମ୍ଭୀର କହନ୍ତି, ଘରୋଇ କ୍ରିକେଟରେ ଯେଉଁ ଖେଳାଳି ଭଲ ପ୍ରଦର୍ଶନ କରିଛନ୍ତି ସେମାନଙ୍କୁ ସୁଯୋଗ ମିଳିଛି। ଆବଶ୍ୟକ ହେଲେ ଶ୍ରେୟସଙ୍କୁ ମଧ୍ୟ ସୁଯୋଗ ଦିଆଯିବ ବୋଲି ସେ କହିଛନ୍ତି। ଶୁବମନ ଗିଲ୍‌ଙ୍କ ମତରେ ଆମ ଦଳରେ ଯେପରି ସମସ୍ତ ଖେଳାଳି ଆତ୍ମବିଶ୍ୱାସ ପାଇବେ ତାହା ଉପରେ ଗୁରୁତ୍ୱ ଦେଉଛୁ। କୌଣସି ଖେଳାଳି ଏହି ଟିମ୍‌ରେ ଅସୁରକ୍ଷିତ ମନେ କରିବେ ନାହିଁ। ମୋ ନେତୃତ୍ୱ ଶୈଳୀ ନିଜସ୍ୱ। ଏହା ଅଭିଜ୍ଞତା ସହ ପରିବର୍ତ୍ତନ ହେବ ଓ ଖାପ ଖୁଆଇବାକୁ ଚେଷ୍ଟା କରିବି। ଇଂଲଣ୍ଡ କୋଚ୍ ବାଜ୍‌ବଲ୍‌ଙ୍କ ଆକ୍ରମଣାତ୍ମକ ଶୈଳୀ ସମ୍ପର୍କରେ ଆମେ ବେଶ ଅବଗତ ଅଛୁ ଓ ବେନ୍ ଷ୍ଟୋକ୍ସଙ୍କ ଇଂଲଣ୍ଡ ଦଳକୁ ହରାଇବାକୁ ଚେଷ୍ଟା କରିବୁ ବୋଲି ଗିଲ କହିଛନ୍ତି।

ଭାରତ ଟେଷ୍ଟ ଦଳରେ ମନୋନୀତ ହୋଇଥିବା କିଛି ଖେଳାଳି ଏବେ ଭାରତ-ଏ’ ସହ ଇଂଲଣ୍ଡ ଲାୟନ୍ସ ବିପକ୍ଷରେ ମ୍ୟାଚ୍ ଖେଳୁଛନ୍ତି। ଲାୟନ୍ସ ସହ ଦ୍ୱିତୀୟ ମ୍ୟାଚ୍ ଜୁନ୍ ୬ରେ ଖେଳାଯିବ। ଏହା ପରେ ଭାରତୀୟ ଟିମ୍ ଦୁଇ ଭାଗ ହୋଇ ଏକ ଅଭ୍ୟାସ ମ୍ୟାଚ୍ ଖେଳିବେ। ଏହି ମୁକାବିଲା ଜୁନ୍ ୧୩ରୁ ଖେଳାଯିବ। ଟେଷ୍ଟ ସିରିଜ୍‌ର ପ୍ରଥମ ମ୍ୟାଚ୍ ଜୁନ୍ ୨୦ରୁ ୨୫ ତାରିଖଯାଏ ଲିଡ୍ସରେ ଖେଳାଯିବ। ଏହା ମଧ୍ୟରେ ପ୍ରଥମ ଟେଷ୍ଟ ଲାଗି ଗୁରୁବାର ଷ୍ଟୋକ୍ସଙ୍କ ନେତୃତ୍ୱରେ ଇଂଲଣ୍ଡ ଟେଷ୍ଟ ଦଳ ଘୋଷଣା କରାଯାଇଛି। ଅଲ୍‌ରାଉଣ୍ଡର ଜେମି ଓଭରଟନ ତିନିବର୍ଷ ପରେ ଟେଷ୍ଟ ଦଳକୁ ଫେରିଛନ୍ତି।

### ଇଂଲଣ୍ଡ ଦଳରେ ବେଥେଲ୍, ଓଭରଟନ୍ ସାମିଲ



ଇଂଲଣ୍ଡ ଗସ୍ତ ପୂର୍ବରୁ ସାମ୍ବାଦିକ ସମ୍ମିଳନୀରେ ଅଧିନାୟକ ଗିଲ୍ ଓ ହେଡ୍ କୋଚ୍ ଗମ୍ଭୀର

### ଟେଷ୍ଟ ସିରିଜ କାର୍ଯ୍ୟସୂଚୀ

| ତାରିଖ | ମ୍ୟାଚ୍ | ଭେନ୍ୟୁ |
|---|---|---|
| ଜୁନ ୨୦ରୁ ୨୫ | ପ୍ରଥମ ଟେଷ୍ଟ | ଲିଡ୍ସ |
| ଜୁଲାଇ ୨ରୁ ୬ | ଦ୍ୱିତୀୟ ଟେଷ୍ଟ | ବର୍ମିଂହାମ |
| ଜୁଲାଇ ୧୦ରୁ ୧୪ | ତୃତୀୟ ଟେଷ୍ଟ | ଲଣ୍ଡନ |
| ଜୁଲାଇ ୨୩ରୁ ୨୭ | ଚତୁର୍ଥ ଟେଷ୍ଟ | ମାଞ୍ଚେଷ୍ଟର |
| ଜୁଲାଇ ୩୧ରୁ ଅଗଷ୍ଟ ୪ | ପଞ୍ଚମ ଟେଷ୍ଟ | ଲଣ୍ଡନ |

ବି.ଦ୍ର: ସମସ୍ତ ମ୍ୟାଚ୍ ଅପରାହ୍ଣ ୩ଟା ୩୦ରେ ଆରମ୍ଭ ହେବ।

**ପ୍ରଥମ ଟେଷ୍ଟ ଲାଗି ଇଂଲଣ୍ଡ ଦଳ**

ବେନ୍ ଷ୍ଟୋକ୍ସ (ଅଧିନାୟକ), ଶୋଏବ ବସିର, ଜାକବ ବେଥେଲ, ହ୍ୟାରୀ ବ୍ରୁକ, ବ୍ରାଏଡନ କାର୍ସ, ସାମ୍ କୁକ୍, ଜ୍ୟାକ୍ କ୍ରଲୀ, ବେନ୍ ଡକେଟ୍, ଜେମି ଓଭରଟନ, ଓଲି ପୋପ୍, ଜୋ ରୁଟ୍, ଜେମି ସ୍ମିଥ୍, ଜୋଶ୍ ଟଙ୍ଗ୍ ଓ କ୍ରିସ୍ ୱକ୍ସ।

**ଭାରତୀୟ ଦଳ**

ଶୁବମନ ଗିଲ୍ (ଅଧିନାୟକ), ଋଷଭ ପନ୍ତ (ଉପଅଧିନାୟକ ଓ ୱିକେଟ୍‌ରକ୍ଷକ), ଯଶସ୍ୱୀ ଜୟସ୍ୱାଲ, ଲୋକେଶ ରାହୁଲ, ସାଇ ସୁଦର୍ଶନ, ଅଭିମନ୍ୟୁ ଈଶ୍ୱରନ, କରୁନ ନାୟାର, ନୀତୀଶ ରେଡ୍ଡୀ, ରବୀନ୍ଦ୍ର ଜାଡେଜା, ଧ୍ରୁବ ଜୁରେଲ (ୱିକେଟ୍‌ରକ୍ଷକ), ୱାଶିଂଟନ ସୁନ୍ଦର, ଶାର୍ଦ୍ଦୁଳ ଠାକୁର, ଯଶପ୍ରୀତ୍ ବୁମ୍‌ରା, ମହମ୍ମଦ ସିରାଜ, ପ୍ରସିଦ୍ଧ କ୍ରିଷ୍ଣା, ଆକାଶଦୀପ୍, ଅର୍ଶଦୀପ୍ ସିଂହ ଓ କୁଲଦୀପ୍ ଯାଦବ।

■ ଅରବିନ୍ଦ ସ୍ମାରକୀ କ୍ରିକେଟ

## ସେମିଫାଇନାଲରେ ସହିଦ୍ ସ୍ପୋର୍ଟିଂ

**ଭୁବନେଶ୍ୱର, ୫।୬ (ସମିସ):** ଭୁବନେଶ୍ୱରର ସହିଦ୍ ସ୍ପୋର୍ଟିଂ ବର୍ଷା ବାଧାପ୍ରାପ୍ତ ସେମିଫାଇନାଲ ମ୍ୟାଚ୍‌ରେ ଆୟୋଜକ ପାରାମାଉଣ୍ଟ ସ୍ପୋର୍ଟିଂକୁ ୭ ୱିକେଟରେ ପରାସ୍ତ କରି ଏଠାରେ ଚାଲିଥିବା ଅରବିନ୍ଦ ସ୍ମାରକୀ କ୍ରିକେଟ ଟୁର୍ଣ୍ଣାମେଣ୍ଟର ଚତୁର୍ଥ ସେମିରେ ପ୍ରବେଶ କରିଛି। ଶନିବାର ଖେଳାଯିବାକୁ ଥିବା ଦ୍ୱିତୀୟ ସେମିରେ ସହିଦ୍ ସ୍ପୋର୍ଟିଂ ସହ ମୁକ୍ତେଶ୍ୱର କ୍ରିକେଟ କ୍ଲବ୍‌ର ମୁକାବିଲା ହେବ। ସେହିପରି ଆସନ୍ତାକାଲି ବା ଶୁକ୍ରବାର ଖେଳାଯିବାକୁ ଥିବା ପ୍ରଥମ ସେମିଫାଇନାଲରେ କଟକର ଦୁଇ ଦଳ ରାଇଜିଂ ଷ୍ଟୁଡେଣ୍ଟସ ଓ ୟୁନିଅନ ସ୍ପୋର୍ଟିଂ ମଧ୍ୟରେ ଖେଳାଯିବ। ପାରାମାଉଣ୍ଟ ଗ୍ରାଉଣ୍ଡରେ ଗୁରୁବାର ଖେଳାଯାଇଥିବା ଚତୁର୍ଥ ତଥା ଶେଷ କ୍ୱାର୍ଟର ଫାଇନାଲରେ ଆୟୋଜକ ପାରମାଉଣ୍ଟ ସ୍ପୋର୍ଟିଂ ପ୍ରଥମେ ବ୍ୟାଟିଂ କରି ନିର୍ଦ୍ଧାରିତ ୩୦ ଓଭରରେ ୫ ୱିକେଟ ହରାଇ ୧୯୮ ରନ୍ କରିଥିଲା। ଦଳ ପକ୍ଷରୁ ରୋହିତ ସାଗର ୫୩* ଓ ସୌମ୍ୟରଞ୍ଜନ ବିଶ୍ୱାଳ ୪୭ ରନ୍ କରିଥିଲେ। ପାରାମାଉଣ୍ଟ ଇନିଂସ ପରେ ବର୍ଷା ଯୋଗୁ ଖେଳ ବାଧାପାଇବାରୁ ସହିଦ୍ ସ୍ପୋର୍ଟିଂ ଆଗରେ ୨୩ ଓଭରରେ ୧୬୧ ରନ୍‌ର ବିଜୟ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହି ଲକ୍ଷ୍ୟକୁ ପିଛା କରି ସହିଦ୍ ସ୍ପୋର୍ଟିଂ ୧୯.୩ ଓଭରରେ ମାତ୍ର ୩ ୱିକେଟ ହରାଇ ବିଜୟୀ ହୋଇଥିଲା। ଦଳ ପକ୍ଷରୁ ଶୁଭମ ଶତ୍ରୁଜିତ୍ ୨୬ ବଲ୍‌ରୁ ୪ ଚୌକା ଓ ୫ ଛକା ସହ ଅପରାଜିତ ୫୬ ରନ୍ କରିବା ସହ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।



## ଓଏଫ୍‌ସି ଛାଡ଼ିଲେ ରୟ କ୍ରିଷ୍ଣା

**ଭୁବନେଶ୍ୱର, ୫।୬ (ସମିସ):** ଫିଜିର ଅନ୍ତର୍ଜାତୀୟ ତାରକା ରୟ କ୍ରିଷ୍ଣା ଆଇଏସ୍‌ଏଲ୍ ଦଳ ଓଡ଼ିଶା ଫୁଟ୍‌ବଲ କ୍ଲବ (ଓଏଫ୍‌ସି) ସହ ସମ୍ପର୍କ ତୁଟାଇଛନ୍ତି। ଓଡ଼ିଶା ଏଫ୍‌ସି ଛାଡୁଥିବା ନେଇ କ୍ରିଷ୍ଣା ସୂଚନା ଦେଇଛନ୍ତି। ‘ଓଡ଼ିଶା ଏଫ୍‌ସିର ମାଲିକ, ମ୍ୟାନେଜମେଣ୍ଟ, କୋଚିଂ ଷ୍ଟାଫ୍, ସାଥୀ ଖେଳାଳି ଓ ପ୍ରଶଂସକଙ୍କୁ ବହୁତ ବହୁତ ଧନ୍ୟବାଦ। ଦଳ ସହ ମୋ ଅଧ୍ୟାୟ ଶେଷ ହୋଇଛି, କିନ୍ତୁ ସ୍ମୃତି ସର୍ବଦା ସାଥୀରେ ରହିବ’ ବୋଲି କ୍ରିଷ୍ଣା ତାଙ୍କ ବିଦାୟୀ ବାର୍ତ୍ତାରେ ଉଲ୍ଲେଖ କରିଛନ୍ତି। ରୟ କ୍ରିଷ୍ଣା ୨୦୨୩-୨୪ ଆଇଏସ୍‌ଏଲ୍ ସିଜନରେ ଓଡ଼ିଶା ଏଫ୍‌ସିରେ ଯୋଗଦେଇଥିଲେ। ସେହି ସିଜନରେ ଦଳ ସେମିଫାଇନାଲ ଖେଳିଥିଲା। ତେବେ ୨୦୨୪-୨୫ ସିଜନରେ ଆଘାତ ଲାଗି ସେ ମାତ୍ର ୯ ମ୍ୟାଚ୍ ଖେଳିପାରିଥିଲେ। ମୋଟ୍ ଉପରେ ସେ ଓଏଫ୍‌ସି ପାଇଁ ୩୪ ମ୍ୟାଚ୍ ଖେଳି ୧୬ ଗୋଲ୍ ଦେଇଛନ୍ତି। ଉଲ୍ଲେଖଯୋଗ୍ୟ, ନିକଟରେ ଓଏଫ୍‌ସି ଅନ୍ୟତମ ପ୍ରମୁଖ ଷ୍ଟ୍ରାଇକର୍ ବ୍ରାଜିଲର ଡିଏଗୋ ମୌରିସିଓ ଦଳ ଛାଡ଼ିଥିଲେ।

## ଆଇପିଏଲ୍-୧୮’ରୁ ମାଲେମାଲ୍
# କୋହଲି ଆୟ କରିଛନ୍ତି ୨୭.୪୦ କୋଟି

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):** ଦୀର୍ଘ ୧୮ ବର୍ଷର ପ୍ରତୀକ୍ଷାର ଅନ୍ତ ଘଟାଇ ରୟାଲ୍ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି) ପ୍ରଥମଥର ଆଇପିଏଲ୍ ଟ୍ରଫି ଜିତିବାର ସ୍ୱପ୍ନ ସାକାର କରିଛି। ବେଙ୍ଗାଲୁରୁକୁ ଐତିହାସିକ ଆଇପିଏଲ୍ ଟ୍ରଫି ଜିତାଇବାରେ ଦଳର ଅଭିଜ୍ଞ ଖେଳାଳି ବିରାଟ କୋହଲିଙ୍କ ଅବଦାନ ବେଶ୍ ଗୁରୁତ୍ୱପୂର୍ଣ୍ଣ ରହିଥିଲା। ଏହି ସଂସ୍କରଣରେ କୋହଲି ୧୫ ମ୍ୟାଚ୍ ଖେଳି ୫୪.୭୫ ହାରରେ ୬୫୭ ରନ କରିଥିଲେ। ବ୍ୟାଟିଂ ଭଳି କୋହଲି ଆଇପିଏଲ୍‌ର ଏହି ୧୮ତମ ସଂସ୍କରଣରୁ ବେଶ୍ ଭଲ ଆୟ ମଧ୍ୟ କରିଛନ୍ତି। ରିପୋର୍ଟ ମୁତାବକ କୋହଲି ଆଇପିଏଲ୍‌ର ଏହି ଦୁଇ ମାସରେ ମୋଟ୍ ୨୭.୪୦ କୋଟି ଟଙ୍କା ରୋଜଗାର କରିଥିଲେ। ସେଥି ମଧ୍ୟରୁ ଫ୍ରାଞ୍ଚାଇଜ ତାଙ୍କୁ ୨୧ କୋଟି ଟଙ୍କାରେ ରିଟେନ ରଖିଥିଲା।

ସେହିଭଳି ଏଥର ବିସିସିଆଇ ପ୍ରତି ଆଇପିଏଲ୍ ମ୍ୟାଚ୍ ଲାଗି ମଧ୍ୟ ୭.୫ ଲକ୍ଷ ଟଙ୍କା ପାଉଣା ବ୍ୟବସ୍ଥା ରଖିଥିଲା। ଫଳରେ କୋହଲି ୧୩ଟି ଲିଗ୍, ଗୋଟିଏ କ୍ୱାଲିଫାୟର ଓ ଫାଇନାଲକୁ ମିଶାଇ ମୋଟ୍ ୧୫ ମ୍ୟାଚ୍ ଖେଳିଥିଲେ। ଏଥିରେ ତାଙ୍କୁ ମୋଟ୍ ୧ କୋଟି ୧୨ ଲକ୍ଷ ୫୦ ହଜାର ଟଙ୍କା ମିଳିଥିଲା। ରିପୋର୍ଟ ଅନୁଯାୟୀ, ମୋଟ୍ ପ୍ରାଇଜ୍ ମନିରୁ ୩୦ ପ୍ରତିଶତ ଅର୍ଥରାଶି ଦଳର ଖେଳାଳିଙ୍କ ମଧ୍ୟରେ ବଣ୍ଟାଯାଇଥାଏ। ବେଙ୍ଗାଲୁରୁ ୨୦ କୋଟି ଟଙ୍କା ଚାମ୍ପିଅନ ଆକାରରେ ପାଇଥିଲା। ଏଥିରୁ କୋହଲି ୨୭ ଲକ୍ଷ ଟଙ୍କା ପାଇବେ। ସେହିଭଳି ୨ ମାସର ଆଇପିଏଲ୍ ମଧ୍ୟରେ କୋହଲି ବିଭିନ୍ନ ବିଜ୍ଞାପନରୁ ୫ କୋଟି ଟଙ୍କା ରୋଜଗାର କରିଥିବା ଜଣାପଡ଼ିଛି।

### ‘ସମ୍ପୂର୍ଣ୍ଣ ମର୍ମାହତ’

**ବେଙ୍ଗାଲୁରୁ, ୫।୬ (ଏଜେନ୍ସି):** ରୟାଲ୍ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି)ର ଚେହେରା ତଥା ଦଳକୁ ଆଇପିଏଲ୍ ଟ୍ରଫି ଜିତାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ବିରାଟ କୋହଲି ଷ୍ଟାଡିୟମ ବାହାରେ ଦଳାଚକଟା ଘଟଣାକୁ ନେଇ ଦୁଃଖ ପ୍ରକାଶ କରିଛନ୍ତି। ସାମାଜିକ ଗଣମାଧ୍ୟମରେ ପ୍ରତିକ୍ରିୟା ରଖି କୋହଲି କହିଛନ୍ତି, ‘ମୋ ପାଖରେ କହିବା ଲାଗି କୌଣସି ଶବ୍ଦ ନାହିଁ। ଏହି ଘଟଣାରେ ସମ୍ପୂର୍ଣ୍ଣ ଭାବେ ମର୍ମାହତ।’ ସେହିଭଳି ଆର୍‌ସିବି ଟିମ୍ ମ୍ୟାନେଜମେଣ୍ଟ ପକ୍ଷରୁ ମଧ୍ୟ ଶୋକବାର୍ତ୍ତା ଜାରି କରାଯାଇଛି। ‘ଦୁର୍ଘଟଣାରେ ପ୍ରାଣ ହରାଇଥିବା ବ୍ୟକ୍ତି ଓ ଆହତଙ୍କ ପରିବାର ଲୋକଙ୍କ ପ୍ରତି ଗଭୀର ସମବେଦନା ଜଣାଉଛୁ। ଏହି ଘଟଣାରେ ଆମେ ଦୁଃଖିତ। ସମସ୍ତ ଲୋକଙ୍କ ସୁରକ୍ଷା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ପରିସ୍ଥିତି ବିଷୟରେ ଅବଗତ ହେବାପରେ ଆମେ ତୁରନ୍ତ ଉତ୍ସବ ସମୟର ଅବଧିକୁ ହ୍ରାସ କରିଥିଲୁ।

## ସମ୍ଭାଳିପାରିବନି ଯଦି ରୋଡ୍ ଶୋ କରନି: ଗମ୍ଭୀର

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):** ବେଙ୍ଗାଲୁରୁର ଆଇପିଏଲ୍ ଟ୍ରଫି ବିଜୟ ଉତ୍ସବରେ ଦଳାଚକଟାରେ ୧୧ଜଣ ପ୍ରଶଂସକଙ୍କ ବିୟୋଗ ଘଟଣାରେ ଭାରତୀୟ କ୍ରିକେଟ୍ ଦଳର ମୁଖ୍ୟ ପ୍ରଶିକ୍ଷକ ଗୌତମ ଗମ୍ଭୀର ଦୁଃଖପ୍ରକାଶ ସହ ଚିନ୍ତାବ୍ୟକ୍ତ କରିଛନ୍ତି। ଗମ୍ଭୀର କହିଛନ୍ତି, ‘ମୁଁ କେବେବି ବିଶ୍ୱାସ କରେ ନାହିଁ ଯେ ଆମକୁ ରୋଡ୍ ଶୋ’ର ଆବଶ୍ୟକତା ରହିଛି। ଏପରିକି ମୁଁ ଖେଳିବା ସମୟରେ ଟି-୨୦ ବିଶ୍ୱକପ୍ ଜିତିବା ପରେ ମଧ୍ୟ ସମାନ ମତ ରଖିଥିଲି। ବନ୍ଦ କୋଠରୀ ମଧ୍ୟରେ ଆମେ ଉତ୍ସବ ମନାଇପାରିଥାନ୍ତେ। ବିଜୟ ଓ ଉତ୍ସବ ପାଳିବା ଗୁରୁତ୍ୱପୂର୍ଣ୍ଣ। କିନ୍ତୁ ଏହାଠୁ ଅଧିକ ଗୁରୁତ୍ୱପୂର୍ଣ୍ଣ ହେଉଛି ଲୋକଙ୍କ ଜୀବନ। ଯଦି ରୋଡ୍ ଶୋ ପରିସ୍ଥିତିକୁ ଆମେ ସମ୍ଭାଳି ପାରିବୁନି ତେବେ ଆୟୋଜନ ମଧ୍ୟ କରିବାର ନ ଥିଲା। ଭବିଷ୍ୟତରେ ଆମେ ଏନେଇ ଅଧିକ ସଚେତନା ହେବା ଆବଶ୍ୟକ।’

### ମହିଳା ଏସିଆ କପ୍ ହକି
## ଥାଇଲାଣ୍ଡ ବିପକ୍ଷରୁ ଭାରତର ଅଭିଯାନ

**ନୂଆଦିଲ୍ଲୀ, ୫।୬ (ଏଜେନ୍ସି):** ମହିଳା ଏସିଆ କପ୍ ହକିର ଏକାଦଶ ସଂସ୍କରଣ ସେପ୍ଟେମ୍ବର ୫ରୁ ୧୪ ତାରିଖ ପର୍ଯ୍ୟନ୍ତ ଚାଇନାର ହାଙ୍ଗଝୋଉ ସହରରେ ଅନୁଷ୍ଠିତ ହେବ। ଏହି ମେଗା ଇଭେଣ୍ଟ ଲାଗି କାର୍ଯ୍ୟସୂଚୀ ପ୍ରକାଶ ପାଇଛି। ଭାରତୀୟ ଦଳ ଡିଫେଣ୍ଡିଂ ଚାମ୍ପିଅନ ଜାପାନ, ଥାଇଲାଣ୍ଡ ଓ ସିଙ୍ଗାପୁର ସହ ପୁଲ୍-ବି’ରେ ସ୍ଥାନ ପାଇଛି। ଉଦ୍‌ଘାଟନୀ ଦିବସରେ ଥାଇଲାଣ୍ଡ ବିପକ୍ଷରେ ଖେଳି ସାଲିମା ଟେଟେଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ଟୁର୍ଣ୍ଣାମେଣ୍ଟରେ ଅଭିଯାନ ଆରମ୍ଭ କରିବ। ଏହାପରେ ଭାରତ ସେପ୍ଟେମ୍ବର ୬ରେ ଜାପାନ ଓ ଶେଷ ପୁଲ୍ ମ୍ୟାଚରେ ସିଙ୍ଗାପୁର ସହ ସେପ୍ଟେମ୍ବର ୮ରେ ଖେଳିବ। ସେହିଭଳି ପୁଲ୍-ଏ’ରେ ଆୟୋଜକ ଚାଇନା ସମେତ କୋରିଆ, ମାଲେସିଆ ଓ ଚାଇନିଜ ତାଇପେଇ ରହିଛି। ପୁଲ୍ ପର୍ଯ୍ୟାୟ ପରେ ପ୍ରତି ପୁଲର ଦୁଇ ଶ୍ରେଷ୍ଠ ଦଳ ସୁପର୍-୪କୁ ପ୍ରବେଶ କରିବେ। ଏଥିରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ। ସୁପର୍-୪’ର ଦୁଇ ଶ୍ରେଷ୍ଠ ଦଳ ମଧ୍ୟରେ ଫାଇନାଲ ମ୍ୟାଚ୍ ଖେଳାଯିବ। ଗତ ସଂସ୍କରଣରେ ଭାରତ ଏହି ଟୁର୍ଣ୍ଣାମେଣ୍ଟରେ ୩ୟ ସ୍ଥାନରେ ରହି କାଂସ୍ୟ ପଦକ ଜିତିଥିଲା। ଏଥର ଦଳ ପୋଡିୟମର ଶୀର୍ଷ ସ୍ଥାନ ହାସଲ ଲକ୍ଷ୍ୟରେ ରହିଛି। ଭାରତ ଶେଷଥର ଲାଗି ୨୦୧୭ରେ ଏସିଆ କପ୍ ଜିତିଥିଲା। ଏସିଆ କପ୍ ବିଜୟୀ ଦଳ ୨୦୨୬ ଏଫ୍‌ଆଇଏଚ୍ ହକି ବିଶ୍ୱକପ୍‌କୁ ସିଧାସଳଖ ଯୋଗ୍ୟତା ଅର୍ଜନ କରିବ।

### ଜାତୀୟ ଶିଶୁ ଚେସ୍ ପ୍ରତିଯୋଗିତା ଉଦ୍‌ଯାପିତ
# ବାଳିକାରେ ଶ୍ରେୟାଂଶୀ, ବାଳକରେ ଇଭାନ ଚାମ୍ପିଅନ



**ଖୋର୍ଦ୍ଧା, ୫।୬ (ସମିସ):**

ରାଜସ୍ଥାନର ଶ୍ରେୟାଂଶୀ ଜୈନ ଓ ଗୋଆର ଇଭାନ ଆଣ୍ଟୋନିଓ ଟେଲାସ ୨୦୨୫ ଜାତୀୟ ଶିଶୁ ଚେସ୍ ଚାମ୍ପିଅନ ହୋଇଛନ୍ତି। ଅଲଓଡ଼ିଶା ଚେସ ଆସୋସିଏସନ ଆନୁକୂଲ୍ୟରେ ସ୍ଥାନୀୟ କେଟି ଗ୍ଲୋବାଲ ସ୍କୁଲ ପରିସରରେ ଚାଲିଥିବା ୯ ରାଉଣ୍ଡ ବିଶିଷ୍ଟ ଏହି ଟୁର୍ଣ୍ଣାମେଣ୍ଟ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ୯ ଦିନ ଧରି ଚାଲିଥିବା ଏହି ପ୍ରତିଯୋଗିତାର ବାଳିକା ବିଭାଗରେ ଶ୍ରେୟାଂଶୀ ୯ ରାଉଣ୍ଡରୁ ୯ ପଏଣ୍ଟ ସଂଗ୍ରହ କରି ଏକାକୀ ପ୍ରଥମ ସ୍ଥାନରେ ରହି ଟାଇଟଲ କବ୍‌ଜା କରିଥିଲେ। ବାଳକ ବିଭାଗରେ ଇଭାନ ୯ ରାଉଣ୍ଡରୁ ସର୍ବାଧିକ ୮.୫ ପଏଣ୍ଟ ପାଇ ଟାଇଟଲ କବ୍‌ଜା କରିଥିଲେ। ଉଭୟ ଖେଳାଳିଙ୍କୁ ଟ୍ରଫି ସହ ୫୦,୦୦୦ ଟଙ୍କାର ପୁରସ୍କାର ମୁଖ୍ୟ ଅତିଥି ତଥା ଖୋର୍ଦ୍ଧା ଏସ୍‌ପି ସାଗରିକା ନାଥ ପ୍ରଦାନ କରିଥିଲେ। ଉଦ୍‌ଯାପନୀ ଉତ୍ସବରେ ଆୟୋଜକ ଅଲଓଡ଼ିଶା ଚେସ୍ ସଂଘ ସମ୍ପାଦକ ଦେବବ୍ରତ ଭଟ୍ଟ ସ୍ୱାଗତ ଭାଷଣ ଦେଇଥିଲା ବେଳେ ସଭାପତି ସତ୍ୟରଞ୍ଜନ ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

ଏହି ପ୍ରତିଯୋଗିତାରେ ରେକର୍ଡ ୩୨୮ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲାବେଳେ ଉଭୟ ବିଭାଗରେ ୨.୫ ଲକ୍ଷ ଲେଖାଏଁ ୫ ଲକ୍ଷ ଟଙ୍କା ପୁରସ୍କାର ପ୍ରଦାନ କରାଯାଇଥିଲା। ବାଳିକା ବିଭାଗରେ ତାମିଲନାଡୁର ଅନିକା ରନର୍ସ ଅପ୍ ହୋଇ ଟ୍ରଫି ସହ ୩୬,୦୦୦ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଟପ୍ ସିଡ ପଶ୍ଚିମବଙ୍ଗର ସାଇଆସ୍ଥା ସିଂ ଟ୍ରଫି ସହ ୩୦,୦୦୦ ଟଙ୍କା ପୁରସ୍କାର ପ୍ରଥମ ସ୍ଥାନ ଅଧିକାର କରିଥିଲେ। ବାଳକ ବିଭାଗରେ ପୁଡୁଚେରୀର ପି ଦେବେଶ ମିଲାନ ରନର୍ସ ଅପ୍ ହୋଇ ଟ୍ରଫି ସହ ୩୬,୦୦୦ ଓ ମହାରାଷ୍ଟ୍ରର ଏସିଏମ୍ ଅଂଶ ଦଧିଚି ତୃତୀୟ ସ୍ଥାନ ଅଧିକାର କରି ଟ୍ରଫି ସହ ୩୦,୦୦୦ ଟଙ୍କା ପୁରସ୍କାର ପାଇଥିଲେ।

### ଓଡ଼ିଆଙ୍କ ମଧ୍ୟରେ ଅନନ୍ୟା ଶ୍ରେଷ୍ଠ

ଏହି ପ୍ରତିଯୋଗିତା ଓଡ଼ିଶାରେ ଆୟୋଜିତ ହୋଇଥିଲାବେଳେ ଏଥିରେ ରେକର୍ଡ ସଂଖ୍ୟକ ୩୪ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। କିନ୍ତୁ ସେମାନଙ୍କ ମଧ୍ୟରେ ବାଳିକା ବିଭାଗରେ ଅନନ୍ୟା ଅନ୍ୱେଷା ମିଶ୍ର ୧୦ମ ସ୍ଥାନ ଅଧିକାର କରି ଶ୍ରେଷ୍ଠ ସଫଳତା ହାସଲ କରିଛନ୍ତି। ତାଙ୍କୁ ପୁରସ୍କାର ବାବଦରେ ୬,୦୦୦ ଟଙ୍କା ମିଳିଛି। ଅନ୍ୟ ବାଳିକା ପ୍ରତିଯୋଗୀଙ୍କ ମଧ୍ୟରେ ଦେବାଂଶୀ ସାହୁ ୬୮ତମ, ଆରାଧ୍ୟା ମହାରଣା ୮୪ତମ, ଅର୍ଣ୍ଣବୀ ପଣ୍ଡା ୮୫ତମ ଓ ପ୍ରତ୍ୟାକ୍ଷା ସମ୍ଭାବୀ ୮୬ତମ ସ୍ଥାନ ଅଧିକାର କରିଥିଲେ। ବାଳକ ବିଭାଗରେ ରାଜ୍ୟ ଚାମ୍ପିଅନ ରିୟାଂଶ ଅଗରୱାଲ ୫ ପଏଣ୍ଟ ପାଇ ୬୬ତମ, କ୍ରିଶିତ ପଣ୍ଡା ୫ ପଏଣ୍ଟ ପାଇ ୯୬ତମ ସ୍ଥାନ ଅଧିକାର କରିଛନ୍ତି।

## ଭୁବନେଶ୍ୱରରେ ହେବ ସର୍ବଭାରତୀୟ ସୈନିକ ସ୍କୁଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ

**ଭୁବନେଶ୍ୱର, ୫।୬ (ସମିସ):** ସର୍ବଭାରତୀୟ ସୈନିକ ସ୍କୁଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ ଶନିବାର (ଜୁନ ୭)ଠାରୁ ଭୁବନେଶ୍ୱରରେ ଆରମ୍ଭ ହେବ। ଜୁନ ୧୫ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ସମ୍ମାନଜନକ ପ୍ରତିଯୋଗିତା ସ୍ଥାନୀୟ ସୈନିକ ସ୍କୁଲ ଗ୍ରାଉଣ୍ଡରେ ଅନୁଷ୍ଠିତ ହେବ। ଏଥିରେ ଦେଶରେ ଥିବା ୩୩ ସୈନିକ ସ୍କୁଲ ଦଳ ଅଂଶଗ୍ରହଣ କରିବେ। ତିନୋଟି ବିଭାଗ ସବ୍‌ଜୁନିଅର ବାଳକ (୧୫ ବର୍ଷରୁ କମ୍), ଜୁନିଅର ବାଳକ (୧୭ ବର୍ଷରୁ କମ୍) ଓ ଜୁନିଅର ବାଳିକା (୧୭ ବର୍ଷରୁ କମ୍) ମ୍ୟାଚ୍ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟର ବିଜେତା ଦଳ ସୁବ୍ରତ କପ୍ ଇଣ୍ଟରନ୍ୟାସନାଲ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟରେ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବ।

■ ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ

## ମୌସମରାଜ ଓ ରୋନିତଙ୍କୁ ୬ ୱିକେଟ

**କଟକ, ୫।୬ (ସମିସ):** ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ୩ୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ କଟକରେ ଜାରି ରହିଛି। ଡ୍ରିମସ ଗ୍ରାଉଣ୍ଡରେ ଗୁରୁବାର ଅନୁଷ୍ଠିତ ଏକ ଲୋସ୍କୋରିଂ ରୋମାଞ୍ଚକ ମୁକାବିଲାରେ ବଲାଙ୍ଗୀର ୧୨ ରନରେ ମୟୂରଭଞ୍ଜକୁ ପରାସ୍ତ କରିଥିଲା। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ବଲାଙ୍ଗୀର ମାତ୍ର ୩୮ ରନରେ ଅଲଆଉଟ ହୋଇଥିଲା। ସକ୍ଷମ ଅଗ୍ରୱାଲ ସର୍ବାଧିକ ୧୨ ରନ କରିଥିଲେ। ମୟୂରଭଞ୍ଜର ଚନ୍ଦନ ସିଂହ ୫ଟି ୱିକେଟ ଦଖଲ କରିଥିଲେ। ତେବେ ମାତ୍ର ୩୯ ରନର ବିଜୟ ଲକ୍ଷ୍ୟକୁ ପିଛା କରି ମୟୂରଭଞ୍ଜ ୨୬ ରନରେ ସୀମିତ ରହିଥିଲା। ଜିତ ଦେ ୭ଟି ବଲରୁ ୧୯ ରନର ଦ୍ରୁତ ପାଳି ଖେଳିଥିଲେ ମଧ୍ୟ ଦଳକୁ ଜିତାଇ ପାରିନଥିଲେ। ୧୨ ରନ ବିନିମୟରେ ୬ଟି ୱିକେଟ ଅକ୍ତିଆର କରି ବଲାଙ୍ଗୀର ବିଜୟରେ ମୁଖ୍ୟ ଭୂମିକା ତୁଲାଇଥିବା ମୌସମରାଜ ନାଗଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ କରାଯାଇଥିଲା। ରେଭେନ୍ସା ଗ୍ରାଉଣ୍ଡ-୨ରେ ଦେବଗଡ଼ ୭୫ ରନରେ ଜଗତସିଂହପୁରକୁ ହରାଇଥିଲା। ଆକ୍ୟୁବ ଅହମ୍ମଦଙ୍କ ୫୦ ରନ ସହାୟତାରେ ପ୍ରଥମେ ବ୍ୟାଟିଂ କରିଥିବା ଦେବଗଡ଼ ସମସ୍ତ ୱିକେଟ ହରାଇ ୧୭୩ ରନ ସଂଗ୍ରହ କରିଥିଲା। ଜଗତସିଂହପୁରର ପ୍ରତୀକ ପୁହାଣ ୪ଟି ଏବଂ ସ୍ମୃତି ବାରିକ ୩ଟି ୱିକେଟ ହାସଲ କରିଥିଲେ। ଜବାବରେ ଜଗତସିଂହପୁର ମାତ୍ର ୯୮ ରନରେ ଅଲଆଉଟ ହୋଇଥିଲା। ବିଜୟୀ ଦେବଗଡ଼ର ରୋନିତ ପ୍ରଧାନ ୨୪ ରନ ବ୍ୟୟରେ ୬ଟି ୱିକେଟ ହାସଲ କରି ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS